RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-10 ◆FRIDAY ◆4 JULY 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୦ ◆ଶୁକ୍ରବାର ◆୪ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦




## ଗିଲ୍‌ଙ୍କ କୀର୍ତ୍ତିମାନ ୨୬୯


■ **ବର୍ମିଂହାମ, ୩।୭ (ଏଜେନ୍ସି):** ଭାରତୀୟ ଦଳର ଅଧିନାୟକ ଶୁବମନ ଗିଲ୍ ଚଳିତ ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟେଷ୍ଟରେ ୨୬୯ ରନର ମାରାଥନ ଦ୍ୱିଶତକୀୟ ପାଳି ଖେଳିଛନ୍ତି। ଗିଲ୍‌ଙ୍କ ଏହି ଦମ୍‌ଦାର ବ୍ୟାଟିଂ ବଳରେ ଭାରତ ପ୍ରଥମ ପାଳିରେ ୫୮୭ ରନର ବିଶାଳ ସ୍କୋର ଠିଆ କରାଇଛି। ଏହି ଦ୍ୱିଶତକୀୟ ପାଳି ଅବସରରେ ଗିଲ୍ ଏକାଧିକ କୀର୍ତ୍ତିମାନ ସ୍ଥାପନ କରିଛନ୍ତି। ଟେଷ୍ଟରେ ଦ୍ୱିଶତକ ଅର୍ଜନ କରିବାରେ ସେ ହେଉଛନ୍ତି ଭାରତର ୬ଷ୍ଠ ଅଧିନାୟକ। ତାଙ୍କ ପୂର୍ବରୁ ଏମ୍‌ଏକେ ପଟୌଦୀ, ସୁନିଲ ଗାଭାସ୍କର, ସଚିନ ତେନ୍ଦୁଲକର, ମହେନ୍ଦ୍ର ସିଂ ଧୋନି ଓ ବିରାଟ କୋହଲି ଏହି ସଫଳତା ପାଇଥିଲେ। ସେମାନଙ୍କ ମଧ୍ୟରୁ ବିରାଟ ଅଧିନାୟକ ଭାବେ ସର୍ବାଧିକ ୭ଟି ଦ୍ୱିଶତକ ହାସଲ କରିଛନ୍ତି। ସେହିଭଳି ପଟୌଦୀ (୨୩ ବର୍ଷ ୩୯ ଦିନ)ଙ୍କ ପରେ ଦ୍ୱିତୀୟ କନିଷ୍ଠ ଭାରତୀୟ ଅଧିନାୟକ ଭାବେ ଗିଲ୍ (୨୫ ବର୍ଷ ୨୯୮ ଦିନ) ଦ୍ୱିଶତକ ହାସଲ କରିଛନ୍ତି। ଭାରତୀୟ ଅଧିନାୟକ ଭାବେ ମଧ୍ୟ ଏହା ଟେଷ୍ଟରେ ସର୍ବୋଚ୍ଚ ବ୍ୟକ୍ତିଗତ ସ୍କୋର। ୨୦୧୯ରେ କୋହଲି ଅଧିନାୟକ ଥିବାବେଳେ ଦକ୍ଷିଣ ଆଫ୍ରିକା ବିପକ୍ଷରେ ଅପରାଜିତ ୨୫୪ ରନର ପାଳି ଖେଳିଥିଲେ। ସେହିଭଳି ବିଦେଶ ମାଟିରେ ଟେଷ୍ଟରେ ଭାରତୀୟ ବ୍ୟାଟର୍ ଭାବେ ଟେଷ୍ଟରେ ଏହା ସର୍ବୋଚ୍ଚ ସ୍କୋର। ଏହିକ୍ରମରେ ଗିଲ୍ ୪୬ ବର୍ଷ ତଳର ଗାଭାସ୍କର (୨୨୧ ବନାମ ଇଂଲଣ୍ଡ, ୧୯୭୯, ଦି ଓଭାଲ)ଙ୍କ ରେକର୍ଡକୁ ମଧ୍ୟ ଅତିକ୍ରମ କରିଛନ୍ତି।

## ରାଜ୍ୟ ପାଇଁ ସମ୍ମାନ ଆଣିଲା '୫-ଟି' ରୂପାନ୍ତରଣ

# ପିଜିଆଇ ର୍‍ୟାଙ୍କିଙ୍ଗ ଦେଶରେ ଓଡ଼ିଶା ପଞ୍ଚମ

■ **ଭୁବନେଶ୍ୱର, ୩।୭ (ସମିସ):** ରାଜ୍ୟଗୁଡ଼ିକର ପରଫରମାନ୍ସ ଗ୍ରେଡ଼ିଂ ଇଣ୍ଡେକ୍ସ (ପିଜିଆଇ) ରାଙ୍କିଂରେ ଓଡ଼ିଶା ହାସଲ କରିଛି ଅନନ୍ୟ ସଫଳତା। ୨୦୧୪ରେ ଓଡ଼ିଶା ୧୪ତମ ସ୍ଥାନରେ ଥିବାବେଳେ ତତ୍‌କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସଂସ୍କାର ଧର୍ମୀ କାର୍ଯ୍ୟକ୍ରମ ଓ ଶିକ୍ଷାନୁଷ୍ଠାନର '୫-ଟି' ରୂପାନ୍ତରଣ ଓଡ଼ିଶାକୁ ସାରା ଦେଶରେ ୫ମ ସ୍ଥାନରେ ପହଞ୍ଚାଇଛି। ଶିକ୍ଷା ଭିତ୍ତିଭୂମି ସହ ଶୈକ୍ଷିକ ମାନରେ କ୍ରମାଗତ ଉତ୍ତମ ପ୍ରଦର୍ଶନ ଓଡ଼ିଶାକୁ ସଦ୍ୟ ପ୍ରକାଶିତ ପରଫର୍‌ମାନସ୍ ଗ୍ରେଡ଼ିଂ ଇଣ୍ଡେକ୍ସ (ପିଜିଆଇ)-୨.୦ ର୍‍ୟାଙ୍କିଙ୍ଗରେ ସାରା ଦେଶରେ ପଞ୍ଚମ ସ୍ଥାନରେ ପହଞ୍ଚାଇଛି। ମୋଟ୍ ୫୯୫.୬ ସ୍କୋର ସହ ୨୦୨୩-୨୪ ଶିକ୍ଷାବର୍ଷ ପାଇଁ ଓଡ଼ିଶା ପ୍ରଚେଷ୍ଟା-୩ ଗ୍ରେଡ୍ ହାସଲ କରିବାରେ ସକ୍ଷମ ହୋଇଛି। କେନ୍ଦ୍ର ସରକାରଙ୍କ ଏହି ରିପୋର୍ଟ ପ୍ରକାଶିତ ହେବା ପରେ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକ ଖୁସି ବ୍ୟକ୍ତ କରିବା ସହ ସରକାରୀ ସ୍କୁଲ ଶିକ୍ଷାର ଦୃଢ଼ ଭିତ୍ତିଭୂମି ଛାତ୍ରଛାତ୍ରୀଙ୍କୁ ଉତ୍କର୍ଷ ହାସଲ କରିବାରେ ସାହାଯ୍ୟ କରୁଥିବା କହିଛନ୍ତି।

'୫-ଟି' ଉପକ୍ରମରେ ସରକାରୀ ବିଦ୍ୟାଳୟର ଭିତ୍ତିଭୂମି ସୁଦୃଢ଼ ହୋଇଛି। ଛାତ୍ରଛାତ୍ରୀଙ୍କୁ ଗୁଣାତ୍ମକ ଶିକ୍ଷା ପ୍ରଦାନ ନିମନ୍ତେ ତତ୍‌କାଳୀନ ରାଜ୍ୟ ସରକାରଙ୍କ ପଦକ୍ଷେପ ସ୍ୱରୂପ ସ୍ମାର୍ଟ କ୍ଲାସରୁମ୍, କମ୍ପ୍ୟୁଟର, ଅତ୍ୟାଧୁନିକ ଲାବୋରୋଟାରୀର ବ୍ୟବସ୍ଥା କରାଯାଇଛି। ବୈଷୟିକ ଜ୍ଞାନକୌଶଳ ପ୍ରୟୋଗ କରି ଛାତ୍ରଛାତ୍ରୀ ଶିକ୍ଷାଲାଭ କରୁଛନ୍ତି। ଏସବୁର ସଫଳ ଉପଯୋଗ ବିଦ୍ୟାଳୟଗୁଡ଼ିକରେ ଆଣିଛି




ବିଶାଳ ରୂପାନ୍ତର। ଏହା ବ୍ୟତୀତ ଶିକ୍ଷା ସହ ଶାରୀରିକ ବିକାଶକୁ ଗୁରୁତ୍ୱ ଦିଆଯାଇ ବିଦ୍ୟାଳୟରେ ଖେଳପଡ଼ିଆର ଉନ୍ନତୀକରଣ କରିବା ସହ କ୍ରୀଡ଼ା ସାମଗ୍ରୀ ଯୋଗାଇ ଦିଆଯାଇଛି। ଫଳରେ କେନ୍ଦ୍ର ଶିକ୍ଷା ମନ୍ତ୍ରାଳୟ ପକ୍ଷରୁ ପ୍ରକାଶିତ ଏକାଧିକ ରିପୋର୍ଟରେ ଓଡ଼ିଶା ଉତ୍ତମ ପ୍ରଦର୍ଶନ କରି ଆସିଛି। ସଦ୍ୟ ▶ପୃଷ୍ଠା-୭

## ପଶ୍ଚିମ ଆଫ୍ରିକାରେ ତିନି ଭାରତୀୟଙ୍କୁ ଅପହରଣ

### ଅଲକାଏଦାର ସମ୍ପୃକ୍ତି ସନ୍ଦେହ

■ **ନୂଆଦିଲ୍ଲୀ, ୩।୭ (ଏଜେନ୍ସି):** ପଶ୍ଚିମ ଆଫ୍ରିକୀୟ ଦେଶ ମାଲିରେ ତିନି ଜଣ ଭାରତୀୟ ନାଗରିକଙ୍କୁ ଗତ ମଙ୍ଗଳବାର ଅପହରଣ କରାଯାଇଛି। ଏହି ଅପହରଣ ପଛରେ ଦୁର୍ଦ୍ଦାନ୍ତ ଆତଙ୍କବାଦୀ ସଂଗଠନ ଅଲ କାଏଦାର ହାତ ଥିବା ସନ୍ଦେହ କରାଯାଉଛି। ଏହାକୁ ନେଇ ଭାରତ ସରକାର ଉଦ୍‌ବେଗ ପ୍ରକାଶ କରିବା ସହିତ ଭାରତୀୟଙ୍କ ତୁରନ୍ତ ଓ ନିରାପଦ ମୁକ୍ତି ପାଇଁ ପଦକ୍ଷେପ ନେବାଲାଗି ମାଲି ସରକାରଙ୍କୁ ଅନୁରୋଧ କରିଛନ୍ତି।

ଭାରତର ବୈଦେଶିକ ବିଭାଗ ପକ୍ଷରୁ କୁହାଯାଇଛି ଯେ ଏହି ତିନି ଜଣ ଭାରତୀୟ କାଏସରେ ଥିବା ଡାଏମଣ୍ଡ ସିମେଣ୍ଟ କାରଖାନାରେ କାମ କରୁଥିଲେ। ଗତ ମଙ୍ଗଳବାର ଦିନ କେତେକ ସଶସ୍ତ୍ର ଆତଙ୍କବାଦୀ ଏହି କାରଖାନା ଉପରେ ଅଚାନକ ଆକ୍ରମଣ କରିଥିଲେ। ଆକ୍ରମଣ ପରେ ସେମାନେ ଭାରତର ତିନି ଜଣ ନାଗରିକଙ୍କୁ ଅପହରଣ କରି ନେଇ ପଳାଇଥିଲେ। ଏହି ଆକ୍ରମଣ କିମ୍ବା ଅପହରଣ ନେଇ କୌଣସି ସଂଗଠନ ନିଜକୁ ଦାୟୀ କରି ନାହାନ୍ତି। କିନ୍ତୁ ଏହି ଦେଶରେ ଅଲ କାଏଦା ଭଳି ଅନେକ ଆତଙ୍କବାଦୀ ସଂଗଠନ ସକ୍ରିୟ ରହିଥିବାରୁ ସେମାନେ ହିଁ ଏଭଳି କାଣ୍ଡ ଘଟାଇଥିବା ସନ୍ଦେହ କରାଯାଉଛି। ମିଳିଥିବା ସୂଚନା ଅନୁଯାୟୀ ଗତ ମଙ୍ଗଳବାର ଦିନ ମାଲିର ବିଭିନ୍ନ ଅଞ୍ଚଳରେ ଏଭଳି ଆକ୍ରମଣ ହୋଇଥିଲା। ଏହି ଆକ୍ରମଣ ପଛରେ ଅଲ କାଏଦାର ସହଯୋଗୀ ସଂଗଠନ ଜମାତ ନୁସରତୁଲ ଇସଲାମର ହାତ ଥିବା କୁହାଯାଉଛି।

## ଆତ୍ମସମର୍ପଣ ପରେ ଜଗନ୍ନାଥ ପ୍ରଧାନ ଗିରଫ

# ଓଏଏସ୍ ଆନ୍ଦୋଳନ ପ୍ରତ୍ୟାହୃତ

### ସ୍ୱାସ୍ଥ୍ୟ ପରୀକ୍ଷା ପରେ ଝାରପଡ଼ା ଜେଲ୍ ଗଲେ ଜଗନ୍ନାଥ

### ପ୍ରାଥମିକ ତଦନ୍ତରୁ ଜଗନ୍ନାଥଙ୍କ ସଂପୃକ୍ତିର ପ୍ରମାଣ : ଡିସିପି

■ **ଭୁବନେଶ୍ୱର, ୩।୭ (ସମିସ):** ଗୁରୁବାର ବିଳମ୍ବିତ ସନ୍ଧ୍ୟାରେ ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି ବିଏମ୍‌ସି ଅତିରିକ୍ତ କମିଶନରଙ୍କ ମାଡ଼ ଘଟଣାର ନେପଥ୍ୟ ନାୟକ କୁହାଯାଉଥିବା ବିଜେପି ନେତା ଜଗନ୍ନାଥ ପ୍ରଧାନ। ଭୁବନେଶ୍ୱର ଡିସିପିଙ୍କ କାର୍ଯ୍ୟାଳୟରେ ଆତ୍ମସମର୍ପଣ ପରେ ତାଙ୍କୁ ପୁଲିସ ଗିରଫ କରିଛି। କ୍ୟାପିଟାଲ ହସପିଟାଲରେ ତାଙ୍କର ସ୍ୱାସ୍ଥ୍ୟ ପରୀକ୍ଷା କରାଯିବା ପରେ କୋର୍ଟ ଚାଲାଣ କରାଯାଇଥିଲା। ଜାମିନ ନାମଞ୍ଜୁର ହେବାରୁ ତାଙ୍କୁ ୧୪ ଦିନ ପାଇଁ ବିଚାର ବିଭାଗୀୟ ହେପାଜତକୁ ପଠାଇ ଦିଆଯାଇଛି। ଜଗନ୍ନାଥଙ୍କ ବିରୋଧରେ ଭାରତୀୟ ନ୍ୟାୟ ସଂହିତାର ୩୩୩, ୧୩୨, ୧୨୧(କ), ୧୨୧(ଖ), ୩୫୧ (ଖ), ୬୨, ୩୦୪, ୫୪, ୬୧ (ଖ), ୧୮୯(ଖ), ୧୮୯ (ଖ) ଆଦି ଦଫା ଲାଗିଛି।

ଶ୍ରୀ ପ୍ରଧାନଙ୍କ ଗିରଫଦାରି ପରେ ଗତ ୩ ଦିନ ହେଲା ସମୂହ ଛୁଟିରେ ଥିବା ଓଏଏସ୍ ସଂଘ ଆନ୍ଦୋଳନରୁ ଓହରିଛି। ଆସନ୍ତାକାଲିଠାରୁ ସମସ୍ତ ଓଏଏସ୍ ଅଧିକାରୀ କାର୍ଯ୍ୟରେ ଯୋଗ ଦେବେ ବୋଲି ସଂଘର ପକ୍ଷରୁ ସୂଚନା ଦିଆଯାଇଛି। ▶ପୃଷ୍ଠା-୭



## ପୁରୀ ବିଶ୍ୱପ୍ରସିଦ୍ଧ ରଥଯାତ୍ରାରେ ଗୌତମ ଆଦାନୀ ଭକ୍ତଙ୍କ ପାଇଁ ନିଜକୁ କଲେ ଉତ୍ସର୍ଗୀକୃତ

# ବିଶ୍ୱପ୍ରସିଦ୍ଧ ରଥଯାତ୍ରାରେ ଭକ୍ତଙ୍କ ପାଇଁ ଗୌତମ ଆଦାନୀଙ୍କର ଉତ୍ସର୍ଗୀକୃତ ସେବା

ଆଷାଢ଼ ମାସ ଶୁକ୍ଳପକ୍ଷ ଦ୍ୱିତୀୟ ତିଥିରେ ପବିତ୍ର ପୁରୀଧାମରେ ବିଶ୍ୱପ୍ରସିଦ୍ଧ ରଥଯାତ୍ରାରେ ଜଣେ ସାଧାରଣ ସେବକ ଭାବରେ ଯୋଗ ଦେଇ ଭକ୍ତମାନଙ୍କ ସେବା କରିଛନ୍ତି ଆଦାନୀ ଗ୍ରୁପ୍ ଅଧ୍ୟକ୍ଷ ଶ୍ରୀ ଗୌତମ ଆଦାନୀ। ପରିବା କାଟୁଥିବା, ରୁଟି ପାଇଁ ଅଟା ଦଳୁଥିବା, ଖେଚୁଡ଼ି ରାନ୍ଧୁଥିବା ଅନ୍ୟ ସେବା କର୍ମୀମାନଙ୍କ ସହ 'ଜୟ ଜଗନ୍ନାଥ' ଧ୍ୱନୀ ମଧ୍ୟରେ ଅତି ସାଧାରଣ ପୋଷାକରେ ଶ୍ରୀ ଆଦାନୀ ନିଜେ ଖାଦ୍ୟ ପ୍ରସ୍ତୁତ କରିବାର ସମ୍ପୂର୍ଣ୍ଣ ନିଆରା ଦୃଶ୍ୟ ଅନେକଙ୍କୁ ବିମୋହିତ କରିଛି। ଯାହା ଅନେକଙ୍କ ପାଇଁ ଅବିଶ୍ୱାସ୍ୟ ମନେ ହୋଇଛି।

**ସମ୍ମାନ ନୁହେଁ, ସେବା; ଉପଦେଶ ନୁହେଁ, ଭାବନା**

ଆଦାନୀ ଗ୍ରୁପ୍ ଅଧ୍ୟକ୍ଷ ଶ୍ରୀ ଗୌତମ ଆଦାନୀ ପ୍ରସ୍ତୁତ କରିଥିବା ଓ ଭକ୍ତମାନଙ୍କୁ ପରଷୁଥିବା ଖାଦ୍ୟରେ ଥିଲା ଭକ୍ତି, ଆଦର ଓ ସମର୍ପଣ। ଶ୍ରୀ ଆଦାନୀଙ୍କ ସହ ତାଙ୍କ ପତ୍ନୀ ତଥା ଆଦାନୀ ଫାଉଣ୍ଡେସନ ଅଧ୍ୟକ୍ଷା ଡା.ପ୍ରୀତି ଆଦାନୀ, ଆଦାନୀ ପୋର୍ଟସ ଓ ଏସ୍‌ଇଜେଡ଼ର ନିର୍ଦ୍ଦେଶକ ଶ୍ରୀ କରଣ ଆଦାନୀ ପ୍ରମୁଖ ଜୁନ୍ ୨୮ ତାରିଖରେ ରଥଯାତ୍ରାର ଦ୍ୱିତୀୟ ଦିନରେ ପୁରୀ ଆଗମନ କରିଥିଲେ।

ରଥଯାତ୍ରା ଦେଖିବାକୁ ଆସି ମନ୍ଦିର ପ୍ରାଙ୍ଗଣରେ ବସିଥିବା କ୍ଳାନ୍ତ ତୀର୍ଥଯାତ୍ରୀ ଓ ଭକ୍ତମାନେ ଆଦାନୀଙ୍କ ଦ୍ୱାରା ଦିଆଯାଉଥିବା ପ୍ରସାଦକୁ ଗଭୀର ଭକ୍ତି ଭାବନା ସହ ହସିହସି ଗ୍ରହଣ କରିଥିଲେ। ଶ୍ରୀ ଆଦାନୀଙ୍କ ଆଚରଣ କର୍ପୋରେଟ ଜଗତ ସହ ଜଡ଼ିତ ବ୍ୟକ୍ତିଙ୍କ ନ ଥିଲା, ବରଂ ଏହା ଥିଲା ଅତ୍ୟନ୍ତ ସାଧାରଣ। କୌତୂହଳବଶତଃ ସେମାନେ ଶ୍ରୀ ଆଦାନୀ କେଉଁଠୁ ଆସିଛନ୍ତି ବୋଲି ପଚାରିଥିଲେ। ସ୍ମିତ ହସି ଶ୍ରୀ ଆଦାନୀ କହିଥିଲେ - ଆପଣଙ୍କ ପାଇଁ କିଛି ଅଧିକ କରୁନାହିଁ, ଜଣେ ସେବକ ଭାବରେ ମୋର କର୍ତ୍ତବ୍ୟ କରୁଛି।

**ଏହି ସେବା କେବଳ ଏକ ଦାନମୂଳକ କାର୍ଯ୍ୟ ନୁହେଁ; ଏହା ଏକ ବିଶାଳ ପରମ୍ପରାର ଅଂଶ ଥିଲା**

"ସେବା ହିଁ ହେଉଛି ସାଧନା ଓ ସେବା ହେଉଛି ପୂଜା' ବୋଲି ସର୍ବଦା କହୁଥିବା ଆଦାନୀ ଗ୍ରୁପ୍ ଅଧ୍ୟକ୍ଷ ଶ୍ରୀ ଗୌତମ ଆଦାନୀ ସର୍ବଦା ଏହି ସିଦ୍ଧାନ୍ତରେ ବିଶ୍ୱାସ କରନ୍ତି ଓ ତାହାକୁ କାର୍ଯ୍ୟରେ ଦେଖାଇଥାଆନ୍ତି। ପୁରୀରେ ମଧ୍ୟ ସେ ସେହି କାର୍ଯ୍ୟରେ ନିଜକୁ ନିୟୋଜିତ କରିଥିଲେ। ଭକ୍ତ ଓ ତୀର୍ଥଯାତ୍ରୀଙ୍କ ପାଇଁ ଖଲି ପତ୍ର ଓ ବାସନ ରଖିବା ସହ ପାଣିବୋତଲ ପ୍ରଦାନ କରିବା, ଖଲି ପତ୍ର ପରିଷ୍କାର କରିବା ଓ ଧୋଇବା କାର୍ଯ୍ୟ କରିଥିଲେ। ଏହା ସହ ଏହି କାର୍ଯ୍ୟରେ ନିୟୋଜିତ ଅନ୍ୟ ସେବକମାନଙ୍କୁ ମଧ୍ୟ ସେ ସହାୟତା କରିବା ସହ ତାଙ୍କର ମନୋବଳ ବଢ଼ାଇଥିଲେ।

**ସେବା ଏକ ସାମୟିକ ବା ଋତୁ ଅନୁକୂଳ କାର୍ଯ୍ୟ ନୁହେଁ, ଏହା ଏକ ଆଧାତ୍ମିକ ପ୍ରକ୍ରିୟା ବୋଲି ବାର୍ତ୍ତା ଦେଇଛନ୍ତି।**

ସେଠାରେ କାର୍ଯ୍ୟ କରୁଥିବା ବ୍ୟକ୍ତିମାନଙ୍କ ପାଇଁ ଏହା ଥିଲା ଅବିଶ୍ୱାସ୍ୟ। ରଥଯାତ୍ରାରେ ଭକ୍ତମାନଙ୍କ ସେବାରେ ପୂର୍ବରୁ କିଛି ଅଭିଜ୍ଞତା ରଖିଥିବା ବ୍ୟକ୍ତିଙ୍କ ବ୍ୟତୀତ ଅନ୍ୟ ସମସ୍ତେ ଥିଲେ ନବନିଯୁକ୍ତ। ଯେଉଁମାନଙ୍କୁ ଆଦାନୀ ଫାଉଣ୍ଡେସନ ଓ ଆଦାନୀ ଗ୍ରୁପର ସିଏସ୍‌ଆର୍ ଶାଖା ପକ୍ଷରୁ ପ୍ରଶିକ୍ଷିତ କରାଯାଇଥିଲା। ଏହି ନବନିଯୁକ୍ତ କାର୍ଯ୍ୟକର୍ତ୍ତାମାନେ ଆଦାନୀ ଗ୍ରୁପ୍ ଅଧ୍ୟକ୍ଷଙ୍କୁ ସେମାନଙ୍କ ସହ ଏକା ସହିତ ଅଟା ଚକଟିବା, ଖାଦ୍ୟ ପ୍ରସ୍ତୁତ କରିବା, ଡ଼ାଲି ବାଣ୍ଟିବା ଓ ଅନ୍ୟ କାର୍ଯ୍ୟରେ ସହଯୋଗ କରିବା ଦେଖି ସେମାନେ ବିଶ୍ୱାସ କରି ପାରୁ ନ ଥିଲେ। ଏହା ତାଙ୍କ ହୃଦୟକୁ ଛୁଇଁଯାଇଥିଲା।

ପୁରୀରେ ଆଦାନୀ ଗ୍ରୁପ୍ ଅଧ୍ୟକ୍ଷ ଶ୍ରୀ ଗୌତମ ଆଦାନୀଙ୍କ କାର୍ଯ୍ୟ ଥିଲା ଏକ ନେତୃତ୍ୱ। ଯେଉଁଥିରେ କ୍ଷମତା ପ୍ରଦର୍ଶନ ନ ଥିଲା, ଅଧିକାର ଦେଖାଇବା ନ ଥିଲା; ଏଥିରେ ଥିଲା ଦୟା, କରୁଣା, ସହାୟତା ଓ ସହଯୋଗର ଭାବ। ଏହା ଥିଲା ସେଇ ସେବା, ଯେଉଁଥିରେ ଦାନ ନୁହେଁ; ଥିଲା ପ୍ରବହମାନ ଏକ ବିଶାଳ ପରମ୍ପରାର ଅଂଶ ବିଶେଷ ମାତ୍ର। ଏହି ବର୍ଷ ଆରମ୍ଭରେ ପ୍ରୟାଗରାଜର ମହାକୁମ୍ଭ ମେଳାରେ ମଧ୍ୟ ଶ୍ରୀ ଗୌତମ ଆଦାନୀ ଓ ତାଙ୍କ ଗ୍ରୁପ୍, ଲକ୍ଷ ଲକ୍ଷ ଶ୍ରଦ୍ଧାଳୁଙ୍କ ପାଇଁ ପ୍ରସାଦ ବ୍ୟବସ୍ଥା କରିଥିଲେ। ପୁରୀରେ ଏହି ଆୟୋଜନ ଯଦିଓ ସ୍ୱଳ୍ପ ଥିଲା, ମାତ୍ର ଏଥିରେ ରହିଥିଲା ଏକ ସାଂସ୍କୃତିକ ଅବିରତତା ଓ ନିରବ ମର୍ଯ୍ୟାଦା।

ରଥଯାତ୍ରା ଆରମ୍ଭ ପୂର୍ବରୁ ଆଦାନୀ ଫାଉଣ୍ଡେସନ ଟିମ୍ ଖାଦ୍ୟ ପ୍ରସ୍ତୁତି ପାଇଁ ସମ୍ପୂର୍ଣ୍ଣ ଯୋଜନା କରିଥିଲେ। କେତେ ଖାଦ୍ୟ ଲାଗିବ, କେମିତି ସେବକମାନେ ପାଳିରେ କାମ କରିବେ, ପାଣି ଓ ପରିଚ୍ଛନ୍ନତା ଯୋଜନା କେମିତି ହେବ, ଏସବୁକୁ ଏକ ସଂସ୍କୃତିକ ଅନୁଭୂତି ସହ ବ୍ୟବସ୍ଥାପନା ଦକ୍ଷତାରେ ଗଠନ କରାଯାଇଥିଲା। ସମ୍ପ୍ରତି ପୁରୀ ରଥଯାତ୍ରାରେ ସାଧୁସନ୍ଥ, ଭକ୍ତ ଓ ଶ୍ରଦ୍ଧାଳୁଙ୍କ ମଧ୍ୟରେ ଶ୍ରୀ ଆଦାନୀ ନିଜେ ଏକ ଜୀବନ ସଂସ୍କୃତିର ଅଂଶ ଭାବରେ କାର୍ଯ୍ୟ କରିଛନ୍ତି। ସେବା ଏକ ସାମୟିକ ବା ଋତୁ ଅନୁକୂଳ କାର୍ଯ୍ୟ ନୁହେଁ, ଏହା ଏକ ଆଧାତ୍ମିକ ପ୍ରକ୍ରିୟା ବୋଲି ବାର୍ତ୍ତା ଦେଇଛନ୍ତି।












ଦିନକ ପରେ ଚତୁର୍ଦ୍ଧାମୂର୍ତ୍ତିଙ୍କ ବାହୁଡ଼ା ବିଜେ: ରଥ-ପଥ ପ୍ରସ୍ତୁତ, ଭକ୍ତଙ୍କ ଗହଳିରେ ଉଚ୍ଛୁଳୁଛି ବଡ଼ଦାଣ୍ଡ (ଫଟୋ-ଅନିଲ)

### ନାକଚଣା ଦ୍ୱାରରେ ଲାଗିଲା ନନ୍ଦିଘୋଷ

# ଆଜି ନବମୀ ସନ୍ଧ୍ୟା ଦର୍ଶନ

**ପୁରୀ,୩।୭(ସମିସ):** ଗୁଣ୍ଡିଚା ମନ୍ଦିର ଆଡ଼ପମଣ୍ଡପରେ ସରିସରି ଆସୁଛି ମହାପ୍ରଭୁଙ୍କ ଲୀଳାଖେଳା। ଆଉ ଦିନକ ପରେ ଜନ୍ମବେଦୀରୁ ରତ୍ନବେଦୀକୁ ବାହୁଡ଼ିଯିବେ ଚତୁର୍ଦ୍ଧାମୂର୍ତ୍ତି। ରବିବାର ନବମୀ ସନ୍ଧ୍ୟା ଦର୍ଶନ। ସକାଳେ ଦର୍ଶନ ଆରମ୍ଭ ହେବା ପରଠାରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ଚତୁର୍ଦ୍ଧାବିଗ୍ରହଙ୍କୁ ଦର୍ଶନ କରିପାରିବେ ଶ୍ରଦ୍ଧାଳୁ। ୬ଟା ପରେ ସର୍ବସାଧାରଣ

**ଆଡ଼ପମଣ୍ଡପରେ ଦର୍ଶନ ପାଇଁ ଭକ୍ତଙ୍କ ପ୍ରବଳ ଭିଡ଼**

ଦର୍ଶନ ବନ୍ଦ ରହିବ। ତେବେ ଭକ୍ତମାନେ କିପରି ଶୃଙ୍ଖଳିତ ଭାବେ ଦର୍ଶନ କରିବେ ସେଥିଲାଗି ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଛି।

ଆରମ୍ଭ ହୋଇଯାଇଛି ବାହୁଡ଼ା ପ୍ରସ୍ତୁତି। ବୁଧବାର ତାଳଧ୍ୱଜ ଏବଂ ଦେବଦଳନ ରଥ ରଥ ଦକ୍ଷିଣ ମୋଡ଼ ହୋଇ ନାକଚଣା ଦ୍ୱାରରେ ଲାଗିଥିଲା। ମାତ୍ର ନୀତି ବିଳମ୍ବ ଯୋଗୁଁ ନନ୍ଦିଘୋଷ ରଥ ଦକ୍ଷିଣ ମୋଡ଼ ହୋଇନଥିଲା। ଗୁରୁବାର ସକାଳେ ନନ୍ଦିଘୋଷ ରଥ ନାକଚଣା ଦ୍ୱାରରେ ଲାଗିଛି।

ଅପରପକ୍ଷେ ଶନିବାର ନବମୀ ସନ୍ଧ୍ୟା ଦର୍ଶନ। ପୂର୍ବ ନିର୍ଦ୍ଧାରିତ ସୂଚୀ ଅନୁଯାୟୀ, ସକାଳ ୭ଟାରୁ ଦର୍ଶନ ଆରମ୍ଭ ହେବ। ପ୍ରାୟ ଲକ୍ଷାଧିକ ଭକ୍ତ ସନ୍ଧ୍ୟା ଦର୍ଶନ କରିବେ ବୋଲି ପ୍ରଶାସନ ପକ୍ଷରୁ ଆକଳନ କରାଯାଇଛି। ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ହିଁ ସନ୍ଧ୍ୟା ଦର୍ଶନ ଚାଲିବ। ଏହାପରେ ଦର୍ଶନ ବନ୍ଦ ହୋଇ ବାହୁଡ଼ା ଯାତ୍ରା ପାଇଁ ସ୍ୱତନ୍ତ୍ର ନୀତିକାନ୍ତି କରାଯିବ। ସନ୍ଧ୍ୟା ଦର୍ଶନରେ ଭକ୍ତଙ୍କ ଭିଡ଼କୁ ନଜରରେ ରଖି ଗୁଣ୍ଡିଚା ମନ୍ଦିର ସିଂହଦ୍ୱାର ସମ୍ମୁଖରେ ହୋଇଥିବା ବ୍ୟାରିକେଡ୍ ସମ୍ପ୍ରସାରଣ କରାଯିବ। ସନ୍ଧ୍ୟା ଦର୍ଶନ ବ୍ୟବସ୍ଥା କିପରି ଶୃଙ୍ଖଳିତ ଏବଂ ସୁରକ୍ଷିତ ଭାବେ ସମ୍ପନ୍ନ ହେବ, ସେନେଇ ଜିଲ୍ଲାପାଳ ଚଞ୍ଚଳ ରାଣା ଓ ଏସ୍‌ପି ପିନାକ୍ ମିଶ୍ର ସ୍ଥିତି ଅନୁଧ୍ୟାନ କରିଛନ୍ତି। ସେହିପରି ମହାପ୍ରଭୁଙ୍କ ନୀତିକାନ୍ତିକୁ ଶୃଙ୍ଖଳିତ କରାଯିବ। ସନ୍ଧ୍ୟା ଦର୍ଶନ ପରେ ରାତିରେ ସେନାପଟା ଲାଗି, ବାହୁଟ କଣ୍ଟ, କୁସୁମୀ ଲାଗି ପରି ସ୍ୱତନ୍ତ୍ର ନୀତି ହେବ ବୋଲି ସୂଚନା ଦିଆଯାଇଛି।

ଅନ୍ୟପକ୍ଷରେ ଆଡ଼ପମଣ୍ଡପ ଦର୍ଶନ ସରିଆସୁଥିବା ବେଳେ ଗୁରୁବାର ପ୍ରବଳ ଭିଡ଼ ହୋଇଥିଲା। ସକାଳୁ ଏହି ଭିଡ଼ ଲାଗି ରହିଥିଲା। ଏମିତିକି ଗୁଣ୍ଡିଚା ମନ୍ଦିର ସମ୍ମୁଖରୁ ମେଡିକାଲ ଛକ ପର୍ଯ୍ୟନ୍ତ ଧାଡ଼ି ଲମ୍ବିଥିଲା। ଅନ୍ୟପକ୍ଷରେ ପ୍ରବଳ ଗହଳି ଯୋଗୁଁ ଗୁଣ୍ଡିଚା ମନ୍ଦିରରେ ଭକ୍ତ ଅଣନିଃଶ୍ୱାସୀ ହୋଇପଡୁଥିଲେ। ସେମାନଙ୍କୁ ଆଶୁ ଚିକିତ୍ସା କେନ୍ଦ୍ରରେ ଭର୍ତ୍ତି କରାଯାଉଥିଲା।

### ନବମୀ ସନ୍ଧ୍ୟା ଦର୍ଶନ

# ଭାବ ଅନୁସାରେ ଫଳ ପ୍ରଦାନର ଦିନ

**ପୁରୀ, ୩।୭ (ସମିସ):** ଆଷାଢ଼ ଶୁକ୍ଳ ଦ୍ୱିତୀୟାଠାରୁ ଆରମ୍ଭ ହୋଇଥିବା ଶ୍ରୀଗୁଣ୍ଡିଚା ଯାତ୍ରାର ଅଷ୍ଟମ ଦିବସ ତଥା ନବମୀ ତିଥିରେ ଆଡ଼ପମଣ୍ଡପରେ ମହାପ୍ରଭୁଙ୍କର ସନ୍ଧ୍ୟା ଦର୍ଶନ ଅନୁଷ୍ଠିତ ହୋଇଥାଏ। ଯିବା ଏବଂ ଆସିବା ଦୁଇଦିନକୁ ଛାଡ଼ି ଏକସପ୍ତାହ ପର୍ଯ୍ୟନ୍ତ ଚତୁର୍ଦ୍ଧାବିଗ୍ରହ ଆଡ଼ପମଣ୍ଡପରେ ଅବସ୍ଥାନ କରିଥା'ନ୍ତି। ଚଳିତବର୍ଷ କିନ୍ତୁ ୬ ଦିନ ଆଡ଼ପ ମଣ୍ଡପରେ ରହିଛନ୍ତି ଠାକୁର। ମହାପ୍ରଭୁ ଆଡ଼ପ ମଣ୍ଡପରେ ଅବସ୍ଥାନ କରୁଥିବା ସମୟରେ ଯେଉଁ ଭକ୍ତମାନେ ତାଙ୍କୁ ଗୋଟିଏ ଦିନ ଦର୍ଶନ କରନ୍ତି, ସେମାନେ ନୀଳାଦ୍ରିରେ ୧୦ବର୍ଷ ଦର୍ଶନ କରିବାର ପୁଣ୍ୟଫଳ ଲାଭ କରନ୍ତି ଓ ଦିନରେ ଦର୍ଶନ କରିବା ଅପେକ୍ଷା ରାତିରେ ଦର୍ଶନ କଲେ ଦଶଗୁଣ ଫଳପ୍ରାପ୍ତି ହୁଅନ୍ତି ବୋଲି ଶାସ୍ତ୍ରରେ ଉଲ୍ଲେଖ ରହିଛି।

ସନ୍ଧ୍ୟା ଦର୍ଶନର ବିଶେଷ ମହତ୍ତ୍ୱ ରହିଛି। ଏସମ୍ପର୍କରେ ଗବେଷକ ଡ. ନରେଶ ଚନ୍ଦ୍ର ଦାଶ କୁହନ୍ତି, ପ୍ରତ୍ୟେକ ମନୁଷ୍ୟ ପକ୍ଷରେ ସନ୍ଧ୍ୟା କାଳ ହେଉଛି ଭଗବାନଙ୍କୁ ଉପାସନା କରିବାର ପ୍ରକୃଷ୍ଟ ସମୟ। ବୈଦିକ ପରମ୍ପରା ଅନୁଯାୟୀ, ଆର୍ଯ୍ୟ ଋଷିଗଣ ପ୍ରତ୍ୟହ ତ୍ରିକାଳ ସନ୍ଧ୍ୟାରେ ଈଶ୍ୱରଙ୍କୁ ଆରାଧନା କରିଥାନ୍ତି। ଆଡ଼ପମଣ୍ଡପରେ ଏକ ସପ୍ତାହ ଧରି ଠାକୁରମାନେ ଅବସ୍ଥାନ କରୁଥିବା ସମୟରେ ପ୍ରତିଦିନ ସନ୍ଧ୍ୟା ଆସୁଥିଲେ ମଧ୍ୟ ନବମୀ ସନ୍ଧ୍ୟାର ବିଶେଷ ଗୁରୁତ୍ୱ ରହିଛି। ଏହି ସନ୍ଧ୍ୟା ହେଉଛି ଦାରୁବିଗ୍ରହମାନଙ୍କର ଆଡ଼ପମଣ୍ଡପ ଅବସ୍ଥାନର ଅନ୍ତିମ ସନ୍ଧ୍ୟା। ଏହି ଅନ୍ତିମ ସନ୍ଧ୍ୟାରେ ଜନ୍ମମାଟିରେ ସମାଗତ ପ୍ରିୟ ଭକ୍ତଗଣଙ୍କୁ ଶେଷ ଦର୍ଶନ ଦେଇ ସେମାନଙ୍କୁ ଭାବ ଅନୁସାରେ ଫଳ ପ୍ରଦାନ କରିଥାନ୍ତି ମହାପ୍ରଭୁ।

ସ୍କନ୍ଦ ପୁରାଣରେ କୁହାଯାଇଛି, ଶ୍ରୀଜଗନ୍ନାଥ ମହାପ୍ରଭୁ ଆଡ଼ପ ମଣ୍ଡପରେ ଯେଉଁ ସାତଦିନ ଅବସ୍ଥାନ କରନ୍ତି, ସେହି ସମୟରେ ପୂର୍ବ ଦିବସର କାର୍ଯ୍ୟଠାରୁ ପରଦିବସର କାର୍ଯ୍ୟ ଉତ୍ତରୋତ୍ତର ଶ୍ରେୟସ୍କର। ତଦନୁଯାୟୀ, ଆଡ଼ପମଣ୍ଡପରେ ମହାପ୍ରଭୁଙ୍କ ଅବସ୍ଥାନର ପ୍ରଥମ ଦିବସଠାରୁ କ୍ରମରେ ଅନ୍ତିମ ଦିବସ ପର୍ଯ୍ୟନ୍ତ ଉପାସନା ଉତ୍ତରୋତ୍ତର ଶ୍ରେୟସ୍କର। ଏଣୁ ଅନ୍ତିମ ଦିବସରେ ଅନୁଷ୍ଠିତ ନବମୀ ସନ୍ଧ୍ୟା ଦର୍ଶନ ବାସ୍ତବିକ ବିଶେଷ ମହତ୍ତ୍ୱ ବହନ କରିଥାଏ। ଏହି ଦିନ ବହୁସଂଖ୍ୟାରେ ଭକ୍ତ ସନ୍ଧ୍ୟା କାଳରେ ଶ୍ରୀଗୁଣ୍ଡିଚା ମନ୍ଦିରକୁ ଯାଇ ଭକ୍ତିର ସହିତ ପ୍ରଦୀପ ପ୍ରଜ୍ୱଳନ କରି ଚତୁର୍ଦ୍ଧା ବିଗ୍ରହଙ୍କୁ ଦର୍ଶନ ସାରି ବ୍ରାହ୍ମଣମାନଙ୍କୁ ଶ୍ରୀମହାପ୍ରସାଦରେ ଆପ୍ୟାୟିତ କରିଥାନ୍ତି। ଦାରୁବ୍ରହ୍ମ ଶ୍ରୀଜଗନ୍ନାଥ ମହାପ୍ରଭୁ ଜନ୍ମଭୂମିରେ ପ୍ରିୟ ଭକ୍ତଗଣଙ୍କୁ ଶେଷ ସନ୍ଧ୍ୟାରେ ଦର୍ଶନ ଦେଇ ସମସ୍ତ ମନୋବାଞ୍ଛିତ ଫଳ ପ୍ରଦାନ କରିଥାନ୍ତି ବୋଲି ବିଶ୍ୱାସ ରହିଛି। ତେଣୁ ଆଷାଢ଼ ଶୁକ୍ଳ ନବମୀ ସନ୍ଧ୍ୟା ଦର୍ଶନ ହେଉଛି ପରମ କୃପାମୟ ଭକ୍ତବତ୍ସଳ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କଠାରୁ ଦିବ୍ୟ କୃପା ଲାଭ କରିବାର ଏକ ମହାର୍ଘ ମୂହୁର୍ତ୍ତ।

# ବଜ୍ରପାତରେ ଦୁଇ ଯୁବକ ମୃତ

**ଝାରସୁଗୁଡ଼ା,୩।୭(ସମିସ):** ଝାରସୁଗୁଡ଼ା ଜିଲ୍ଲା, ବଡ଼ମାଳ ଥାନା ଅନ୍ତର୍ଗତ କୁରେବଗା ଗାଁରେ ବଜ୍ରପାତ ଦୁଇଜଣଙ୍କ ଜୀବନ ନେଇଛି। ମୃତକଦ୍ୱୟ ହେଲେ, ବଡ଼ମାଳ ଥାନା ବଞ୍ଜାରୀ ଗାଁର ଅଶୋକ ରୋହିଦାସ(୪୫) ଓ ଚୂଡ଼ାମଣି ରୋହିଦାସ(୨୯)। ସୂଚନାନୁଯାୟୀ, ଗୁରୁବାର ଭୋର୍ ପ୍ରାୟ ସାଢ଼େ ୪ଟାରେ ଦୁହେଁ ଗାଁ ନିକଟ ପାଉଁଶ ପୋଖରୀକୁ ଯାଇଥିଲେ। ଏହି ସମୟରେ



ଘଡ଼ଘଡ଼ି ସହ ବର୍ଷା ହୋଇଥିଲା। ତେଣୁ ସେମାନେ ଘରକୁ ଫେରି ଆସୁଥିଲେ। ତେବେ ବାଟରେ ସେମାନଙ୍କ ଉପରେ ଏକ ବଜ୍ରପାତ ହେବାରୁ ଘଟଣାସ୍ଥଳରେ ଦୁହେଁ ଅଚେତ ହୋଇପଡ଼ିଥିଲେ। ସ୍ଥାନୀୟଲୋକ ସେମାନଙ୍କୁ ଉଦ୍ଧାର କରି ଝାରସୁଗୁଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ବଡ଼ମାଳ ପୁଲିସ୍ ଉଭୟଙ୍କ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଏହି ଖବର ପ୍ରଚାରିତ ହେବା ପରେ ସ୍ଥାନୀୟ ଅଞ୍ଚଳରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଛି। ମୃତକଙ୍କ ପରିବାର ବର୍ଗଙ୍କୁ କ୍ଷତିପୂରଣ ଯୋଗାଇ ଦେବାକୁ ସ୍ଥାନୀୟ ଲୋକେ ଦାବି କରିଛନ୍ତି।

### ହୃଦ୍‌ଘାତ ଏବେ ନୀରବ ମହାମାରୀ

# ଲକ୍ଷେ ଲୋକରେ ୨୮୨ ହୃଦ୍‌ଘାତର ଶିକାର

**ଭୁବନେଶ୍ୱର,୩।୭(ସମିସ):** ଦିନକୁ ଦିନ ଦେଶ ତଥା ରାଜ୍ୟରେ ହୃଦ୍‌ଘାତ ରୋଗୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ଏକ ନୀରବ ମହାମାରୀ ଭାବେ ଲୋକଙ୍କ ମୁଣ୍ଡ ନେଇଚାଲିଛି। ରାଜ୍ୟ ସରକାରଙ୍କ ତଥ୍ୟାନୁସାରେ, ପ୍ରତି ଲକ୍ଷେ ଲୋକରେ ୨୮୨ଜଣଙ୍କର ହୃଦ୍‌ଘାତରେ ମୃତ୍ୟୁ ହେଉଛି। ପୂର୍ବରୁ ଏହା କେବଳ ବୟସ୍କ ଲୋକଙ୍କ ଭିତରେ ସୀମିତ ଥିଲା। ଏବେ ଯୁବବର୍ଗ ତଥା ୧୫ରୁ ୨୦ ବର୍ଷର ପିଲା ମଧ୍ୟ ଏହାର ଶିକାର ହେଉଛନ୍ତି। ଅପମିଶ୍ରିତ ଖାଦ୍ୟ, ମାତ୍ରାଧିକ ନିଶା ଦ୍ରବ୍ୟ ସେବନ ଓ ଚିନ୍ତା ଏହାର ମୁଖ୍ୟ କାରଣ। ଶରୀରରେ କୋଲେଷ୍ଟେରଲ୍ ପରିମାଣ ବଢ଼ିବା ସହ ଲୋକମାନେ ମୋଟାପଣର ଶିକାର ହେଉଛନ୍ତି। ଫଳରେ ଏହା ଉଚ୍ଚ ରକ୍ତଚାପ ଓ ମଧୁମେହକୁ ନିମନ୍ତ୍ରଣ କରିଥାଏ। ଫଳସ୍ୱରୂପ ଲୋକମାନେ ହୃଦ୍‌ଘାତ ଜନିତ ରୋଗର ଶିକାର ହେଉଛନ୍ତି ବୋଲି ବିଶେଷଜ୍ଞଙ୍କ ମତ।



ଅନ୍ୟପକ୍ଷରେ ହୃଦ୍‌ରୋଗୀଙ୍କ ମୃତ୍ୟୁସଂଖ୍ୟା ବଢ଼ିବାର କାରଣ ହେଉଛି ଠିକ୍ ଭାବେ ଚିକିତ୍ସା ନ ମିଳିବା। ଡାକ୍ତରମାନେ କେବଳ କଟକ, ଭୁବନେଶ୍ୱର, ସମ୍ବଲପୁର, ବ୍ରହ୍ମପୁର ଭଳି ସହରାଞ୍ଚଳକୁ ପ୍ରାଧାନ୍ୟ ଦେଉଛନ୍ତି। ଫଳରେ ଗ୍ରାମାଞ୍ଚଳର ଲୋକମାନେ ଠିକ୍ ଭାବେ ସେବା ପାଇପାରୁ ନାହାନ୍ତି। ତେଣୁ ଗତ କିଛି ବର୍ଷ ଭିତରେ ସହରାଞ୍ଚଳ ଅପେକ୍ଷା ଗ୍ରାମାଞ୍ଚଳରେ ହୃଦ୍‌ଘାତ ସଂଖ୍ୟା କ୍ରମାଗତ ଭାବେ ବଢ଼ିବାରେ ଲାଗିଛି। ସରକାର ଏଥିପ୍ରତି ଧ୍ୟାନ ଦେଲେ ଅନେକ ସମସ୍ୟାର ସମାଧାନ ହୋଇପାରନ୍ତା। ଏହାଛଡ଼ା ହୃଦ୍‌ଘାତଜନିତ ରୋଗରୁ ମୁକ୍ତି ପାଇଁ ପ୍ରତିଦିନ ବ୍ୟାୟାମ କିମ୍ବା ଯୋଗ କରିବା ଜରୁରୀ। ସେହିପରି ଖାଦ୍ୟରେ ନିୟନ୍ତ୍ରଣ ସହ ନିଶା ଓ ତମାଖୁଠାରୁ ଦୂରରେ ରହିବା

**■ ଗ୍ରାମାଞ୍ଚଳରେ ଯାଉଛି ଅଧିକ ଜୀବନ**
**■ ବିଶୃଙ୍ଖଳିତ ଜୀବନଶୈଳୀକୁ ଦାୟୀ କଲେ ଡାକ୍ତର**

ଆବଶ୍ୟକ ବୋଲି ବିଶେଷଜ୍ଞମାନେ କହୁଛନ୍ତି। ନିକଟ ଅତୀତରେ ଅନେକ ହାଇ-ପ୍ରୋଫାଇଲ୍ ସ୍ୱଳ୍ପ ବୟସ୍କରେ ହୃଦ୍‌ଘାତର ଶିକାର ହୋଇଛନ୍ତି। ଅଭିନେତା ସିଦ୍ଧାନ୍ତ ସୂର୍ଯ୍ୟବଂଶୀ, ଗାୟକ କେକେ, କମେଡିଆନ୍ ରାଜୁ ଶ୍ରୀବାସ୍ତବ ଏବଂ ରିଆଲିଟି ଟିଭି ତାରକା ସିଦ୍ଧାର୍ଥ ଶୁକ୍ଲା ଯୁବାବସ୍ଥାରେ ହୃଦ୍‌ଘାତରେ ମୃତ୍ୟୁବରଣ କରିଛନ୍ତି।


କାର୍ଡିଓଲୋଜିଷ୍ଟ ଡାକ୍ତର ସୁଶାନ୍ତ କୁମାର ପ୍ରଧାନଙ୍କ କହିବାନୁସାରେ, ହୃଦ୍‌ରୋଗ ଅନେକ ପ୍ରକାରରେ ହୋଇଥାଏ। ଜିନ୍‌ଗତ ହୃଦ୍‌ରୋଗ ଏକ ପ୍ରମୁଖ କାରଣ। ଏଥିସହ ଯେତେବେଳେ ହୃଦୟ ହଠାତ୍ ବନ୍ଦ ହୋଇଯାଏ, ଏହା ହୃଦ୍‌ଘାତ କିମ୍ବା ଆରିଦ୍‌ମିଆ ଯୋଗୁ ହୋଇପାରେ। ଛାତିରେ ଯନ୍ତ୍ରଣା, ଝାଳ, ମୁଣ୍ଡବିନ୍ଧା କିମ୍ବା ମୂର୍ଚ୍ଛା ହୋଇଗଲେ, ତୁରନ୍ତ ଡାକ୍ତରଙ୍କୁ ସମ୍ପର୍କ କରିବାକୁ ସେ ପରାମର୍ଶ ଦେଇଛନ୍ତି। କାରଣ ଠିକ୍ ସମୟରେ ଡାକ୍ତରଖାନାରେ ପହଞ୍ଚିଗଲେ, ଜୀବନ ରକ୍ଷା କରାଯାଇପାରିବ ବୋଲି ସେ କହିଛନ୍ତି। ସନ୍ତୁଳିତ ଜୀବନଶୈଳୀ, ନିୟମିତ ବ୍ୟାୟାମ, ମାନସିକ ଚାପ ନିୟନ୍ତ୍ରଣ, ସୁସ୍ଥ ଖାଦ୍ୟପଦାର୍ଥ, ଏବଂ ନିୟମିତ ସ୍ୱାସ୍ଥ୍ୟ ପରୀକ୍ଷା ଏଥିରୁ ବଞ୍ଚାଇପାରିବ।

କ୍ୟାପିଟାଲ୍ ହସ୍ପିଟାଲ୍ ବରିଷ୍ଠ ଡାକ୍ତର ପ୍ରତାପ କୁମାର ଦାସ କହିଛନ୍ତି, ହୃଦ୍‌ଘାତ ପୂର୍ବରୁ ହୃଦୟର ମାଂସପେଶୀକୁ ରକ୍ତ ସଞ୍ଚାଳଣ ଧୀରେ ଧୀରେ ବନ୍ଦ ହୋଇଯାଏ। ସାଧାରଣତ ଉଚ୍ଚ ରକ୍ତଚାପ, ମଧୁମେହ, କିମ୍ବା ଅତ୍ୟଧିକ କୋଲେଷ୍ଟେରଲ୍ ଯୋଗୁଁ ହୋଇଥାଏ। ଏହାଦ୍ୱାରା ହାର୍ଟ ବିକଳାଙ୍ଗ ଅବସ୍ଥାକୁ ଚାଲି ଆସେ। ପରବର୍ତ୍ତୀ ସମୟରେ ହାର୍ଟକୁ ସଂପୂର୍ଣ୍ଣ ରୂପେ ବନ୍ଦ କରିଦିଏ। ଏହାଦ୍ୱାରା ଶ୍ୱାସପ୍ରଶ୍ୱାସ ବନ୍ଦ ହୋଇଯାଏ। କାର୍ଡିଓଲୋଜିଷ୍ଟ ଡାକ୍ତର ଦିବ୍ୟ ରଞ୍ଜନ ବେହେରା କହିଛନ୍ତି, କରୋନାରୀ ଆର୍ଟେରୀ ରୋଗ ହେଉଛି ପ୍ରାପ୍ତବୟସ୍କମାନଙ୍କ ମଧ୍ୟରେ ସବୁଠାରୁ ସାଧାରଣ ଓ ବିପଜ୍ଜନକ ହୃଦ୍‌ରୋଗ। ଧୂମ୍ରପାନ, ଦୁର୍ବଳ ଜୀବନଶୈଳୀ, ମାନସିକ ଚାପ ଏବଂ ଅସୁସ୍ଥ ଖାଦ୍ୟପଦାର୍ଥ ଯୋଗୁଁ ଅନେକ ଯୁବକଙ୍କୁ ଏହା ପ୍ରଭାବିତ କରୁଛି। ବର୍ତ୍ତମାନ ସମୟରେ ମାତ୍ରାଧିକ ଫାଷ୍ଟଫୁଡ୍ ସେବନ ଯୋଗୁଁ ମଧ୍ୟ ହୃଦ୍‌ରୋଗ ହେଉଥିବା ସେ କହିଛନ୍ତି।

### ରବି ଧାନ କିଣାରେ ବ୍ୟାପକ ଅବ୍ୟବସ୍ଥା

# ଚାଷୀଙ୍କୁ ସରକାରଙ୍କ ପ୍ରତାରଣା: ନବୀନ

**ଭୁବନେଶ୍ୱର, ୩।୭ (ସମିସ):** ଚଳିତ ବର୍ଷ ପଞ୍ଜିକରଣ କରିଥିବା ସମସ୍ତ ଚାଷୀଙ୍କଠାରୁ ରାଜ୍ୟ ସରକାର ରବି ଧାନ କିଣିବା ପାଇଁ ପ୍ରତିଶ୍ରୁତି ଦେଇଥିଲେ; କିନ୍ତୁ ଦୁର୍ଭାଗ୍ୟର କଥା ଚାଷୀଙ୍କର ଲକ୍ଷାଧିକ କ୍ୱିଣ୍ଟାଲ୍ ଧାନ ଏପର୍ଯ୍ୟନ୍ତ ବିକ୍ରି ନ ହୋଇ ପଡ଼ିରହିଛି। ଏହାକୁ ନେଇ କ୍ଷୋଭ ପ୍ରକାଶ କରିଛନ୍ତି ବିରୋଧୀଦଳ ନେତା ନବୀନ ପଟ୍ଟନାୟକ। ମୌସୁମୀ ବର୍ଷାରେ ହଜାର ହଜାର କ୍ୱିଣ୍ଟାଲ୍ ଧାନ ଭିଜି ଗଜା ହୋଇଥିବା ବେଳେ ସରକାର ଚାଷୀଙ୍କ ଦୁଃଖ ଶୁଣୁ ନାହାନ୍ତି ଓ ସେମାନଙ୍କୁ ପ୍ରତାରିତ କରିଛନ୍ତି ବୋଲି ନବୀନ କହିଛନ୍ତି।



ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ କହିଛନ୍ତି ଯେ ଯେଉଁ ଚାଷୀଙ୍କର ବଳକା ଧାନ ମଣ୍ଡିରେ ବିକ୍ରି କରିବାକୁ ପଞ୍ଜିକରଣ ହୋଇଛି, ଏଥିପାଇଁ ଜାରି ହୋଇଥିବା ଟୋକନ ଲାପ୍ସ ହେବ ନାହିଁ ବୋଲି ସରକାର କହିଥିଲେ। ଏପରିକି ଆବଶ୍ୟକସ୍ଥଳେ ଟୋକନ୍‌ର ଅବଧି ମଧ୍ୟ ବୃଦ୍ଧି କରାଯିବ ବୋଲି ଘୋଷଣା କରିଥିଲେ। ମାତ୍ର ଦୁର୍ଭାଗ୍ୟର କଥା, ଅଚାନକ ରାଜ୍ୟ ସରକାର ଜୁନ ୩୦ ତାରିଖ ଧାନ ବିକ୍ରି ଲାଗି ପଞ୍ଜିକରଣର ଶେଷ ଦିନରେ ଆଇସ୍କାନ୍ କରି ଧାନ କିଣିବା ଘୋଷଣା କରୁଛନ୍ତି। ରାଜ୍ୟ ସରକାରଙ୍କର ଏପରି ଚାଷୀମାରଣ ନୀତି ଯୋଗୁଁ ଓଡ଼ିଶାର ହଜାର ହଜାର ଚାଷୀ ହନ୍ତସନ୍ତ ହେଉଛନ୍ତି। ଏଭଳି ନିଷ୍ପତ୍ତି ଚାଷୀଙ୍କ ପ୍ରତି ଅତ୍ୟନ୍ତ ବେପରୁଆ ମନୋଭାବ ଓ ଘୋର ପ୍ରତାରଣା କହିଲେ ଭୁଲ ହେବନାହିଁ ବୋଲି ନବୀନ କହିଛନ୍ତି। ଏହା ସହ ଚାଷୀଙ୍କ ବୃହତ୍ତର ସ୍ୱାର୍ଥକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, କେନ୍ଦ୍ର କୃଷିମନ୍ତ୍ରୀ ଶିବରାଜ ସିଂ ଚୌହାନ ଓ ରାଜ୍ୟ ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଏଥିପ୍ରତି ତୁରନ୍ତ ପଦକ୍ଷେପ ନିଅନ୍ତୁ ବୋଲି ସେ ପରାମର୍ଶ ଦେଇଛନ୍ତି । ରବି ଧାନ ବିକ୍ରି ପାଇଁ ପଞ୍ଜିକରଣ କରିଥିବା ସମସ୍ତ ଚାଷୀମାନଙ୍କ ବଳକା ଧାନ ସରକାର କ୍ରୟ କରନ୍ତୁ। ଲାପ୍ସ ହୋଇଥିବା ଟୋକନର ଅବଧି ବୃଦ୍ଧି କରାଯିବା ସାଙ୍ଗକୁ ଧାନ କ୍ରୟ ସୀମା ମଧ୍ୟ ବୃଦ୍ଧି କରାଯାଉ। ଏହା ଫଳରେ ଓଡ଼ିଶାର ଚାଷୀ ଭାଇଭଉଣୀମାନେ ଆଶ୍ୱସ୍ତ ହେବା ସହ ବହୁତ ଉପକୃତ ହେବେ ବୋଲି ନବୀନ କହିଛନ୍ତି ।

# ରତ୍ନଭଣ୍ଡାର ମରାମତି କାର୍ଯ୍ୟ ଅନୁଧ୍ୟାନ କଲେ ଗଜପତି

**ପୁରୀ,୩।୭(ସମିସ):** ରତ୍ନଭଣ୍ଡାର ମରାମତି କାର୍ଯ୍ୟ ଅନୁଧ୍ୟାନ କରିଛନ୍ତି ଗଜପତି ମହାରାଜା ଦିବ୍ୟସିଂହଦେବ। ଗୁରୁବାର ପୂର୍ବାହ୍ଣରେ ଗଜପତି ମହାରାଜା ଶ୍ରୀନଅରରୁ ବାହାରି ଦକ୍ଷିଣଦ୍ୱାରରେ



ପହଞ୍ଚିଥିଲେ। ତାଙ୍କୁ ଶ୍ରୀମନ୍ଦିର ପ୍ରଶାସନିକ ଅଧିକାରୀ ସ୍ୱାଗତ କରି ଭିତରକୁ ପାଛୋଟି ନେଇଥିଲେ। ଗଜପତି ମହାରାଜା ଉଭୟ ଭିତର ଏବଂ ବାହାର ରତ୍ନଭଣ୍ଡାର ବୁଲି ଦେଖିଥିଲେ। ଏଏସ୍‌ଆଇ ପକ୍ଷରୁ ଚାଲିଥିବା ରତ୍ନଭଣ୍ଡାର ମରାମତି କାମ ଅନୁଧ୍ୟାନ କରିଥିଲେ। ଆଉ କ'ଣ କାମ ରହିଛି ସେ ବିଷୟରେ ଏଏସ୍‌ଆଇ ଅଧିକାରୀଙ୍କୁ ପଚାରି ବୁଝିଥିଲେ।

ପ୍ରାୟ ୪୦ ମିନିଟ୍ ମନ୍ଦିରରେ ରହି ଫେରିଥିଲେ ଗଜପତି ମହାରାଜା। ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଗଜପତି କହିଥିଲେ, ନୀଳାଦ୍ରିବିଜେ ସୁଦ୍ଧା ମରାମତି ସମ୍ପୂର୍ଣ୍ଣ ହୋଇଯିବ। ଏବେ ରତ୍ନଭଣ୍ଡାର ସମ୍ପୂର୍ଣ୍ଣ ଭାବେ ସୁରକ୍ଷିତ। ଭିତରୁ ଅତି ସୁନ୍ଦର ମଧ୍ୟ ଦେଖାଯାଉଛି। ମନ୍ଦିରର ନିର୍ମାଣଶୈଳୀ ଅନୁସାରେ ଶାଣ ପଥରରେ ସମସ୍ତ କାମ

**■ ନୀଳାଦ୍ରି ବିଜେ ସୁଦ୍ଧା ମରାମତି ସମ୍ପୂର୍ଣ୍ଣ ହେବ**
**■ ୬୦୦ ଖରାପ ପଥର ବଦଳା ଯାଇଛି**
**■ ରତ୍ନଭଣ୍ଡାର ଏବେ ସୁରକ୍ଷିତ ଆଉ ସୁନ୍ଦର ଦିଶୁଛି**

କରାଯାଇଛି। ଖରାପ ହୋଇଯାଇଥିବା ଅନେକ ବିମ୍ ଏବଂ ପଥର ବଦଳାଯାଇଛି। ପାଖାପାଖି ୬୦୦ ପୁରୁଣା ପଥର କଢ଼ାଯାଇ ନୂଆ ଶାଣ ପଥର ଲଗାଯାଇଛି। ମହାପ୍ରଭୁଙ୍କ କୃପାରୁ କାମ ଏବେ ପୂର୍ଣ୍ଣାଙ୍ଗ ହେବାକୁ ଯାଉଛି।

ସେହିପରି ମହାପ୍ରଭୁଙ୍କ ରତ୍ନଅଳଙ୍କାର ଗଣତିମଣତି ସମ୍ପର୍କରେ ଗଜପତି ମହାରାଜା କହିଥିଲେ, ନୀଳାଦ୍ରିବିଜେ ଭିତରେ ରତ୍ନଭଣ୍ଡାର କାମ ସରିଯିବ। ମହାପ୍ରଭୁ ରତ୍ନସିଂହାସନରେ ବିଜେ କରିବା ପରେ ରାଜ୍ୟ ସରକାରଙ୍କ ପରାମର୍ଶକ୍ରମେ ଏଥିପାଇଁ ଗଠିତ ସ୍ୱତନ୍ତ୍ର କମିଟି ଆନୁକୂଲ୍ୟରେ ଗଣତିମଣତି କାମ ଅତିଶୀଘ୍ର ଆରମ୍ଭ ହେବ।

ଅନ୍ୟପକ୍ଷରେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ କହିଛନ୍ତି ଯେ ଗଜପତି ମହାରାଜା ନିଜେ ତଦାରଖ କରି ବୈଷୟିକ କମିଟିକୁ ଧନ୍ୟବାଦ ଦେଇଛନ୍ତି। ଭିତର ରତ୍ନଭଣ୍ଡାର ମରାମତି କାମ ପ୍ରାୟତଃ ଶେଷ ହୋଇଛି। ବାହାର ରତ୍ନଭଣ୍ଡାର କାମ ଦିନେ ଦୁଇଦିନ ଭିତରେ ଶେଷ ହେବ ବୋଲି କହିଛନ୍ତି। ଗଜପତିଙ୍କ ସହ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଓ ଏଏସ୍‌ଆଇ ସୁପରିଣ୍ଟେଣ୍ଡେଣ୍ଟ ଡି.ବି. ଗଡନାୟକ ପ୍ରମୁଖ ସାମିଲ ଥିଲେ।

ସୂଚନାଥାଉ କି, ରତ୍ନଭଣ୍ଡାର କାର୍ଯ୍ୟ ପ୍ରାୟ ସମ୍ପୂର୍ଣ୍ଣ ହୋଇଛି। ଭିତର ଭଣ୍ଡାର ଘରେ ଅନେକ ପଥର ବଦଳାଇ ଥିବା ବେଳେ ସମସ୍ତ ବିମ୍‌କୁ ଶକ୍ତ କରଯାଇଛି। ଭଣ୍ଡାରର ବାହାର ଓ ଭିତର ଅଂଶକୁ ରାସାୟନିକ ପ୍ରଲେପ ଦେଇ ସଂରକ୍ଷଣ କରାଯାଉଛି। ରତ୍ନଭଣ୍ଡାର ମରାମତି କାର୍ଯ୍ୟରେ ୮୦ରୁ ଅଧିକ କୁଶଳୀ କାରିଗର ପର୍ଯ୍ୟାୟ କ୍ରମେ ଲାଗିଛନ୍ତି। ଶ୍ରୀମନ୍ଦିରର ସମସ୍ତ ରୂପା ଦ୍ୱାରକୁ ପରିଷ୍କାର କରାଯାଉଥିବା ବେଳେ ବଳକା ଥିବା ଦ୍ୱାରକୁ ବର୍ମାଟିକ କାଠରେ ନୂଆ କବାଟ ଲଗାଯିବ। ଗର୍ଭଗୃହର କାଠ ନିର୍ମିତ କନକ ମୁଣ୍ଡିକୁ ବଦଳାଯାଇ ଷ୍ଟେନଲେସ୍ ଷ୍ଟିଲ ଲଗାଯାଉଛି।

# 'ଶବରୀ ଭବନ' ଯୁବ ପିଢ଼ିଙ୍କୁ ପ୍ରେରଣା ଯୋଗାଇବ: ମୁଖ୍ୟମନ୍ତ୍ରୀ



**ଭୁବନେଶ୍ୱର, ୩।୭ (ସମିସ):** ଶବରୀ ସାଂସ୍କୃତିକ ପରିଷଦ ଦ୍ୱାରା ଭୁବନେଶ୍ୱରସ୍ଥିତ ଆଇଆର୍‌ସି ଭିଲେଜଠାରେ ନିର୍ମିତ 'ଶବରୀ ସାଂସ୍କୃତିକ ଭବନ'କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଉଦ୍‌ଘାଟନ କରିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହି ଭବନ କେବଳ ଏକ ଆଶ୍ରୟସ୍ଥଳ ନୁହେଁ, ଏହା ଆଦିବାସୀ ଯୁବ ଓ ନେତୃତ୍ୱର ଉଦୟ ପାଇଁ ଏକ ମଞ୍ଚ ଏବଂ ଓଡ଼ିଶାବାସୀଙ୍କ ସ୍ୱାଭିମାନର ପରିଚୟ ହେବା ସହ ନୂଆପିଢ଼ି ପାଇଁ ଏକ ଅନୁପ୍ରେରଣା ରୂପେ ଦୀପ୍ତିମାନ ରହିବ। ଏହାର ଉନ୍ନତୀକରଣ ପାଇଁ ୨କୋଟି ଟଙ୍କାର ଅନୁଦାନ ଘୋଷଣା କରିବା ସହ ଆବଶ୍ୟକ ନିର୍ମାଣ ପାଇଁ ସମସ୍ତ ସୁବିଧା ଯୋଗାଇ ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।


କୋରାପୁଟ, ରାୟଗଡ଼ା, ନବରଙ୍ଗପୁର ଓ ମାଲକାନଗିରି ଆଦି ଜିଲ୍ଲାର ଆଦିବାସୀ ଭାଇ-ଭଉଣୀମାନଙ୍କ ପାଇଁ ସ୍ୱଳ୍ପକାଳୀନ ରହଣି ସହ ଶିକ୍ଷା, କାର୍ଯ୍ୟ ଓ ସାଂସ୍କୃତିକ କାର୍ଯ୍ୟ ପାଇଁ ଏହା ଏକ କେନ୍ଦ୍ର ହେବାକୁ ଥିବା ବେଳେ ଏଠାରେ ସମ୍ମିଳନୀ, ପ୍ରଶିକ୍ଷଣ ଶିବିର, କଳା ପ୍ରଦର୍ଶନୀ ଓ ଗବେଷଣା କାର୍ଯ୍ୟକ୍ରମ ହେବା ଦ୍ୱାରା ଏକ ସାଂସ୍କୃତିକ ଜୀବନତା ପାଇଁ ଅନୁପ୍ରେରଣା ହେବ। ଆଦିବାସୀ ଭାଇ-ଭଉଣୀମାନେ ଏଠାକୁ ଆସିଲେ ନିଜ ଘର ପରି ଅନୁଭବ କରିବା ସହ ଶିକ୍ଷା, ଚିକିତ୍ସା, ନିଯୁକ୍ତି, ଓ ଉନ୍ନତିର ମାର୍ଗ ଏହିଠାରୁ ଆରମ୍ଭ ହେବ ବୋଲି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି।

କାର୍ଯ୍ୟକ୍ରମରେ ଗଣ ଶିକ୍ଷାମନ୍ତ୍ରୀ ତଥା ଶବରୀ ସାଂସ୍କୃତିକ ପରିଷଦର ସଭାପତି ନିତ୍ୟାନନ୍ଦ ଗଣ୍ଡ, ସାଂସଦ ମୁନା ଖାନ, ସାଂସଦ ବଳଭଦ୍ର ମାଝୀ, ଶବରୀ ସାଂସ୍କୃତିକ ସଂସଦର ପୂର୍ବତନ ସଭାପତି ତଥା ପୂର୍ବତନ ମନ୍ତ୍ରୀ ରମେଶ ଚନ୍ଦ୍ର ମାଝୀ, ଶବରୀ ସାଂସ୍କୃତିକ ସଂସଦର ପୂର୍ବତନ ସଭାପତି ତଥା ପୂର୍ବତନ ମନ୍ତ୍ରୀ ଅରବିନ୍ଦ ଢାଲିଙ୍କ ସମେତ ବହୁ ରାଜନେତା ଉପସ୍ଥିତ ଥିଲେ। ପ୍ରାରମ୍ଭରେ ଜୟପୁର ବିଧାୟକ ତାରାପ୍ରସାଦ ବାହିନୀପତି ସ୍ୱାଗତ ଭାଷଣ ଦେଇଥିବା ବେଳେ ଶବରୀ ସାଂସ୍କୃତିକ ପରିଷଦର ଉପ-ସଭାପତି ଗୋଦାବରୀଶ ମହାପାତ୍ର ଧନ୍ୟବାଦ ଦେଇଥିଲେ।

**ସନ୍ତୋଷ ଖଟୁଆଙ୍କ ମନ୍ତବ୍ୟକୁ ନବୀନଙ୍କ ଭର୍ତ୍ସନା**

# ନିର୍ବାଚିତ ଜନପ୍ରତିନିଧିଙ୍କ ଏପରି ଶବ୍ଦ ଅସହ୍ୟ ଓ ଅମାନବିକ

**ଭୁବନେଶ୍ୱର,୩।୭(ସମିସ):** ବିଜେଡି ନେତ୍ରୀ ଡଃ ଲେଖାଶ୍ରୀ ସାମନ୍ତସିଂହାରଙ୍କ ବିରୋଧରେ ବିଜେପି ବିଧାୟକ ସନ୍ତୋଷ ଖଟୁଆଙ୍କ ଅଶାଳୀନ କୁତ୍ସିତ ମନ୍ତବ୍ୟକୁ କଠୋର ଶବ୍ଦରେ ନିନ୍ଦା କରିଛନ୍ତି ବିରୋଧୀଦଳ ନେତା ନବୀନ ପଟ୍ଟନାୟକ । ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କ ଏପରି ଶବ୍ଦ ପ୍ରୟୋଗ ଅତ୍ୟନ୍ତ ଅମାନବିକ ଓ ଅସହ୍ୟ ବୋଲି ନବୀନ କହିଛନ୍ତି।



ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ କହିଛନ୍ତି ଯେ ବିଜେଡିର ଜଣେ ସମ୍ମାନନୀୟା ନେତ୍ରୀଙ୍କ ପ୍ରତି ବିଜେପି ବିଧାୟକ ସନ୍ତୋଷ ଖଟୁଆଙ୍କ ଏପରି ଅପମାନଜନକ ମନ୍ତବ୍ୟ ଅତ୍ୟନ୍ତ ଦୁଃଖଦ । ରାଜନୈତିକ ପ୍ରତିଉତ୍ତର ଭାବରେ ସର୍ବସାଧାରଣରେ ଜଣେ ମହିଳାଙ୍କ ଚରିତ୍ର ସଂହାର କରିବା ରୁଗ୍ଣ ମାନସିକତାର ପରିଚୟ ଓ ମହିଳାଙ୍କ ସ୍ୱର ଚପାଇ ଦେବାକୁ ଉଦ୍ଦିଷ୍ଟ। ସବୁଠୁ ଅଧିକ ଦୁଃଖର ବିଷୟ ହେଉଛି ବିଜେପି ନେତାମାନଙ୍କର ଗଭୀର ନୀରବତା। ଜଣେ କେହି ବି ନେତା ଏପରି ଘୃଣ୍ୟ ମନ୍ତବ୍ୟକୁ ନିନ୍ଦା କରିବା ସହିତ ବିଧାୟକଙ୍କୁ ଉତ୍ତରଦାୟୀ କରିବାକୁ ମଧ୍ୟ ଆଗକୁ ଆସିନାହାନ୍ତି। ଏପରି ବ୍ୟବହାର ନେଇ ସଭିଙ୍କ ନୀରବତା ସରକାରୀ ଦଳର ଆଭିମୁଖ୍ୟ ବେଶ୍ ସ୍ପଷ୍ଟ ଭାବେ ସର୍ବସାଧାରଣରେ ଦର୍ଶାଉଛି। ମହିଳାଙ୍କ ସଶକ୍ତିକରଣ ବିଷୟରେ ଉପଦେଶ ଦେବା ପୂର୍ବରୁ, ରାଜନେତାମାନେ ପ୍ରଥମେ ମହିଳାଙ୍କୁ ସମ୍ମାନ ଜଣାଇବାର ମୌଳିକ ନୀତି ଶିଖିବା ଦରକାର। ଓଡ଼ିଶାର ରାଜନୈତିକ ଦୃଶ୍ୟପଟ ଏପରି ଲଜ୍ଜାଜନକସ୍ତରକୁ ଆସିବା ବେଶ୍ ବିରଳ। ତେଣୁ ଓଡ଼ିଶାର ସମସ୍ତ ସଚେତନ ନାଗରିକଙ୍କୁ ଏପରି ରୁଗ୍ଣ ମାନସିକତା ଥିବା ତଥା ନାରୀ ବିରୋଧୀ ମନୋଭାବ ରଖି ରାଜ୍ୟ ବିଧାନସଭାରେ ସ୍ଥାନ ଜମାଇଥିବା ଲୋକମାନଙ୍କର ଅସଲ ଚେହେରାକୁ ଚିହ୍ନନ୍ତୁ ବୋଲି ନବୀନ ଆହ୍ୱାନ ଦେଇଛନ୍ତି। ଏହାସହିତ ଦଳମତ ନିର୍ବିଶେଷରେ ଏହାକୁ ବିରୋଧ କରିବା ଏବଂ ଉତ୍ତରଦାୟିତ୍ୱ ବଜାୟ ରଖିବା ପାଇଁ ଏକ ହେବା ଉଚିତ ବୋଲି ନବୀନ କହିଛନ୍ତି।

**ହାତୀ ଦାନ୍ତ ଚୋରିକୁ ଚପାଇବା ପାଇଁ ନାରୀ ଜାତିକୁ ଅପମାନ**

# ବିଜେପି ବିଧାୟକ ସନ୍ତୋଷ ଖଟୁଆ ନାରୀ ଜାତିକୁ କ୍ଷମା ମାଗନ୍ତୁ: ବିଜେଡି

**ଭୁବନେଶ୍ୱର,୩।୭(ସମିସ):** ହାତୀ ଶିକାର ଓ ହାତୀ ଦାନ୍ତ ଚୋରି ଘଟଣାରେ ନୀଳଗିରି ବିଜେପି ବିଧାୟକ ସନ୍ତୋଷ ଖଟୁଆଙ୍କ ସମ୍ପୃକ୍ତି ଅଭିଯୋଗ କରିଥିବା ବିଜେଡି ନେତ୍ରୀ ଲେଖାଶ୍ରୀ ସାମନ୍ତସିଂହରଙ୍କ ପ୍ରତି ଅତ୍ୟନ୍ତ କୁତ୍ସିତ ଓ ଅରୁଚିକର ମନ୍ତବ୍ୟ ଦେଇଛନ୍ତି ଶ୍ରୀ ଖଟୁଆ। ଏଭଳି ମନ୍ତବ୍ୟକୁ ବିଜେଡି ଦୃଢ ନିନ୍ଦା କରିବା ସହ ତୁରନ୍ତ ସମଗ୍ର ନାରୀ ଜାତି ନିକଟରେ ଶ୍ରୀ ଖଟୁଆ କ୍ଷମା ପ୍ରାର୍ଥନା କରନ୍ତୁ ବୋଲି ଦଳ ଦାବି କରିଛି।




ଗୁରୁବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ଉପସଭାପତି ପ୍ରମିଳା ମଲ୍ଲିକ କହିଛନ୍ତି ଯେ ବନ ବିଭାଗ ଅଧିକାରୀମାନେ ଶ୍ରୀ ଖଟୁଆଙ୍କ ଫାର୍ମ ହାଉସରୁ ହାତୀ ଦାନ୍ତ ଚୋରଙ୍କୁ ଧରିଥିଲା। ତେଣୁ ଏପରି ଏକ ସ୍ପର୍ଶକାତର ମାମଲାରେ ବିଧାୟକଙ୍କ ସମ୍ପୃକ୍ତି ନେଇ ବିଜେଡି ଅଭିଯୋଗ କରିବା ସହ ତାଙ୍କୁ କାହିଁକି ଗିରଫ କରାଯିବ ନାହିଁ ବୋଲି ପ୍ରଶ୍ନ କରିଥିଲା। ମାତ୍ର ଏଥିରେ ଉତକ୍ଷିପ୍ତ ହୋଇ ବିଜେପି ବିଧାୟକ ଶ୍ରୀ ଖଟୁଆ ବିଜେଡି ନେତ୍ରୀ ଡଃ ଲେଖାଶ୍ରୀ ସାମନ୍ତସିଂହାରଙ୍କ ପ୍ରତି ଅତ୍ୟନ୍ତ ଘୃଣ୍ୟ, କୁତ୍ସିତ, ଅପମାନଜନକ ଓ ନିମ୍ନ ରୁଚିର ଭାଷା ପ୍ରୟୋଗ

■ ବିଧାୟକଙ୍କ କୁତ୍ସିତ ମନ୍ତବ୍ୟ ତାଙ୍କ ରୁଗ୍ଣ ମାନସିକତାର ପରିଚୟ
■ ହାତୀ ଦାନ୍ତ ଚୋରଙ୍କ ସହ ନୀଳଗିରି ବିଧାୟକଙ୍କ ସଂପୃକ୍ତି ଅଭିଯୋଗ

କରିଛନ୍ତି। ଜଣେ ମହିଳାର ମୁହଁକୁ ଆଧାର କରି ଯଦି ନକାରାତ୍ମକ ଟିପ୍ପଣୀ ଦିଆଯାଏ ତାହା କେବେହେଲେ ସଭ୍ୟ ସମାଜରେ ଗ୍ରହଣୀୟ ନୁହେଁ ବୋଲି ଶ୍ରୀମତୀ ମଲ୍ଲିକ କହିଛନ୍ତି। ମହିଳାମାନଙ୍କ ପ୍ରତି ଏଭଳି ଭାଷା ପ୍ରୟୋଗ କରିବା ପାଇଁ ତା'ର ବିଧାୟକମାନଙ୍କୁ ବିଜେପି ଏଭଳି ତାଲିମ ଦେଇଛି କି ବୋଲି ଶ୍ରୀମତୀ ମଲ୍ଲିକ ପ୍ରଶ୍ନ କରିଛନ୍ତି। ସେ ଆହୁରି କହିଛନ୍ତି ଯେ ମହିଳାମାନଙ୍କୁ ଅଧିକରୁ ଅଧିକ ସଂଖ୍ୟାରେ ରାଜନୀତିରେ ସାମିଲ ହେବା ପାଇଁ ପ୍ରବାଦ ପୁରୁଷ ବିଜୁ ବାବୁ ଯେଉଁ ଧାରା ଆରମ୍ଭ କରିଥିଲେ, ସେହି ଧାରାକୁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଆଗକୁ ନେଇଥିଲେ। ସମ୍ମାନର ସହ ମହିଳାମାନେ ସମାଜରେ ଛିଡା ହେବା ପାଇଁ ସେ ଅନେକ ପଦକ୍ଷେପ ନେଇଥିଲେ। ମାତ୍ର ରାଜ୍ୟରେ ବିଜେପି ସରକାରକୁ ଆସିଲା ପରେ ମହିଳାମାନେ ରାଜନୀତିକୁ ନ ଆସନ୍ତୁ ବୋଲି ଦଳ ଚାହୁଁଥିବା ଜଣାପଡ଼ିଛି। ବିଧାୟକ ଶ୍ରୀ ଖଟୁଆଙ୍କ କୁତ୍ସିତ ମନ୍ତବ୍ୟ ତାଙ୍କ ରୁଗ୍ଣ ମାନସିକତାର ପରିଚୟ ଓ ଏହା ସମଗ୍ର ନାରୀ ଜାତି ପ୍ରତି ଅପମାନ। ତେଣୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ବିଜେପି ନାରୀ ଜାତିଙ୍କ ନିକଟରେ କ୍ଷମା ପ୍ରାର୍ଥନା କରନ୍ତୁ ବୋଲି ଶ୍ରୀମତୀ ମଲ୍ଲିକ ଦାବି କରିଛନ୍ତି।

# ୬ରେ ହୀରାକୁଦ ଛାଡ଼ିବ ପ୍ରଥମ ବନ୍ୟାଜଳ

**ସମ୍ବଲପୁର,୩।୭(ସମିସ):** ଆସନ୍ତା ୬ ତାରିଖ ସକାଳ ୧୦ଟାରେ ହୀରାକୁଦ ଜଳଭଣ୍ଡାରରୁ ଚଳିତ ବର୍ଷର ପ୍ରଥମ ବନ୍ୟାଜଳ ନିଷ୍କାସନ କରାଯିବ। ଏଥିଯୋଗୁଁ ମହାନଦୀ ଓ ତା'ର ଶାଖାନଦୀଗୁଡ଼ିକର ଜଳସ୍ତର ବୃଦ୍ଧି ପାଇବ। ତେଣୁ ନଦୀ ମଧ୍ୟକୁ ପ୍ରବେଶ ଓ ଅନ୍ୟାନ୍ୟ ବ୍ୟବହାର ପାଇଁ ଜନସାଧାରଣ ସତର୍କତା ଅବଲମ୍ବନ କରିବାକୁ କୁହାଯାଇଛି। କୌଣସି ଦୁର୍ଘଟଣା ପାଇଁ ହୀରାକୁଦ ନଦୀବନ୍ଧ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ ବୋଲି ମହାନଦୀ ଅବବାହିକା, ବୁର୍ଲା ମୁଖ୍ୟଯନ୍ତ୍ରୀ ଓ ଅବବାହିକା ପରିଚାଳକ ସୁଶୀଳ କୁମାର ବେହେରା ଏକ ପ୍ରେସ୍ ବିବୃତିରେ ସୂଚନା ଦେଇଛନ୍ତି।



ହୀରାକୁଦ ଜଳଭଣ୍ଡାରର ଉପର ମୁଣ୍ଡରେ ବର୍ଷା ଯୋଗୁଁ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ବୃଦ୍ଧି ପାଉଛି। ଗୁରୁବାର ସନ୍ଧ୍ୟା ୬ଟାରେ ଜଳଭଣ୍ଡାରର ଜଳସ୍ତର ୬୦୩.୨୫ଫୁଟ୍ ରହିଥିଲା। ବର୍ତ୍ତମାନ ନଦୀବନ୍ଧର ସମସ୍ତ ସ୍ଲୁଇସ ଗେଟ୍ ବନ୍ଦ ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୧୦୧୩୪୯ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ସ୍ପିଲୱେ, ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୩୪୨୫୪ଘନଫୁଟ୍ ଜଳ ନିଷ୍କାସିତ ହେଉଛି। ଅପରପକ୍ଷେ, ଉପରମୁଣ୍ଡରେ ୩୦.୧୧ମିମି ଏବଂ ତଳମୁଣ୍ଡରେ ୩୭.୫୧ମିମି ବର୍ଷା ହୋଇଥିବା ନଦୀବନ୍ଧ ସୂତ୍ରରୁ ପ୍ରକାଶ।

ଅପରପକ୍ଷେ, ବର୍ଷାଜଳ ନିଷ୍କାସନର ଦିନ ଓ ସମୟ ସମ୍ପର୍କରେ ଉତ୍ତରାଞ୍ଚଳ ରାଜସ୍ୱ ଆୟୁକ୍ତ, ସମ୍ବଲପୁର, କେନ୍ଦ୍ରୀୟ ରାଜସ୍ୱ ଆୟୁକ୍ତ, କଟକ ଓ ଦକ୍ଷିଣାଞ୍ଚଳ ରାଜସ୍ୱ ଆୟୁକ୍ତ, ବ୍ରହ୍ମପୁରଙ୍କ ସହ ସମ୍ବଲପୁର, ବରଗଡ଼, ସୋନପୁର, ଅନୁଗୋଳ, ବୌଦ୍ଧ, ନୟାଗଡ଼, କଟକ, ଫୁଲବାଣୀ, ଖୋର୍ଦ୍ଧା, କେନ୍ଦ୍ରାପଡ଼ା, ଜଗତସିଂହପୁର ଓ ପୁରୀ ଜିଲ୍ଲାର ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧୀକ୍ଷକଙ୍କୁ ଅବଗତ କରାଯାଇଛି। ଏହାସହ ସମ୍ବଲପୁର ମହାନଗର ନିଗମ ଆୟୁକ୍ତ, କଟକ ମହାନଗର ନିଗମ ଆୟୁକ୍ତ, ସୋନପୁର, ବୌଦ୍ଧ, ଆଠମଲ୍ଲିକ ଓ ବାଙ୍କୀ ପୌରନିର୍ବାହୀ ଅଧିକାରୀ ଏବଂ ପିଏଚ୍‌ଡି, ସମ୍ବଲପୁର ଅଧୀକ୍ଷଣ ଯନ୍ତ୍ରୀ ଓ ନିର୍ବାହୀ ଯନ୍ତ୍ରୀଙ୍କୁ ଜଣାଇ ଦିଆଯାଇଛି।

ଉଲ୍ଲେଖଯୋଗ୍ୟ, ହୀରାକୁଦ ନଦୀବନ୍ଧରେ ସମୁଦାୟ ୯୮ଟି ଜଳ ନିଷ୍କାସନ ଫାଟକ ରହିଛି। ଏହାର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍। ହୀରାକୁଦ ନଦୀବନ୍ଧରେ ୬୪ଟି ସ୍ଲୁଇସ୍ ଫାଟକ ଓ ୩୪ଟି କ୍ରେଷ୍ଟ ଫାଟକ ରହିଛି। ଏହା ମାଧ୍ୟମରେ ହୀରାକୁଦ ଜଳଭଣ୍ଡାରରୁ ବନ୍ୟାଜଳ ନିଷ୍କାସନ କରାଯାଇଥାଏ। ଗତବର୍ଷ ଜୁଲାଇ ୨୮ରେ ପ୍ରଥମ ବନ୍ୟାଜଳ ନିଷ୍କାସନ ହୋଇଥିବା ବେଳେ ୨୦୨୩ ଜୁଲାଇ ୨୩ତାରିଖ, ୨୦୨୨ ଜୁନ୍ ୨୫ ତାରିଖ, ୨୦୨୧ ସେପ୍ଟେମ୍ବର ୧୪ତାରିଖ, ୨୦୨୦ ଜୁନ୍ ୨୫ତାରିଖରେ ହୀରାକୁଦ ଜଳଭଣ୍ଡାରରୁ ପ୍ରଥମ ବନ୍ୟାଜଳ ନିଷ୍କାସନ କରାଯାଇଥିଲା।

## ଜାରି ରହିବ ବର୍ଷାର ପ୍ରଭାବ

**ଭୁବନେଶ୍ୱର, ୩।୭(ସମିସ):** ଉତ୍ତର ଓଡ଼ିଶା ଉପରେ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି। ଏହାସହିତ ମୌସୁମୀ ଜନିତ ନିମ୍ନଚାପ ରେଖାର ପ୍ରଭାବ ମଧ୍ୟ ଓଡ଼ିଶା ଉପରେ ରହୁଛି। ଏଭଳି ଦୁଇଟି ପାଣିପାଗ ନିୟାମକ ଯୋଗୁଁ ରାଜ୍ୟରେ ବର୍ଷା ପାଇଁ ପାଗ ଅନୁକୂଳ ରହୁଛି। ଏଭଳି ସ୍ଥିତି ଆହୁରି ୩-୪ ଦିନ ପର୍ଯ୍ୟନ୍ତ ଜାରି ରହିବା ସହ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ହେବ ବୋଲି ପୂର୍ବାନୁମାନ କରାଯାଇଛି। ଗୁରୁବାର ରାଜଧାନୀ ଭୁବନେଶ୍ୱର ସମେତ ରାଜ୍ୟର ବିଭିନ୍ନ ସ୍ଥାନରେ ଭଲ ବର୍ଷା ହୋଇଛି। ସାଢ଼େ ୫ ଟା ସୁଦ୍ଧା ଭୁବନେଶ୍ୱରରେ ୩୪ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ସୁନ୍ଦରଗଡ଼ରେ ୪୩, କୋରାପୁଟରେ ୧୪ ଏବଂ ବୌଦ୍ଧରେ ୧୫ ମିମି ବର୍ଷା ରେକର୍ଡ ହୋଇଛି। ଏହା ବ୍ୟତୀତ ଅନ୍ୟ ଜିଲ୍ଲାଗୁଡ଼ିକରେ ମଧ୍ୟରେ ଭଲ ବର୍ଷା ଅନୁଭୂତ ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ସୁନ୍ଦରଗଡ଼ରେ ସବୁଠୁ ଅଧିକ ବର୍ଷା ହେବାକୁ ଥିବା ବେଳେ ଝାରସୁଗୁଡ଼ା, ବରଗଡ଼, ସମ୍ବଲପୁର, ଦେବଗଡ଼, ସୋନପୁର, ବଲାଙ୍ଗିର, ନୂଆପଡ଼ା ଆଦିରେ ମଧ୍ୟ ଭଲ ବର୍ଷା ହେବାର ସମ୍ଭାବନା ରହିଛି। ଆଗାମୀ ୬-୮ ଜୁଲାଇ ମଧ୍ୟରେ ଉତ୍ତର ଉପକୂଳ, ଉତ୍ତର, ଉତ୍ତର ପଶ୍ଚିମ ଜିଲ୍ଲାମାନଙ୍କରେ ଭାରି-ଅତି ଭାରି ବର୍ଷା ସମ୍ଭାବନା ରହିଛି। ଏହା ପରେ ୩-୪ଦିନ ବର୍ଷା ପରିମାଣ କମିବା ସହ ପରବର୍ତ୍ତୀ ସମୟରେ ଅର୍ଥାତ ୧୧-୧୨ ବେଳକୁ ପୁଣି ବର୍ଷା ବଢ଼ିବ ବୋଲି ଆକଳନ କରାଯାଉଛି।

# ଗ୍ରୀନ୍ ଇଣ୍ଡିଆ ଗଞ୍ଜାମ ଜିଲ୍ଲା ମୁଖ୍ୟ ଗିରଫ

**ଜଗନ୍ନାଥପ୍ରସାଦ,୩।୭(ସମିସ):** ଚିଟ୍‌ଫଣ୍ଡ ସଂସ୍ଥା 'ଗ୍ରିନ୍ ଇଣ୍ଡିଆ'ର ଗଞ୍ଜାମ ଜିଲ୍ଲା ମୁଖ୍ୟଙ୍କୁ ଜଗନ୍ନାଥପ୍ରସାଦ ଥାନା ପୁଲିସ୍ ଗିରଫ କରିଛି। ସେ ହେଲେ, ହିଞ୍ଜିଳି ଥାନା ଅନ୍ତର୍ଗତ ରାଳବ ଗ୍ରାମର ରଞ୍ଜନ ପରିଡ଼ା। ସେ ୨୦୧୪ ମସିହାରୁ ଫେରାର୍ ଥିଲେ। ତାଙ୍କ ନାମରେ ୧୦ କୋଟିର ଠକେଇ ଅଭିଯୋଗ ରହିଥିଲା। ପୂର୍ବରୁ ରୁଜୁ ମାମଲା ୬୨/୧୪, ଧାରା ୪୨୦, ୩୪ ଆଧାରରେ ପୁଲିସ୍ ତାଙ୍କୁ ଆଜି କୋର୍ଟଚାଲାଣ କରିଥିବା ଥାନାଧିକାରୀ ପ୍ରମୋଦ କୁମାର ଲେଙ୍କା ସୂଚନା ଦେଇଛନ୍ତି।



ପୁଲିସ୍ ସୂଚନାନୁଯାୟୀ, 'ଗ୍ରିନ୍ ଇଣ୍ଡିଆ' ଜଗନ୍ନାଥପ୍ରସାଦ ଅଞ୍ଚଳରେ ଏକ ଅଫିସ୍ ଖୋଲି ଲୋକଙ୍କୁ ନିବେଶ ପାଇଁ ପ୍ରବର୍ତ୍ତାଇଥିଲା। ତେବେ ବେଶ୍ କିଛି ଦିନ ଧରି ସଂସ୍ଥା ସ୍ଥାନୀୟ ଲୋକଙ୍କଠାରୁ ଅର୍ଥ ସଂଗ୍ରହ କରିବା ପରେ ରାତାରାତି କାର୍ଯ୍ୟାଳୟ ବନ୍ଦ କରିଦେଇଥିଲା। ଏନେଇ ଅଭିଯୋଗ ହେବା ପରେ ପୁଲିସ୍ ୫ ବର୍ଷ ତଳେ ୪ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିଲା। କିନ୍ତୁ ସଂସ୍ଥାର ଗଞ୍ଜାମ ଜିଲ୍ଲା ନିର୍ଦ୍ଦେଶକ/ ମହାପ୍ରବନ୍ଧକ ରଞ୍ଜନ ପରିଡ଼ା ପୁଲିସ୍ ଆଖିରେ ଧୂଳି ଦେଇ ଫେରାର୍ ହୋଇଯାଇଥିଲେ। ତାଙ୍କ ନାମରେ ୧୦ କୋଟି ଟଙ୍କାର ଠକେଇର ଅଭିଯୋଗ ରହିଥିଲା। ପୁଲିସ୍ ତାଙ୍କୁ ଧରିବା ପାଇଁ ତାଙ୍କ ଘର ରାଳବ ଗ୍ରାମରେ ବହୁବାର ଚଢ଼ଉ କରିଥିଲେ ହେଁ ସଫଳ ହୋଇପାରିନଥିଲା। ଅପରପକ୍ଷେ, ରଞ୍ଜନ ବାରମ୍ବାର ବାରମ୍ବାର ମୋବାଇଲ ସିମ୍ ବଦଳାଇ ବିଭିନ୍ନ ରାଜ୍ୟ ବୁଲୁଥିବାରୁ ତାଙ୍କୁ ଟ୍ରାକ୍ କରିବା ବି ପୁଲିସ୍ ପାଇଁ କାଠିକର ହୋଇଥିଲା। ତେବେ କିଛି ଦିନ ହେବ ସେ ବ୍ରହ୍ମପୁରରେ ରହୁଥିବା ପୁଲିସ୍ ଏକ ବିଶ୍ୱସ୍ତ ସୂତ୍ରରୁ ଜାଣିବାକୁ ପାଇଥିଲା। ତେଣୁ ଜଗନ୍ନାଥ ପ୍ରସାଦ ପୁଲିସ ବ୍ରହ୍ମପୁରସ୍ଥିତ ସୂରଜବିହାର ଷଷ୍ଠ ଲାଇନ୍‌ରେ

■ ୧୧ ବର୍ଷ ପରେ ଧରା ହେଲା
■ ସିମ୍ ବଦଳାଇ ପୁଲିସ୍

ଥିବା ତାଙ୍କର ବିଳାସପୂର୍ଣ୍ଣ ବଙ୍ଗଳା ଉପରେ ତୀକ୍ଷ୍ଣ ନଜର ରଖିଥିଲା। ଏହାରି ଭିତରେ ବ୍ରହ୍ମପୁର ଟାଉନ୍ ଥାନା ସହଯୋଗରେ ତାଙ୍କର ଗ୍ୟାସ୍ କନେକ୍ସନ୍, ଟିଭି ଲାଇନ, ମୋବାଇଲ ରିଚାର୍ଜ ଭଳି ଅନେକ ସୂତ୍ରରୁ ତା'ର ଗତିବିଧି ଓ ରହଣି ସ୍ଥାନ ନେଇ ଖବର ସଂଗ୍ରହ କରିଥିଲା। ଗତ ୨ ତାରିଖ ଦିନ ସେ ଘରେ ଥିବା ଜାଣିପାରି ଅତର୍କିତ ଚଢ଼ଉ କରି ଧରିବାରେ ସଫଳ ହୋଇଥିଲା। ସେଠାରୁ ଅଭିଯୁକ୍ତଙ୍କୁ ଧରି ଜଗନ୍ନାଥପ୍ରସାଦ ଥାନାକୁ ଅଣାଯାଇଥିଲା। ଏହି ଚଢ଼ଉରେ ଥାନା ଏଏସ୍‌ଆଇ ପ୍ରିୟରଞ୍ଜନ ମିଶ୍ର, ହାବିଲଦାର ଦିଲ୍ଲୀପ କୁମାର ରଣା, ମହେଶ୍ୱର ନାୟକ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

# ସରଣ୍ଡାରେ ଲ୍ୟାଣ୍ଡମାଇନ୍ ବିସ୍ଫୋରଣ; ଯବାନ ଗୁରୁତର

**ରାଉରକେଲା, ୩।୭(ସମିସ):** ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତ ସରଣ୍ଡା ଜଙ୍ଗଲରେ ଗୁରୁବାର ଭୋର୍‌ରେ ସର୍ଚ୍ଚ ଅପରେସନ୍ ବେଳେ ଲ୍ୟାଣ୍ଡମାଇନ୍ ବିସ୍ଫୋରଣ ଘଟି ଜଣେ ଯବାନ ଗୁରୁତର ହୋଇଛନ୍ତି। ସେ ହେଲେ, ଝାଡ଼ଖଣ୍ଡ ଜାଗୁଆର୍ ଟିମ୍‌ର ମନୋଜ ଦମାଇ। ତାଙ୍କୁ ଚିକିତ୍ସା ପାଇଁ ରାଞ୍ଚି ଏୟାରଲିଫ୍ଟ କରାଯାଇଛି। ଛୋଟନାଗରା ଥାନା ଅଧୀନ ବାବୁଡେରା ନିକଟ ସରଣ୍ଡା ଜଙ୍ଗଲରେ ଏହି ବିସ୍ଫୋରଣ ଘଟିଛି। ଦୁଇଦିନ ତଳେ ଝାଡ଼ଖଣ୍ଡ ଜାଗୁଆର୍ ଓ ସିଆରପିଏଫ୍ ୬୦ ବାଟାଲିୟନ ଅର୍ଦ୍ଧସାମରିକ ବାହିନୀ ମିଳିତ ସର୍ଚ୍ଚ ଅପରେସନ୍ କରି ସରଣ୍ଡା ଜଙ୍ଗଲରୁ ମାଓବାଦୀଙ୍କ ଦ୍ୱାରା ଗଚ୍ଛିତ ଥିବା ପ୍ରାୟ ୧୮ ହଜାର ଡେଟୋନେଟର୍ ଜବତ କରିଥିଲେ।



ସୂଚନାଯୋଗ୍ୟ, ମାଓଅଧ୍ୟୁଷିତ ବଣାଇଁ ଉପଖଣ୍ଡକୁ ମାଓବାଦୀମୁକ୍ତ ଅଞ୍ଚଳ ଘୋଷଣା କରି ଏଠାରେ ମୁତୟନ ଅର୍ଦ୍ଧସାମରିକ ବାହିନୀ (ସିଆରପିଏଫ୍) ପୋଷ୍ଟଗୁଡ଼ିକୁ ୨୦୧୫ ମସିହାରେ ଅପସାରଣ କରି ନିଆଯାଇଥିଲା। ଫଳରେ, ବେଶ୍ କିଛି ଦିନ ନିରବ ରହିବା ପରେ ଛୋଟନାଗପୁର ମାଓ ଡିଭିଜନ୍ ଏବେ ପୁନଃସକ୍ରିୟ ହୋଇ ବଳ ଗୋଟାଇବାରେ ଲାଗିଥିବା କୁହାଯାଉଛି। ଦୀର୍ଘ ଦିନ ଧରି ସେମାନେ ଅସ୍ତିତ୍ୱ ଜାହିର କରିଥିବା ସତ୍ତ୍ୱେ ପୁଲିସ ହେୟମନୋଭାବ ପୋଷଣ କରି ଗୁରୁତ୍ୱ ନଦେବା ଏବଂ ପୁଲିସ ଓ ସାଧାରଣଲୋକଙ୍କ ସମ୍ପର୍କରେ ଦୂରତା ସୃଷ୍ଟି ମାଓ ସଂଗଠନ ପାଇଁ ଅଦୃଶ୍ୟ ବରଦାନ ସାଜିଥିବା ଏବେ ସ୍ପଷ୍ଟ ହୋଇଛି। ଦୀର୍ଘ ଦିନ ହେବ, ଓଡ଼ିଶା ସୀମାବର୍ତ୍ତୀ ଅଞ୍ଚଳରୁ ଅପସାରିତ ଅର୍ଦ୍ଧସାମରିକ ବାହିନୀଙ୍କୁ ପୁନଃ ଓଡ଼ିଶା-ଝାଡ଼ଖଣ୍ଡ ସୀମାରେ ମୁତୟନ ନକଲେ ଆଗକୁ ପରିସ୍ଥିତି ଅଣାୟତ୍ତ ହେବା ନିଶ୍ଚିତ ବୋଲି ଆଶଙ୍କା ପ୍ରକାଶ ପାଇଛି।

# ଭିଜିଲାନ୍ସ ଜାଲରେ ଆଉ ଜଣେ କୁବେର ଯନ୍ତ୍ରୀ

**ଟିଟିଲାଗଡ଼/ସମ୍ବଲପୁର/ଝାରସୁଗୁଡ଼ା, ୩।୭(ସମିସ):** ବାକ୍ସ ଖଟର ଗଦି ତଳେ ଥିଲା ସ୍ୱତନ୍ତ୍ର ଚାମ୍ବର। ତାଲା ପଡ଼ିଥିବା ଉକ୍ତ ଚାମ୍ବରକୁ ଖୋଲିବାରୁ ସେଥିରୁ ମିଳିଥିଲା ବିଡ଼ାବିଡ଼ା ଟଙ୍କା। ଏହାସହ ଘରେ ରହିଥିଲା ପୁଳାପୁଳା ସୁନା ଗହଣା। ଖାଲି ସେତିକି ନୁହେଁ, ବାବୁଙ୍କ ନାଁରେ ଅଛି ୪ଟି ବିଲ୍‌ଡିଂ, ୯ଟି ପ୍ଲଟ୍ ଓ ମାର୍କେଟ୍ କଂପ୍ଲେକ୍ସ। ବ୍ୟାଙ୍କ ଡିପୋଜିଟ୍ ଏବଂ ନିବେଶ ବି କମ୍ ନୁହେଁ। ଭିଜିଲାନ୍ସ ଆଜି ପୁଣି ଏକ ବଡ଼ ହାତ ମାରିଛି। ଆୟ ବହିର୍ଭୂତ ସଂପତ୍ତି ଠୁଳ ଅଭିଯୋଗରେ ଟିଟିଲାଗଡ଼ ଆର୍ ଆଣ୍ଡ ବି ସବ୍‌ଡିଭିଜନ୍‌ର ଅତିରିକ୍ତ ନିର୍ବାହୀ ଯନ୍ତ୍ରୀ ଡିଲେଶ୍ୱର ମାଝୀଙ୍କ ଟିଟିଲାଗଡ଼ସ୍ଥିତ କାର୍ଯ୍ୟାଳୟ ସମେତ ସମ୍ବଲପୁର, ଝାରସୁଗୁଡ଼ା, ବ୍ରଜରାଜନଗର ଆଦି ୬ଟି ସ୍ଥାନରେ ଏକକାଳୀନ ଚଢ଼ଉ କରି ବିପୁଳ ସଂପତ୍ତି ଠାବ କରିଛି।

ଗୁରୁବାର ସକାଳ ୭ଟାରୁ ଡିଲେଶ୍ୱରଙ୍କ ଝାରସୁଗୁଡ଼ା ଜିଲ୍ଲା ବ୍ରଜରାଜନଗର ଥାନା ଅଧୀନ ଗାନ୍ଧୀଛକସ୍ଥିତ ପୈତୃକ ବାସଭବନ, ମାର୍କେଟ କମ୍ପ୍ଲେକ୍ସ ଏବଂ ଲହଣ୍ଡାବୁନସ୍ଥିତ ଦୁଇଟି ଘରେ ଚଢ଼ଉ ହୋଇଥିଲା। ତାଙ୍କର ପୈତୃକ ଘରେ ଏବେ କେବଳ ଜଣେ ଜଗୁଆଳି ରହୁଥିଲେ। ଜରାଜୀର୍ଣ୍ଣ ଦିଶୁଥିବା ଏହି ଘରୁ ଜମିଜମା ସମ୍ପର୍କିତ ଅନେକ ମୂଲ୍ୟବାନ କାଗଜପତ୍ର ଜବତ ହୋଇଛି। ପରେ ଗାନ୍ଧୀଛକ ନିକଟରେ ଜାତୀୟ ରାଜପଥ-୪୯ ସମ୍ମୁଖରେ ଥିବା ଦୁଇ ମହଲା ମାର୍କେଟ କମ୍ପ୍ଲେକ୍ସର ସ୍ଥାନ ପରିସୀମା ଏବଂ ମୂଲ୍ୟ ଭିଜିଲାନ୍ସ ବିଭାଗ ଆକଳନ କରିଛି। ବିଭିନ୍ନ କାଗଜପତ୍ର ଯାଞ୍ଚ କରିବା ପରେ ଡିଲେଶ୍ୱରଙ୍କ ଝାରସୁଗୁଡ଼ା ବଡମାଲରେ ଏବଂ ବ୍ରଜରାଜନଗରରେ ମୂଲ୍ୟବାନ ପ୍ଲଟ ଥିବା ଜଣାପଡ଼ିଛି। ୪ଜଣ ଡିଏସପିଙ୍କ ନେତୃତ୍ୱରେ ହୋଇଥିବା ଚଢ଼ଉରେ ସମ୍ବଲପୁର ଭିଜିଲାନ୍ସ ଟିମ୍‌ର



■ ଖଟର ସ୍ୱତନ୍ତ୍ର ଚାମ୍ବରରୁ ମିଳିଲା ନଗଦ ୬.୫୭ ଲକ୍ଷ ଟଙ୍କା
■ ୪ ବିଲ୍ଡିଂ, ମାର୍କେଟ୍ କମ୍ପ୍ଲେକ୍ସ, ୯ଟି ପ୍ଲଟ୍ ଠାବ

ତିନିଜଣ ଇନ୍‌ସପେକ୍ଟର, ଜଣେ ଏଏସ୍‌ଆଇଙ୍କ ସମେତ ୫ ଜଣିଆ ଟିମ୍ ଝାରସୁଗୁଡ଼ାରେ ଚଢ଼ଉ କରି କାଗଜପତ୍ର ଯାଞ୍ଚ କରିଥିଲେ।

ଡିଲେଶ୍ୱରଙ୍କ ବିଭିନ୍ନ ଠିକଣାରେ ଚଢ଼ଉରେ ପୁଳାପୁଳା ଟଙ୍କା, ସୁନା ଗହଣା, ନଗଦ ଟଙ୍କା ଜବତ ହୋଇଛି। ଏ ପର୍ଯ୍ୟନ୍ତ ଠାବ ହୋଇଥିବା ସମ୍ପତ୍ତିରେ ୪ଟି ବିଲ୍ଡିଂ, ଏକ ମାର୍କେଟ କମ୍ପ୍ଲେକ୍ସ, ୯ଟି ମୂଲ୍ୟବାନ ପ୍ଲଟ, ୩ ଶହ ଗ୍ରାମ୍ ସୁନା, ନଗଦ ୬ ଲକ୍ଷ ଟଙ୍କା, ୨୦ ଲକ୍ଷ ଟଙ୍କାର ବ୍ୟାଙ୍କ ଡିପୋଜିଟ ଭିଜିଲାନ୍ସ ବିଭାଗ ଦ୍ୱାରା ଠାବ ହୋଇଛି। ସମ୍ବଲପୁରରେ ୪୫୦୦ ବର୍ଗଫୁଟର ଦୁଇ ମହଲା କୋଠା, ଝାରସୁଗୁଡ଼ା ବ୍ରଜରାଜନଗରରେ ୬୩୦୦ ବର୍ଗଫୁଟର ଦୁଇ ମହଲା ଘର ଓ ଏକ ମାର୍କେଟ କମ୍ପ୍ଲେକ୍ସ, ଲହଣ୍ଡା ବୁଡରେ ଦୁଇଟି ବିଲ୍ଡିଂ ଠାବ ହୋଇଛି। ବ୍ରଜରାଜନଗରରେ ଗୋଟିଏ, ବଡମାଲରେ ଗୋଟିଏ ଏବଂ ସମ୍ବଲପୁର ଟାଉନରେ ୬ଟି ଓ ସମ୍ବଲପୁର ଜିଲ୍ଲାରେ ଗୋଟିଏ ପ୍ଲଟ ଥିବା ଭିଜିଲାନ୍ସ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

■ **ବାପାଙ୍କୁ ମୁଖାଗ୍ନି ଦେବାକୁ ଆସୁଥିଲେ**

# ଦୁର୍ଘଟଣାରେ ଚାଲିଗଲା ପୁଅ-ବୋହୂଙ୍କ ଜୀବନ

**ଗଣିଆ/ବୌଦ୍ଧ/ନୂଆପଡ଼ା, ୩।୭ (ସମିସ):** ବାପାଙ୍କ ମୃତ୍ୟୁ ଖବର ପାଇ ପତ୍ନୀଙ୍କ ସହ ଗାଁକୁ ଆସୁଥିଲେ। ହେଲେ ବାଟରେ ଏକ ଦୁର୍ଘଟଣା ସେମାନଙ୍କ ଜୀବନ ନେଇଗଲା। ବୌଦ୍ଧ ଜିଲ୍ଲା ରାମ୍ପିକଟା ଟୋଲଗେଟ୍ ନିକଟରେ ଆଜି ଭୋର୍ ପ୍ରାୟ ୪ଟାରେ ଏହି ଦୁଃଖଦ ଘଟଣା ଘଟିଛି। ମୃତ ଦମ୍ପତି ହେଲେ, ନୟାଗଡ଼ ଜିଲ୍ଲା ଗଣିଆ ଅଞ୍ଚଳର ରାଜକିଶୋର ସାହୁ(୫୬) ଓ ତାଙ୍କ ପତ୍ନୀ ମୀନାରାଣୀ ସାହୁ। ସେମାନେ ଆସୁଥିବା କାର୍‌ଟି ରାସ୍ତାକଡ଼ରେ ଠିଆ ହୋଇଥିବା ଏକ ଟ୍ରକ୍‌କୁ ମୁହାଁମୁହିଁ ଧକ୍କା ଦେବାରୁ ଏହି ଅଘଟଣ ଘଟିଛି। ବୌଦ୍ଧ ଆଦର୍ଶ ଥାନା ପୁଲିସ୍ ଦୁହିଁଙ୍କ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହାସହ ଦୁର୍ଘଟଣାଗ୍ରସ୍ତ କାର୍ ଓ ଟ୍ରକ୍‌କୁ ଜବତ କରିଛି।

ସୂଚନାନୁଯାୟୀ, ରାଜକିଶୋର ଦୀର୍ଘ ବର୍ଷ ଧରି ନୂଆପଡ଼ା ଜିଲ୍ଲା କୋମନା ବ୍ଲକ୍ କୁରୁମପୁରୀ ସରସ୍ୱତୀ ହାଇସ୍କୁଲରେ ବିଜ୍ଞାନ ଶିକ୍ଷକ ଭାବେ କାର୍ଯ୍ୟ କରୁଥିଲେ। ୩ ବର୍ଷ ହେଲା ସେ ପ୍ରଧାନ ଶିକ୍ଷକ ଭାବେ ପଦୋନ୍ନତି ପାଇଥିଲେ। ନୂଆପଡ଼ା ଜିଲ୍ଲା ସଦର ମହକୁମା ନୀଳଶୈଳ ନଗରରେ ସେ ଘର କରି ସପତ୍ନୀକ ରହୁଥିଲେ। ବୁଧବାର ବିଳମ୍ବିତ ରାତିରେ ଗଣିଆ ପାଟଣାସାହିରେ ରହୁଥିବା ତାଙ୍କ ବାପା ଅବସରପ୍ରାପ୍ତ ଶିକ୍ଷକ ବଲ୍ଲଭ ସାହୁଙ୍କର ମୃତ୍ୟୁ ଘଟିଥିଲା। ଏହି ଖବର ପାଇ ପତ୍ନୀ ମୀନାରାଣୀଙ୍କ ସହ ରାଜକିଶୋର ରାତାରାତି ଏକ କାର୍‌ରେ ଗାଁକୁ ଆସୁଥିଲେ। ତେବେ ଭୋର୍ ପ୍ରାୟ ୪ଟାରେ ଖୋର୍ଦ୍ଧା-ବଲାଙ୍ଗିର ୫୭ ନମ୍ବର ଜାତୀୟ ରାଜପଥର ରାମ୍ପିକଟା ଟୋଲଗେଟ୍ ନିକଟରେ ଛିଡ଼ା ହୋଇଥିବା ଏକ ଟ୍ରକ୍ ସହ ତାଙ୍କ କାର୍‌ଟି ମୁହାଁମୁହିଁ ଧକ୍କା ହୋଇଥିଲା। ଦୁର୍ଘଟଣା ଏତେ ଭୟଙ୍କର ଥିଲା ଯେ କାର୍‌ର ସମ୍ମୁଖ ଭାଗ ଭାଙ୍ଗିରୁଜି ଚୂରମାର୍ ହୋଇଯାଇଥିଲା। ସ୍ଥାନୀୟ ଲୋକେ ଦୁହିଁଙ୍କୁ ସଙ୍ଗେସଙ୍ଗେ ବୌଦ୍ଧ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ସେମାନଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ୍ ଶବକୁ ବ୍ୟବଚ୍ଛେଦ କରାଇ



ପରିବାରଲୋକଙ୍କୁ ହସ୍ତାନ୍ତର କରିଥିଲା। ଗାଁରେ ଦୁହିଁଙ୍କ ଶବ ପହଞ୍ଚିବା ପରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ଗଣିଆ ଶ୍ମଶାନରେ ମୃତ ବଲ୍ଲଭ ସାହୁଙ୍କୁ ଅନ୍ତିମ ସଂସ୍କାର କରାଯାଇଥିବା ବେଳେ ପତି-ପତ୍ନୀଙ୍କୁ ପୁରୀ ସ୍ୱର୍ଗଦ୍ୱାର ନିଆଯାଇଥିଲା।

# ସଫଳତା ସାଉଣ୍ଟୁଛି 'ଆଇକନିକ୍ ଆଦର୍ଶ ବିଦ୍ୟାଳୟ'

**ଭୁବନେଶ୍ୱର, ୩।୭(ସମିସ):** ସଫଳତା ସାଉଁଟୁଛି ଅନ୍ଧାରୁଆସ୍ଥିତ ଆଇକନିକ୍ ଓଡ଼ିଶା ଆଦର୍ଶ ବିଦ୍ୟାଳୟ। ମାତ୍ର ୨ ବର୍ଷର ଏହି ଶିକ୍ଷାନୁଷ୍ଠାନର ପ୍ରାୟ ୨୦ ପ୍ରତିଶତରୁ ଅଧିକ ଛାତ୍ରଛାତ୍ରୀ ବିଭିନ୍ନ ଜାତୀୟ ସ୍ତରୀୟ ପ୍ରବେଶିକା ପରୀକ୍ଷାରେ କୃତକାର୍ଯ୍ୟ ହୋଇଛନ୍ତି। ଦେଶର ପ୍ରତିଷ୍ଠିତ ବୈଷୟିକ ଶିକ୍ଷାନୁଷ୍ଠାନରେ ପଢ଼ିବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ନିଟ୍ ପରୀକ୍ଷାରେ ଉତ୍ତମ ପ୍ରଦର୍ଶନ କରି ଡାକ୍ତରୀ ପଢୁଛନ୍ତି। କେବଳ ଆଇକନିକ୍ ବିଦ୍ୟାଳୟ ନୁହେଁ; ପ୍ରତି ବ୍ଲକ୍‌ରେ ପ୍ରତିଷ୍ଠିତ ଆଦର୍ଶ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ମଧ୍ୟ ଜାତୀୟ ସ୍ତରର ପରୀକ୍ଷାରେ ସଫଳତା ହାସଲ କରୁଛନ୍ତି। ଫଳରେ ଆଦର୍ଶ ବିଦ୍ୟାଳୟ ଓ ଆଇକନିକ୍ ଆଦର୍ଶ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପ୍ରଥମ ପସନ୍ଦ ପାଲଟିଛି।

ଆଇକନିକ୍ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ୨୦୨୨ରେ ଆରମ୍ଭ ହେବା ପରେ ଦୁଇଟି ବ୍ୟାଚ୍‌ରେ ଛାତ୍ରଛାତ୍ରୀମାନେ ଦ୍ୱାଦଶ ଶ୍ରେଣୀ ଉତ୍ତୀର୍ଣ୍ଣ ହୋଇଛନ୍ତି। ପ୍ରତିବର୍ଷ ୫ଶହ ପିଲା ଲେଖାଏଁ ମୋଟ୍ ହଜାରେ ଛାତ୍ରଛାତ୍ରୀ କୃତକାର୍ଯ୍ୟ ହୋଇଛନ୍ତି। ତନ୍ମଧ୍ୟରୁ ୧୩୮ ଜଣରୁ ଅଧିକ ପିଲା ଜେଇଇ ପରୀକ୍ଷାରେ କୃତକାର୍ଯ୍ୟ ହେବା ସହ ଦେଶର ବିଭିନ୍ନ ପ୍ରତିଷ୍ଠିତ ବୈଷୟିକ ଶିକ୍ଷାନୁଷ୍ଠାନରେ ପଢୁଛନ୍ତି। ସେହିପରି ପ୍ରାୟ ୩୫ଜଣ ପିଲା ନିଟ୍ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇ ଡାକ୍ତରୀ ପଢ଼ିବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ସଫଳତା ପାଇଥିବା ଛାତ୍ରଛାତ୍ରୀଙ୍କ କହିବା ଅନୁଯାୟୀ, ଆଇକନିକ୍ ଆଦର୍ଶ ବିଦ୍ୟାଳୟର ଶିକ୍ଷାଦାନ ଶୈଳୀ ଓ ଶୈକ୍ଷିକ ବାତାବରଣ ସେମାନଙ୍କୁ ସଫଳତା ପାଇବାରେ ସହଯୋଗ କରୁଛି। ସକାଳ ୭.୪୫ରୁ ଅପରାହ୍ନ ୧.୩୦ ପର୍ଯ୍ୟନ୍ତ ଶ୍ରେଣୀଗୃହରେ ପାଠପଢ଼ା ହେଉଛି। ଛାତ୍ରଛାତ୍ରୀଙ୍କ ଦ୍ୱନ୍ଦ ଦୂର କରିବାକୁ ଶିକ୍ଷକମାନେ ପ୍ରାଥମିକତା ଦେଉଛନ୍ତି। ଦୈନିକ ଘଣ୍ଟାଏ ଲେଖାଏଁ ଏଥିପାଇଁ ଧାର୍ଯ୍ୟ କରାଯାଇଥିବାବେଳେ ଆବଶ୍ୟକସ୍ଥଳେ ଅତିରିକ୍ତ ସମୟ ଦେଇ ପିଲାଙ୍କୁ ବୁଝାଇଥା'ନ୍ତି। ଯେଉଁଦିନର ପାଠ ସେହିଦିନ ସାରିବାକୁ ପ୍ରୋତ୍ସାହିତ

■ ଦୁଇ ବର୍ଷରେ ୨ଶହ ପିଲା ନେଟ୍ ଓ ଜେଇଇ କୃତକାର୍ଯ୍ୟ
■ ଆକୃଷ୍ଟ କରୁଛୁ ଅତ୍ୟାଧୁନିକ ଶିକ୍ଷାଦାନ, ଶୈକ୍ଷିକ ପରିବେଶ
■ ନବୀନ ପଟ୍ଟନାୟକଙ୍କ ପରିକଳ୍ପନାକୁ ମିଳିଛି ଅନନ୍ୟ ସଫଳତା

କରାଯାଉଥିବାରୁ ଆଗ୍ରହ ବହୁଗୁଣିତ ହେଉଛି।

ଅନ୍ୟପକ୍ଷରେ ଅନ୍ଧାରୁଆ ଆଇକନିକ୍ ଆଦର୍ଶ ବିଦ୍ୟାଳୟରେ ରହିଛି ୨୬ଟି ଅତ୍ୟାଧୁନିକ ଶ୍ରେଣୀଗୃହ, ଆଇସିଟି ଲ୍ୟାବ୍, ୮ଟି ଅତ୍ୟାଧୁନିକ ସାଇନ୍ସ ଲ୍ୟାବ୍ ଓ ଗ୍ରନ୍ଥାଗାର, ଯାହା ଛାତ୍ରଛାତ୍ରୀଙ୍କୁ ପଢ଼ିବା ପାଇଁ ଆଗ୍ରହ ବଢ଼ାଇବା ସହ ଉତ୍ତମ ବୈଷୟିକ ଶିକ୍ଷା ଗ୍ରହଣରେ ବିଶେଷ ସହାୟକ ହୋଇଛି। ୧୩ ଏକର ଜମିରେ ପ୍ରତିଷ୍ଠିତ ଏହି ଶିକ୍ଷାନୁଷ୍ଠାନରେ ଛାତ୍ରଛାତ୍ରୀଙ୍କ ପାଇଁ ଦୁଇଟି ଲେଖାଏଁ ଛାତ୍ରନିବାସ ଓ ଛାତ୍ରୀନିବାସ, ଶିକ୍ଷକଙ୍କ ପାଇଁ ୨୨ଟି ବାସଗୃହ, ୮ଟି ଅତିଥି କକ୍ଷ ଓ ୩୦ ଜଣଙ୍କ ପାଇଁ ଏକ ବିଶ୍ରାମାଗାର, ସେଣ୍ଟ୍ରାଲ କିଚେନ ଓ ଡାଇନିଙ୍ଗ, ଡର୍ମିଟୋରି, ପାର୍କ ଓ ବଗିଚାର ବ୍ୟବସ୍ଥା ହୋଇଛି। ୧୨ ଏକର ଜମିରେ ଦୌଡ଼କୁଦ ଟ୍ରାକ୍, ଫୁଟବଲ୍ ପଡ଼ିଆ, ବ୍ୟାଡ୍‌ମିଣ୍ଟନ୍ ଓ ଭଲିବଲ୍ କୋର୍ଟ ଆଦି ମୁକ୍ତାକାଶ କ୍ରୀଡ଼ା ସୁବିଧା ପିଲାମାନଙ୍କ ଶାରୀରିକ ଭାବେ ସୁସ୍ଥ ରଖିବା ସହ ମନକୁ ପ୍ରଫୁଲ୍ଲ କରୁଛି। ଫଳରେ ମାତ୍ର ଦୁଇବର୍ଷରେ ଏହି ସରକାରୀ ବିଦ୍ୟାଳୟ ଛାତ୍ରଛାତ୍ରୀ ଓ ଅଭିଭାବକଙ୍କ ଦୃଷ୍ଟି ଆକର୍ଷଣ କରିପାରିଛି।

ନବୀନ ପଟ୍ଟନାୟକ ମୁଖ୍ୟମନ୍ତ୍ରୀ ଥିବା ସମୟରେ ପ୍ରଥମ ଥର ପାଇଁ ସିବିଏସ୍‌ଇ ପାଠ୍ୟକ୍ରମ ଆଧାରିତ ଇଂରାଜୀ ମାଧ୍ୟମ ବିଦ୍ୟାଳୟ ଢାଞ୍ଚାରେ ରାଜ୍ୟରେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ (ଓଏଭି)ର ପରିକଳ୍ପନା କରିଥିଲେ। ପୁଣି ସମସ୍ତ ଓଏଭିରୁ ମେଧାବୀ ଛାତ୍ରଛାତ୍ରୀଙ୍କୁ ନେଇ ଆଇକନିକ୍ ଓଏଭି କରିବାକୁ ଯୋଜନା କଲେ। ଉନ୍ନତମାନର ଓ ଅତ୍ୟାଧୁନିକ ଶିକ୍ଷାଦାନ ବ୍ୟବସ୍ଥା କରି ଓଡ଼ିଆ ପିଲାଙ୍କୁ ଦେଶରେ ପ୍ରତିଷ୍ଠିତ କରିବାକୁ ରୋଡ୍ ମ୍ୟାପ୍ କଲେ। ଯାହାର ସୁଫଳ ମାତ୍ର ଦୁଇବର୍ଷରୁ ରାଜ୍ୟର ଛାତ୍ରଛାତ୍ରୀମାନେ ପାଇପାରୁଛନ୍ତି। ଶିକ୍ଷାକ୍ଷେତ୍ରରେ ରାଜ୍ୟ ପାଇଁ ଏହା ଏକ ମାଇଲ୍‌ଷ୍ଟୋନ୍ ବୋଲି ଅଭିଭାବକ ଓ ଶିକ୍ଷାବିତ୍‌ମାନେ ମତବ୍ୟକ୍ତ କରିଛନ୍ତି।



### ଗ୍ରାହକଙ୍କୁ ଭୁଆଁ ବୁଲାଉଛନ୍ତି ବ୍ୟବସାୟୀ

# ବର୍ଷା ଆଳ; ବଢୁଛି ପରିବା ଦର

ଭୁବନେଶ୍ୱର, ୩।୭ (ସମିସ)



ରାଜ୍ୟରେ ଲଗାଣ ବର୍ଷା ଯୋଗୁଁ ପରିବା ଦର ବୃଦ୍ଧି ହେଉଛି। କେତେକ ସ୍ଥାନରେ ଲୋକମାନେ ପାଣି ଘେରରେ ରହିଥିବା ବେଳେ ଚାଷ ଜମି ଉପରେ ପାଣି ପ୍ରବାହିତ ହେଉଛି। ଫଳରେ ବଜାରରେ ପରିବା ଅଭାବ ହେତୁ ଦର ବଢୁଥିବା ବ୍ୟବସାୟୀମାନେ କହିଛନ୍ତି। କେତେକ ପରିବା ୧୦୦ଟଙ୍କା ଟପିଥିବା ବେଳେ ପ୍ରତ୍ୟେକ ପରିବା କିଲୋ ପିଛା ଦୁଇ ଦିନ ମଧ୍ୟରେ ୧୦ରୁ ୧୫ ଟଙ୍କା ଲେଖାଏଁ ବୃଦ୍ଧି ପାଇଛି। ଫଳରେ ଖାଉଟିମାନେ ପ୍ରଭାବିତ ହେଉଛନ୍ତି। ଅନେକଙ୍କ ଖାଇବା ଥାଳିରୁ ପରିବା ବି ଉଭାନ୍ ହୋଇଗଲାଣି।

- **ଉତ୍ପାଦନ କମିଛି, ବାହାର ରାଜ୍ୟ ହିଁ ଭରସା**
- **ଅନ୍ୟ ରାଜ୍ୟରେ ବନ୍ୟା ପାଇଁ ଆସିପାରୁନି ପରିବା: ସଂଘ**

ଚଳିତବର୍ଷ ଲଗାଣ ବର୍ଷା ଯୋଗୁଁ ସପ୍ତାହେ ପୂର୍ବରୁ ଯେଉଁ ପରିବା ଦର କିଲୋ ପିଛା ୫୦ ମଧ୍ୟରେ ସୀମିତ ରହିଥିଲା ଏବେ ତାହା ୭୦ ଛୁଇଁଛି। ଆଉ କେତେକ ପରିବା ୧୦୦ଟଙ୍କାରେ ପହଞ୍ଚିଛି। ଟମାଟୋ କିଲୋ ୨୦ରୁ ୩୦, ପୋଟଳ ୭୦, ଭେଣ୍ଡି ୬୦, କଖାରୁ ୪୦, କ୍ୟାପସିକମ୍ ୧୨୦, ଗାଜର ୬୦, ବିନସ୍ ୧୨୦, କାକୁଡ଼ି ୬୦, ଜହ୍ନି ୮୦, କାଙ୍କଡ଼ ୨୦୦, ଫୁଲକୋବି ଗୋଟାକୁ ୭୦, ବାଇଗଣ ୭୦ରୁ ୮୦, ଧଣିଆ ବିଡ଼ା ୩୦, ପୁଦିନା ବିଡ଼ା ୩୦ ଟଙ୍କାରେ ପହଞ୍ଚିଛି। ସେହିପରି କୋଶିଳା, କଳମ, ଖଡ଼ା, ଲେଉଟିଆ ଆଦି ଶାଗର ଦର ମଧ୍ୟ ବୃଦ୍ଧି ପାଇଥିବା ଦେଖିବାକୁ ମିଳିଛି। ତେବେ ବର୍ଷା ପାଇଁ ପରିବା ଆମଦାନୀ ହୋଇପାରୁ ନଥିବାରୁ ଦର ବୃଦ୍ଧି ପାଉଥିବା ବ୍ୟବସାୟୀମାନେ କହିଛନ୍ତି। ତେବେ ବର୍ଷା ଆଳରେ ବ୍ୟବସାୟୀମାନେ ପରିବା ଦର ମନକୁ ମନ ବୃଦ୍ଧି କରୁଥିବା ଅଭିଯୋଗ ହୋଇଛି। ବିଶେଷ କରି ଆଳୁ ପିଆଜ ମଧ୍ୟ କେତେକ ଖୁଚୁରା ବ୍ୟବସାୟୀ କିଲୋପିଛା ୫ରୁ ୭ଟଙ୍କା ଚଢ଼ା ଦରରେ ବିକ୍ରି କରୁଛନ୍ତି। ଏନେଇ ବ୍ୟବସାୟୀ ସଂଘର ସଭାପତି ସୁଧାକର ପଣ୍ଡା କହିଛନ୍ତି ଯେ, ପୂର୍ବରୁ ଓଡ଼ିଶାରେ ଯେଉଁ ପରିମାଣରେ ଚାଷ ହେଉଥିଲା ତାହା ଏବେ ହେଉ ନାହିଁ। ତେଣୁ ବର୍ଷ ସାରା ୮୦ ପ୍ରତିଶତ ପରିବା ପାଇଁ ବାହାର ରାଜ୍ୟକୁ ଆମେ ଭରସା କରୁଛୁ। ଆଳୁ, ପିଆଜ ଠାରୁ ଆରମ୍ଭ କରି ଫୁଲ କୋବି, ବନ୍ଧା କୋବି, ଟମାଟୋ, ବାଇଗଣ, ଗାଜର, ବିଟ୍, କ୍ୟାପସିକମ୍, ଝୁଡ଼ଙ୍ଗ, ପୋଟଳ ଆଦି ପରିବା ରାଜ୍ୟ ବାହାରୁ ଆମଦାନୀ କରାଯାଉଛି। ଚାଷୀକୁ ଚାଷ କରିବାକୁ ପ୍ରୋତ୍ସାହନ ଦେବା, ତାର ଆତ୍ମବିଶ୍ୱାସ ବୃଦ୍ଧି କରିବା ଏବଂ ବଜାରୀକରଣ ପାଇଁ ସୁବିଧା ଯୋଗାଇ ଦିଆଯାଆନ୍ତା ତେବେ ତେବେ ଚାଷୀ ଚାଷ କରିବାକୁ ଆଗ୍ରହ ପ୍ରକାଶ କରିନ୍ତେ। ଆମେ ନୂଆ ସରକାରଙ୍କ ଉପରେ ଯେଉଁ ଆଶା ରଖିଥିଲୁ ଯେ, ସରକାର କ୍ରିୟାଶୀଳ ହେବେ, ବାସ୍ତବ ଚିନ୍ତାଧାରା ନେଇ କାମ କରିବେ ତାହା ବର୍ତ୍ତମାନ ସୁଦ୍ଧା ଲକ୍ଷ୍ୟ କରାଯାଇ ପାରନି। କାରଣ ଚାଷୀ ଚାଷ ନକଲେ ଆମେ ଅନ୍ୟ ରାଜ୍ୟକୁ ଭରସା କରିବା। ବର୍ତ୍ତମାନ ହେଲେ ଗୁଜୁରାଟ, ମହାରାଷ୍ଟ୍ର, କର୍ଣ୍ଣାଟକ, ମଧ୍ୟପ୍ରଦେଶରେ ଯେଉଁଭଳି ବର୍ଷା ଲାଗି ରହିଛି ଅନେକ ସ୍ଥାନରେ ବନ୍ୟା ପରିସ୍ଥିତି ଉପୁଜିଛି। ତେଣୁ ଅନେକ ପରିବା ନଷ୍ଟ ହେବା ସହ ଟ୍ରାନ୍ସପୋର୍ଟେସନ୍ ପାଇଁ ଦର ଆହୁରି ବଢ଼ିପାରେ। ହେଲେ ବାଲେଶ୍ୱରକୁ ବାଦ୍ ଦେଲେ ଓଡ଼ିଶାରେ ଅନ୍ୟ ସ୍ଥାନରେ ବନ୍ୟା ପରିସ୍ଥିତି ଯଦିଓ ସୃଷ୍ଟି ହୋଇ ନାହିଁ, କିନ୍ତୁ ବନ୍ୟା ପାଇଁ ଓଡ଼ିଶାରେ ପରିବା ଚାଷ ଉପରେ ପ୍ରଭାବ ପଡ଼ିବ ନାହିଁ। କାରଣ ଓଡ଼ିଶାରେ ଚାଷୀମାନେ ଆଉ ପୂର୍ବଭଳି ପରିବା ଚାଷ କରୁନାହାନ୍ତି। ଏମିତିକି ଗାଁ ଗଣ୍ଡାରେ ପୂର୍ବରୁ ନିଜ ବାଡ଼ି ବଗିଚାରେ ଯେଉଁ ଚାଷ କରୁଥିଲେ ତାହା ବି ହେଉ ନାହିଁ। ପୂର୍ବରୁ ଓଡ଼ିଶାର କଖାରୁ, ଭେଣ୍ଡି, କାକୁଡ଼ି, ଜହ୍ନି, ଟମାଟୋ, ବାଇଗଣ, ଛଚିନ୍ଦ୍ରା, ପୋଟଳ, କାକୁଡ଼ି ଆଦି ଲୋକାଲ୍ ପରିବା ଆମଦାନୀ ହେଉଥିଲା। ବର୍ତ୍ତମାନ ମହାରାଷ୍ଟ୍ର, କର୍ଣ୍ଣାଟକ, ରାଞ୍ଚି, ବିହାର, ଆନ୍ଧ୍ରପ୍ରଦେଶ, ତାମିଲନାଡୁ, ପଶ୍ଚିମବଙ୍ଗ ଆଦି ରାଜ୍ୟରୁ ପରିବା ଆମଦାନୀ ହେଉଥିବାରୁ ସେଠାରେ ବନ୍ୟା ପରିସ୍ଥିତି ସୃଷ୍ଟି ହେଲେ ପରିବା ଦର ବୃଦ୍ଧି ପାଇବା ସ୍ୱାଭବିକ।

### 'ଗୁହାରି' ଉଦ୍‌ଯାପିତ

## ଶେଷ ସନ୍ଧ୍ୟାରେ ଭକ୍ତି ସଙ୍ଗୀତର ନୈବେଦ୍ୟ



ଭୁବନେଶ୍ୱର, ୩।୭ (ସମିସ): ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଆନୁକୂଲ୍ୟରେ ଓ ଗୁରୁ କେଳୁଚରଣ ମହାପାତ୍ର ଓଡ଼ିଶୀ ଗବେଷଣା କେନ୍ଦ୍ର ଦ୍ୱାରା ଉତ୍କଳ ରଙ୍ଗମଞ୍ଚରେ ଆୟୋଜିତ ଶ୍ରୀଜଗନ୍ନାଥଙ୍କ ଭକ୍ତି ସଙ୍ଗୀତ ସମାରୋହ 'ଗୁହାରି ୨୦୨୫' ଉଦ୍‌ଯାପିତ ହୋଇଯାଇଛି। ଶେଷ ସନ୍ଧ୍ୟାରେ କଣ୍ଠଶିଳ୍ପୀ ବିଭୁ କିଶୋର ପରିବେଷଣ କରିଥିଲେ ଭୀମଭୋଇଙ୍କ ରଚନାରୁ ସମର୍ପି ଦେଲି ଓ ବନମାଳୀଙ୍କ ରଚିତ ଦୀନବନ୍ଧୁ ଦୈତାରୀ। ପରେପରେ ଦୀପ୍ତିରେଖା ପାଢ଼ୀ ଭୀମଭୋଇଙ୍କ ରଚିତ ଜଗବନ୍ଧୁ ପରି ଜଣେ ସାମନ୍ତ ଓ ଦୀନବନ୍ଧୁ ଏହି ଅଳି ଶ୍ରୀ ଛାମୁରେ ଗାୟନ କରିଥିଲେ। ସେହିପରି ଅଚ୍ୟୁତ ମହାରଣା ବନମାଳୀଙ୍କ ରଚିତ ଭୂଜତଳେ ମତେ ଓ ଲୋକନାଥ ପଟ୍ଟନାୟକଙ୍କ ରଚିତ ହେ ମଣିମା ପରିବେଶେ କରିଥିବା ବେଳେ ଅନ୍ତରା ଚକ୍ରବର୍ତ୍ତୀ ଜଗନ୍ନାଥ କଲେ ଯା ଅନାଥ ଓ ଜଗନ୍ନାଥ ହୋ କିଛି ମାଗୁ ନାହିଁ ତୋତେ ପରିବେଷଣ କରି ଦର୍ଶକଙ୍କୁ ମନ୍ତ୍ରମୁଗ୍ଧ କରିଥିଲେ। ଏହାପରେ ରାଜେନ୍ଦ୍ର କୁମାର ସ୍ୱାଇଁ, ସର୍ବେଶ୍ୱର ବୈଠାରୁ, କେଶବ ସାହୁ ପ୍ରମୁଖ ଜଗନ୍ନାଥ ଭଜନ ପରିବେଷଣ କରି ଦର୍ଶକଙ୍କୁ ବିମୋହିତ କରିଥିଲେ। ଅତିଥିଭାବେ ଗାୟିକା ତୃପ୍ତି ଦାସ, ଗୁରୁ କେଳୁଚରଣ ମହାପାତ୍ର ଓଡ଼ିଶୀ ଗବେଷଣା କେନ୍ଦ୍ରର ସମସ୍ତ ଗୁରୁଙ୍କ ସମେତ ଗବେଷଣା କେନ୍ଦ୍ରର ପ୍ରଶାସନିକ ଅଧିକାରୀ ଅନୁଜା ତାରିଣୀ ମିଶ୍ର ଯୋଗଦେଇଥିଲେ। କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ ଡ. ମୃତ୍ୟୁଞ୍ଜୟ ରଥ।

## ଇଂଲଣ୍ଡରେ ଗଡ଼ିଲା ରଥ



ଭୁବନେଶ୍ୱର, ୩।୭ (ସମିସ): ଇଂଲଣ୍ଡର ମାଞ୍ଚେଷ୍ଟର ମହାନଗରୀଠାରେ ପଞ୍ଚମ ରଥଯାତ୍ରା ଉତ୍ସବ ମହାସମାରୋହରେ ପାଳନ କରାଯାଇଥିବା ଜଣାଯାଇଛି। ଏହି ଉପଲକ୍ଷେ ଚାରି ଦିଅଁ ବିରାଜମାନ କରୁଥିବା ଗୀତା ଭବନକୁ ବେଶ ଚିତ୍ତାକର୍ଷକ ଭାବରେ ସଜା ଯାଇଥିବା ଦେଖା ଯାଇଥିଲା। ଏଠାରେ ମୁଖ୍ୟ ପୂଜାରୀ ପଣ୍ଡିତ ଶ୍ୟାମ ସୁନ୍ଦର ଶର୍ମାଙ୍କର ତତ୍ତ୍ୱାବଧାନରେ ସକାଳୁ ସ୍ୱତନ୍ତ୍ର ପୂଜାର୍ଚ୍ଚନା ଓ ରୀତିନୀତି ଧାର୍ମିକ ବିଧି ମୁତାବକ ସମ୍ପନ୍ନ କରାଯାଇଥିଲା। ନର୍ଥୱେଷ୍ଟ ଓଡ଼ିଶା ସୋସାଇଟି ଦ୍ୱାରା ଆୟୋଜିତ ଚଳିତବର୍ଷର ଘୋଷଯାତ୍ରାରେ ସହସ୍ରାଧିକ ଓଡ଼ିଆ ଓ ଅଣଓଡ଼ିଆ ଭକ୍ତଗଣଙ୍କର ସମାଗମ ହୋଇଥିବା ଲକ୍ଷ୍ୟ କରାଯାଇଥିଲା। ଦିନ ୧୨ଟା ୪୫ ମିନିଟରେ ଚତୁର୍ଦ୍ଧା ମୂର୍ତ୍ତିଙ୍କୁ ଧାଡ଼ି ପହଣ୍ଡି କରାଯାଇ ଗୀତା ଭବନ ସାମ୍ନାରେ ଦଣ୍ଡାୟମାନ ସୁନ୍ଦର, ସୁଶୋଭିତ ଏବଂ ବିଭିନ୍ନ ରଙ୍ଗବେରଙ୍ଗ କପଡ଼ାରେ ସୁସଜ୍ଜିତ ୧୮ ଫୁଟ ଉଚ୍ଚତା ବିଶିଷ୍ଟ ରଥ ଉପରକୁ ନିଆଯାଇଥିଲା। ହରିବୋଲ, ହୁଳହୁଳି ଏବଂ ଜୟ ଜଗନ୍ନାଥ ଧ୍ୱନି ସହ ଭଜନ କୀର୍ତ୍ତନର ମୃଦୁମନ୍ଦ ନାଦରେ ସମଗ୍ର ଗଗନ ପବନ ପ୍ରକମ୍ପିତ ହୋଇ ଉଠିଥିଲା। ବିଶେଷକରି ଏଠାରେ ମହିଳାମାନେ ରୋଷଣୀକରି ମା ସୁଭଦ୍ରାଙ୍କର ପହଣ୍ଡି ବିଜେ କରାଇଥିଲେ। ଅପରାହ୍ଣ ୧ଟା ୧୫ମିନିଟରେ ରଥଟଣା ପ୍ରକ୍ରିୟା ଆରମ୍ଭ କରାଯାଇଥିଲା। ମାଞ୍ଚେଷ୍ଟରର ରାଜରାସ୍ତାରେ ଗଡ଼ି ଚାଲିଥିବା ରାଜକୀୟ ରଥ ଉପରେ ବଡ଼ ଠାକୁରଙ୍କ ଦର୍ଶନ କରି ଉଭୟ ଦେଶୀ ଓ ବିଦେଶୀ ଭକ୍ତମାନେ କୃତ କୃତ୍ୟ ହେଉଥିବା ଦେଖାଯାଇଥିଲା। ଚଳନ୍ତି ରଥରେ କିଛି ଯାନ୍ତ୍ରିକ ତ୍ରୁଟି ଯୋଗୁଁ ଏହା ଅଟକିବାକୁ ଯାଉଥିବା ସମୟରେ କୁଶଳୀ କାରିଗର ସିମରନଜିତ ସିଂହ, ତାଙ୍କର କାରିଗରୀ କରିସ୍ମା ପ୍ରଦର୍ଶନ କରି ନିମିଷକ ମଧ୍ୟରେ ରଥକୁ ସଜାଡ଼ି ଦେବାର ଅନୁଭୂତି ଅଲୌକିକ ଥିଲା। ରଥଟିକୁ ୱିଲବ୍ରହମ୍ ରୋଡ, ସେଣ୍ଟ ୱେରବ୍ରୋ ରୋଡ, ବ୍ରାଣ୍ଟିଂଗହୋମ ରୋଡ ଓ ୱିଦିଂଟଙ୍ଗ ରୋଡ ଆଦି ବାଟ ଦେଇ ନଗର ପରିକ୍ରମା କରାଯାଇ ପୁଣି ଗୀତା ଭବନର ବେଢ଼ାକୁ ଫେରାଇ ଅଣାଯାଇଥିଲା। ଚଳିତ ବର୍ଷର ରଥଯାତ୍ରା ଅବସରରେ ଏକ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା।

## ସାଧୁଭିକ୍ଷା ସହ ପଠନ ସାମଗ୍ରୀ ବଣ୍ଟନ

ଭୁବନେଶ୍ୱର, ୩।୭ (ସମିସ): ମହିମା ସେବା ଫାଉଣ୍ଡେସନ ପକ୍ଷରୁ ଅନ୍ଧାରୁଆସ୍ଥିତ ପାଦପଦ୍ମ ପାହାଡ଼ ଠାରେ ପାଳିତ ହୋଇଯାଇଛି। ଫାଉଣ୍ଡେସନର ପରିଚାଳନା ନିର୍ଦ୍ଦେଶକ ନାରାୟଣ ଖୁଣ୍ଟିଆଙ୍କ ପୌରୋହିତ୍ୟ ଓ ସାମ୍ବାଦିକା ରୀନା ମହାନ୍ତିଙ୍କ ସଂଯୋଜନାରେ ସାଧୁ ଭିକ୍ଷା ସହ କିଛି ବିଦ୍ୟାର୍ଥୀଙ୍କୁ ପଠନ ସାମଗ୍ରୀ ବଣ୍ଟନ କରାଯାଇଥିଲା। କାର୍ଯ୍ୟକ୍ରମରେ ଅତିଥି ଭାବେ ମହିମା ସାଧୁ ମଧୁସୂଦନ ଦାସ, ଉତ୍କଳ ବୁଲେଟିନ ସମ୍ପାଦକ ଅରବିନ୍ଦ ତ୍ରିପାଠୀ, ସମାଜସେବୀ ପଦ୍ମଚରଣ ବେହେରା ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ମନ୍ମଥ, ହୃଦାନନ୍ଦ,



ନାରାୟଣ ଖୁଣ୍ଟିଆ ପରିଚାଳନା କରିଥିବା ବେଳେ ରାଜଲକ୍ଷ୍ମୀ କର ଧନ୍ୟବାଦ ଅର୍ପଣ କରିଥିଲେ। ସମାଜସେବିକା ବନୋଜୋତ୍ସ୍ନା ଭୁଜବଳଙ୍କ ସୁପୁତ୍ର ସାଇରାଜଙ୍କ ଚତୁର୍ଥ ଜନ୍ମ ଦିବସ ଅବସରରେ ଏହି କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା।

## ବନମହୋତ୍ସବ ଉପଲକ୍ଷେ ଶିଶୁ ପ୍ରତିଭା ଅନ୍ୱେଷଣ



ବାଲିଅନ୍ତା, ୩।୭ (ସମିସ): ବାଲିଅନ୍ତା ବ୍ଲକ ଅନ୍ତର୍ଗତ ଝିଇଁଣ୍ଟି ଶାସନ ପଞ୍ଚାୟତ ସରକାରୀ ଉଚ୍ଚ ବିଦ୍ୟାଳୟରେ ପରିବେଶଭିତ୍ତିକ ସାମାଜିକ ଅନୁଷ୍ଠାନ ଗ୍ରୀନ ଜୟଦେବ ଫାଉଣ୍ଡେସନ ଟ୍ରଷ୍ଟ ଓ କାଞ୍ଚନ ଫାଉଣ୍ଡେସନ, ନିର୍ମାଣ ଏଜୁକେସନାଲ ଟ୍ରଷ୍ଟ ମିଳିତ ସହଯୋଗରେ ୭୬ତମ ବନ ମହୋତ୍ସବ ପାଳିତ ହୋଇଯାଇଛି। ଏହି ଉତ୍ସବରେ ମୁଖ୍ୟ ଅତିଥି ଭାବେ ଶିକ୍ଷାବିତ୍ ବିଧୁଭୂଷଣ ପଟ୍ଟନାୟକ ଯୋଗଦେଇ ବନ ମହୋତ୍ସବ ସପ୍ତାହର ଉଦ୍ଦେଶ୍ୟ ସାମ୍ପ୍ରତିକ ପରିସ୍ଥିତିରେ ସମାଜରେ ବୃକ୍ଷ ରୋପଣ ଆବଶ୍ୟକତା ଓ ବିଦ୍ୟାର୍ଥୀମାନଙ୍କ ଶୃଙ୍ଖଳିତ ବିଷୟରେ ପରାମର୍ଶ ଦେଇଥିଲେ। ସେହିପରି ବୃକ୍ଷର ଅନେକ ଶତ୍ରୁ ଥିଲେ ମଧ୍ୟ ସମସ୍ତ ଜିବ ଜଗତକୁ କେବଳ ଦାନ ଛଡ଼ା ତା'ର କିଛି ପାଇବାର ଆଶା ନ ଥାଏ। ସମ୍ମାନୀତ ଅତିଥି ଭାବେ ସମାଜସେବୀ ଚକ୍ରଧର ନାୟକ, ଯୁବ ସମାଜସେବୀ ପ୍ରଦୀପ୍ତ କୁମାର ମହାନ୍ତି, ପ୍ରକୃତି ବନ୍ଧୁ ନିରଞ୍ଜନ ସେନାପତି ତାଙ୍କ ବକ୍ତବ୍ୟରେ ଗଛର ଉପକାରିତା ବିଷୟରେ ଉଦବୋଧନ ସହିତ ପିଲାମାନଙ୍କୁ ପରିବେଶ ସୁରକ୍ଷା ଓ ଉତ୍ତମ ଛାତ୍ରଛାତ୍ରୀ ହେବାନେଇ ପରାମର୍ଶ ଦେଇଥିଲେ। ଯୁବ ସମାଜସେବୀ ତଥା କାଞ୍ଚନ ଫାଉଣ୍ଡେସନର ସଭାପତି ରଞ୍ଜନ କୁମାର ମହାପାତ୍ର ସଭାପତିତ୍ୱ କରିଥିଲେ। ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଶ୍ରୀମତି ସଂଜ୍ଞା ପଟ୍ଟନାୟକ ଉପସ୍ଥିତିରେ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ରହି ବିଭିନ୍ନ ପ୍ରକାରର ବୃକ୍ଷ ରୋପଣ କରାଯାଇଥିଲା। ଛାତ୍ରଛାତ୍ରୀ ମାନଙ୍କୁ ନେଇ ବିଭିନ୍ନ ପ୍ରତିଯୋଗିତା କରାଯାଇ କୃତି ଛାତ୍ରଛାତ୍ରୀମାନଙ୍କୁ ଅତିଥିମାନଙ୍କ ଦ୍ୱାରା ପ୍ରଶଂସା ପତ୍ର ପ୍ରଦାନ କରାଯାଇଥିଲା। ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଓ ବିଦ୍ୟାର୍ଥୀ ଉପସ୍ଥିତି ରହି ବୃକ୍ଷ ରୋପଣ କରିଥିଲେ। ଦୀପକ ସ୍ୱାଇଁ ଓ ଗୋପାଳ ବେହେରା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ନାଟ୍ୟବିତ୍ ସ୍ୱର୍ଗତଃ ନାରାୟଣ ପତିଙ୍କୁ ଶ୍ରଦ୍ଧାଞ୍ଜଳି

ଭୁବନେଶ୍ୱର, ୩।୭ (ସମିସ): ବିଶିଷ୍ଟ ନାଟ୍ୟବିତ୍ ସର୍ଗତଃ ନାରାୟଣ ପତିଙ୍କ ବିୟୋଗରେ ଇଣ୍ଟରନ୍ୟାସନାଲ ଥିଏଟର କାର୍ଯ୍ୟାଳୟରେ ଶୋକସଭା ଅନୁଷ୍ଠିତ ହୋଇଯାଇଛି। ବିଶିଷ୍ଟ ନାଟ୍ୟ ନିର୍ଦ୍ଦେଶକ ସୁବୋଧ ପଟ୍ଟନାୟକ ତାଙ୍କର ସ୍ମୃତିଚାରଣ କରି ସର୍ଗତଃ ପତିଙ୍କର ନାଟକ ପ୍ରତି ପ୍ରତିବଦ୍ଧତା ଏବଂ ନାଟ୍ୟ ଅନୁଭୂତି ଉପରେ ଅନେକ ତଥ୍ୟ ପ୍ରକାଶ କରିଥିଲେ। ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟରେ ପ୍ରଥମ ବ୍ୟାଚ୍ ଭାବେ ନାଟକ ବିଭାଗରେ ଯୋଗଦେଇ ନାଟ୍ୟ ଜଗତରେ ପ୍ରବେଶ କରି ପରବର୍ତ୍ତୀ କାଳରେ ଏନ୍‌ଏସ୍‌ଡିରେ ପାଠ ପଢ଼ିବାର ସୁଯୋଗ ପାଇ ସ୍ୱର୍ଗତଃ ଶ୍ରୀ ପତି ନାଟକ ତଥା ଚଳଚ୍ଚିତ୍ର, ଦୂରଦର୍ଶନ ଜଗତରେ ବେଶ୍ ସୁନାମ ଅର୍ଜନ କରିଥିଲେ। କେବଳ ସେତିକି ନୁହେଁ, ସର୍ବଭାରତୀୟ ସ୍ତରରେ ଓଡ଼ିଆ ନାଟକକୁ ପ୍ରଥମେ ପରିବେଷଣ କରି ଏକ ମାଇଲଖୁଣ୍ଟ ସ୍ଥାପନା କରିଥିଲେ ବୋଲି ଅତିଥିମାନେ ମତବ୍ୟକ୍ତ କରିବା ସହ ଅମର ଆତ୍ମାର ସଦ୍‌ଗତି କାମନା କରିଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ଉପେନ୍ଦ୍ର ପତି, ଅବିନାଶ ଦଣ୍ଡପାଟ, ଜିତେନ୍ଦ୍ର ପଟ୍ଟନାୟର, ଦିଲ୍ଲୀପ ଦାଶଶର୍ମା ପ୍ରମୁଖ ପ୍ରମୁଖ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

# ରାଜପଥ କଡ଼ରେ ଚାହିଁବସିଛି ବିପଦ

ଯାଁଳା ୩।୭ (ସମିସ)

୧୬ ନମ୍ବର ଜାତୀୟ ରାଜପଥର ଭୁବନେଶ୍ୱରରୁ ଖୋର୍ଦ୍ଧା ମଧ୍ୟରେ ଥିବା ସର୍ଭିସ ରାସ୍ତା କାମ ପ୍ରାୟ ସବୁସ୍ଥାନରେ ସରିଛି। କିନ୍ତୁ ଯାଁଳା ବଜାର ଉପରେ ଥିବା ଉଭୟ ପାର୍ଶ୍ୱରେ କେତେକ ସ୍ଥାନରେ ଡ୍ରେନ କାମ ମଧ୍ୟ ହୋଇନାହିଁ।

- **ସରିଲା ରାଜପଥ; ସରୁନି ସର୍ଭିସ୍ ରୋଡ୍ ଓ ଡ୍ରେନ୍ କାମ**
- **ମେଣ୍ଟାଲ୍ ବିଛାଇଦେଇ ଅଧାରୁ ଠିକାଦାର୍ ଚମ୍ପଟ**

ଛାଡ଼ିଦେଇ ଯାଇଥିବା ସର୍ଭିସ୍ ରାସ୍ତାରେ ବଡ଼ ବଡ଼ ଗର୍ତ୍ତ ସୃଷ୍ଟି ହୋଇଛି ଓ ରାସ୍ତାରେ ପଡ଼ିଥିବା ଗେଟି ଯୋଗୁଁ ଯାତାୟତରେ ଘୋର ଅସୁବିଧା ସୃଷ୍ଟି ହେଉଛି। ସେହିଭଳି ଗୋଟିଏ ପାର୍ଶ୍ୱରେ ରାସ୍ତା କାମ ସରିଥିବା ବେଳେ ଡ୍ରେନ ନିର୍ମାଣ ବିଳମ୍ବ ଯୋଗୁଁ କିଛି ପରିବାର ବହୁ ଅସୁବିଧାର ରହୁଥିବା ଅଭିଯୋଗ ହେଉଛି। ତେଣୁ ଠିକା ସଂସ୍ଥାର ମନମାନି ଓ ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କ ଅବହେଳା ଯୋଗୁଁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିବା ସ୍ଥାନୀୟ ଲୋକ ଅଭିଯୋଗ କରିନ୍ତି।

ଗତ କିଛିବର୍ଷ ପୂର୍ବରୁ ୧୬ ନମ୍ବର ଜାତୀୟ ରାଜପଥ କାମ ଆରମ୍ଭ ହୋଇଥିଲା। ରାଜପଥର ବରମୁଣ୍ଡାରୁ ପିତାପଲ୍ଲୀ ପର୍ଯ୍ୟନ୍ତ ସମସ୍ତ ସମସ୍ତ ସ୍ଥାନରେ ସର୍ଭିସ୍ ରାସ୍ତା କାମ ସରିଛି। କିନ୍ତୁ ଯାଁଳା ବଜାରର ଦଶହରା ପଡ଼ିଆ ଠାରୁ ଫାଣ୍ଡି ପର୍ଯ୍ୟନ୍ତ ଲମ୍ବିଥିବା ସର୍ଭିସ୍ ରାସ୍ତା କାମ ସରିପାରି ନାହିଁ। ଏହି ରାସ୍ତାରେ କେବଳ ମେଣ୍ଟଲ ବିଛେଇ ଠିକା ସଂସ୍ଥା ଚମ୍ପଟ ମାରିଛି। ତେଣୁ ଏହି ୨ ଶହ ମିଟର ରାସ୍ତାରେ ବଡ଼ ବଡ଼ ଗାତ ସୃଷ୍ଟି ହୋଇଛି। ବଡ ବଡ ଗେଟି ପଡ଼ିଥିବାରୁ ଏହି ରାସ୍ତାରେ ଯାତାୟତ କରିବା ବଡ କଷ୍ଟକର ହୋଇପଡୁଛି।




ବର୍ଷା ଦିନ ଆରମ୍ଭ ହୋଇଥିବାରୁ ଗର୍ତ୍ତଗୁଡିକରେ ପଣି ଜମିବା ଦ୍ୱାରା ଲୋକେ ଦୁର୍ଘଟଣାରେ ଶିକାର ହେଉଛନ୍ତି। ଉକ୍ତ ରାସ୍ତାରେ ସ୍ଥାନୀୟ ଯାଁଳା, ମୁଣ୍ଡମୁହାଣ, ଓଗାଳପଡ଼ା, କାଶିପୁର, ଅରିଶଳ ଆଦି ଅଞ୍ଚଳର ପ୍ରାୟ ୩୦ ହଜାର ଲୋକ ଯାତାୟତ କରନ୍ତି। ସେହିଭଳି ସବୁଦିନ ଶହ ବସ, ଟ୍ରକ ଓ ମୋଟର ସାଇକଲ ମଧ୍ୟ ଯାତାୟତ କରିଥାଏ। ଏହା ସହ ରାସ୍ତା ପାର୍ଶ୍ୱରେ ମଧ୍ୟ ବହୁ ବ୍ୟବସାୟିକ ଅନୁଷ୍ଠାନ ଓ ବ୍ୟାଙ୍କ ମଧ୍ୟ ଅଛି। ତେଣୁ ରାସ୍ତାର ଅବସ୍ଥା ଖରାପ ଥିବାରୁ ଅନେକ ସମୟରେ ଏହି ଗର୍ତ୍ତରେ ପଥଚାରୀ ଓ ମୋଟର ସାଇକଲ ଚାଳକ ମାନେ ଯାତାୟାତ ବେଳେ ପଡ଼ି ଆହତ ହେଉଛନ୍ତି। ରାଜପଥରେ ଅନେକ ସମୟରେ ଦୁର୍ଘଟଣା ଘଟୁଥିବା ବେଳେ ଉକ୍ତ ରାସ୍ତାରେ ରୋଗି ବୁହା ଯାନ (ଆମ୍ବୁଲାନ୍ସ) ଯାତାୟତ ବେଳେ ମଧ୍ୟ ବହୁ ଅସୁବିଧାର ସମ୍ମୁଖିନ ହେଉଥିବା ଦେଖିବାକୁ ମିଳିଛି।

ସେହିଭଳି ଯାଁଳା ବଜାର ଭୁବନେଶ୍ୱରରୁ ଖୋର୍ଦ୍ଧା ପାର୍ଶ୍ୱରେ ମଧ୍ୟ ଡ୍ରେନ ନିର୍ମାଣ ବିଳମ୍ବ ଯୋଗୁଁ ପ୍ରାୟ ୮/୧୦ ପରିବାର ସହ କିଛି ଦୋକାନୀ ହଇରାଣ ହେଉଛନ୍ତି। ରାଜପଥ ବିଭାଗ ଏହି ସ୍ଥାନରେ ଜମି ଅଧିଗ୍ରହଣ କରି ସାରିଛି। କିନ୍ତୁ ଜମି ମାଲିକମାନଙ୍କୁ କ୍ଷତିପୂରଣ ବାବଦ ଅର୍ଥ ଦେଇ ନ ଥିବା କାରଣରୁ ଏଠାରେ ଡ୍ରେନ ନିର୍ମାଣ ବିଳମ୍ବ ହେଉଥିବା ଜମି ମାଲିକମାନେ ଅଭିଯୋଗ କରିଛନ୍ତି। ଜାତୀୟ ରାଜପଥର ସର୍ଭିସ୍ ରାସ୍ତା ଉଚ୍ଚରେ ଥିବା ବେଳେ ଏଠାରେ ଥିବା ଘର ଗୁଡିକ ପ୍ରାୟ ୩/୪ ଫୁଟ ତଳେ ରହିଛି। କାଳବୈଶାଖୀ ବର୍ଷା ହେଉ କି ମୌସୁମୀ ବର୍ଷା ସମୟରେ ରାଜପଥରୁ ଗଡୁଥିବା ପାଣି ଘରେ ପଶିଯାଉଛି। ଫଳରେ ଘରେ ଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଓ ବୈଦ୍ୟୁତିକ ଜିନିଷ ଗୁଡିକ ପାଣିରେ ପଡ଼ି ନଷ୍ଟ ହେଉଛି। ତେଣୁ ଆଧାରଣ ଲୋକ ଅଜଥା କ୍ଷତି ସହୁଛନ୍ତି। ବର୍ଷା ସମୟରେ ଘରୁ ପାଣି ବୋହି ଲୋକଙ୍କୁ ନୟାନ୍ତ ହେବାକୁ ପଡୁଛି। ଉକ୍ତ ସ୍ଥାନରେ ଡ୍ରେନ କାମ ସରିଥିଲେ ରାଜପଥରୁ ଗଡୁଥିବା ପାଣି ଡ୍ରେନରେ ପଡ଼ି ଗଡ଼ିଯାଉଥାନ୍ତା। ଜାତୀୟ ରାଜପଥ ବିଭାଗର ଅବହେଳା ଯୋଗୁଁ ଡ୍ରେନ ନ ଥିବା କାରଣରୁ ଏଭଳି ଦୁର୍ଦ୍ଦଶା ଭୋଗିବାକୁ ପଡୁଛି ବୋଲି ସ୍ଥାନୀୟ ଲୋକ କହିଛନ୍ତି। କେବେ ଏହି ସର୍ଭିସ ରାସ୍ତା ଓ ଡ୍ରେନ ସରିବ ସେନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ତେଣୁ କର୍ତ୍ତୃପକ୍ଷ ଏଦିଗରେ ଦୃଷ୍ଟି ଦେବାକୁ ଦାବି ହେଉଛି। ଏନେଇ ଜାତୀୟ ରାଜପଥ ବିଭାଗ ସହ ଯୋଗାଯୋଗ କରିଥିଲେ ହେଁ ସମ୍ଭବ ହୋଇନାହିଁ।

## ରାଜା ମଧୁସୂଦନ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ନୂତନ ଅଧକ୍ଷା

ଭୁବନେଶ୍ୱର, ୩।୭ (ସମିସ): ପଟିଆସ୍ଥିତ ରାଜା ମଧୁସୂଦନ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ବରିଷ୍ଠ ଓଡ଼ିଆ ଅଧ୍ୟାପିକା ପ୍ରଭାତୀ ଦାସ ନୂତନ ଅଧକ୍ଷା ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ୧୯୯୧ରୁ ସେ ଶିକ୍ଷାଦାନ କରୁଛନ୍ତି। ଜଣେ ସୁଲେଖିକା ଓ ଦକ୍ଷ ଶିକ୍ଷା ପ୍ରଶାସିକା ଭାବେ ତାଙ୍କର ଅଭିଜ୍ଞତା ରହିଛି।





# ଲଗାଣ ବର୍ଷାରେ ରାଜଧାନୀ ଜଳବନ୍ଦୀ





ଭୁବନେଶ୍ୱର, ୩।୭ (ସମିସ): ଅଳ୍ପ ବର୍ଷାରେ ଘାଇଲା ହେଲେଣି ଭୁବନେଶ୍ୱରବାସୀ। ସମସ୍ୟା ଏବେ ଉତ୍କଟ ହେବାରେ ଲାଗିଛି। ଲଗାଣ ବର୍ଷା ଯୋଗୁଁ ଜଳନିଷ୍କାସନ ସମସ୍ୟା ଗୁରୁତର ରୂପ ନେଇଛି। ସହରର ବିଭିନ୍ନ ଅଞ୍ଚଳ ଯଥା କଳିଙ୍ଗ ବିହାର, ଜୟଦେବ ବିହାର, ପଟିଆ ଓ ବଡ଼ଗଡ଼, ଲକ୍ଷ୍ମୀସାଗର ଆଦି ଅଞ୍ଚଳରେ ରାସ୍ତାଘାଟ ଜଳମଗ୍ନ ହୋଇପଡ଼ିଛି। ଏହିସବୁ ଅଞ୍ଚଳରେ ଥିବା ଆବାସିକ ଅଞ୍ଚଳ ତଥା ଦୋକାନବଜାର ଆଗରେ ପାଣି ଜମି ରହିଛି। ଏମିତି କି ବଡ଼ଗଡ଼ ଅଞ୍ଚଳରେ ଥିବା ବିଭିନ୍ନ ଆପାର୍ଟମେଣ୍ଟ ଭିତରେ ପାଣି ପଶିଯିବା ଯୋଗୁଁ ଲୋକେ ଘରୁ ବାହାରି ପାରି ନାହାନ୍ତି। ଲୋକଙ୍କ ଘରେ ପାଣି ବଶିଯିବା ଫଳରେ ବଡ଼ଗଡ଼ ଅଞ୍ଚଳରେ ବର୍ଷା ଜଳ ଜମି ରହିବାରୁ ୨ଟି ଏନ୍‌କ୍ରୋଚ୍‌ମେଣ୍ଟ୍‌କୁ କାଟି ଦିଆଯାଇଛି। ଫଳରେ ରାସ୍ତା ଘାଟରେ ପାଣି ଭରି ଯାଇଥିଲା। ଏଣୁ ବଡ଼ଗଡ଼ରୁ ରସୁଲଗଡ଼ ଅଭିମୁଖେ ଯାଉଥିବା ଲୋକଙ୍କୁ ଏହି ରାସ୍ତା ବ୍ୟବହାର ନ କରିବାକୁ ବିଏମ୍‌ସି ପକ୍ଷରୁ ସୂଚନା ଦିଆଯାଇଥିଲା।

- ଦୋକାନ ବଜାର ଆଗରେ ଚାଲିଲା ବର୍ଷାପାଣି
- ଆପାର୍ଟମେଣ୍ଟବାସୀ ଜଳବନ୍ଦୀ ଘରେ ପଶିଲା ପାଣି

ଅନ୍ୟପକ୍ଷରେ ଜଳବନ୍ଦୀ ଯୋଗୁଁ ନାଗରିକଙ୍କ ଦୈନନ୍ଦିନ ଜୀବନକୁ ପ୍ରଭାବିତ କରିଛି। ବର୍ଷା ପାଣି ନିଷ୍କାସନ ପାଇଁ ଡ୍ରେନେଜ ବ୍ୟବସ୍ଥା ନ ଥିବାରୁ ଏଭଳି ସମସ୍ୟା ଉପୁଜୁଛି ବୋଲି ଅଭିଯୋଗ କରିଛନ୍ତି ସ୍ଥାନୀୟ ଲୋକେ। ଅନେକ ସ୍ଥାନରେ ଡ୍ରେନ୍ ପୋତି ହୋଇ ରହିଥିବା ଓ ନିୟମିତ ପରିଷ୍କାର ନ ହେବା ଯୋଗୁଁ ପାଣି ନିଷ୍କାସନରେ ବାଧା ସୃଷ୍ଟି ହେଉଛି। ଏହା ଯୋଗୁଁ ଯାତାୟାତରେ ଅସୁବିଧା ସହ ସ୍କୁଲ, ଅଫିସ ଓ ବ୍ୟବସାୟ ପ୍ରତିଷ୍ଠାନକୁ ଯିବା ଲୋକଙ୍କ ପାଇଁ ଚ୍ୟାଲେଞ୍ଜ ହୋଇଛି। ଡ୍ରେନେଜ ବ୍ୟବସ୍ଥାର ଉନ୍ନତି ଓ ନିୟମିତ ରକ୍ଷଣାବେକ୍ଷଣ ପାଇଁ ଦୀର୍ଘମିଆଦୀ ଯୋଜନା ଆବଶ୍ୟକ ବୋଲି ସ୍ଥାନୀୟ ବାସିନ୍ଦାମାନେ ଅଭିଯୋଗ କରୁଛନ୍ତି।



## ଶଶୁର ଘର ପରିବାରକୁ ଆକ୍ରମଣ; ଜ୍ୱାଇଁ ଗିରଫ



ଭୁବନେଶ୍ୱର, ୩।୭ (ସମିସ): ଶଶୁର ଘର ପରିବାରକୁ ଆକ୍ରମଣ କରିଥିବା ଅଭିଯୋଗରେ ଜ୍ୱାଇଁକୁ ଗିରଫ କରିଛି ଭରତପୁର ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛି ସମ୍ବଲପୁର ଅଇଁଠାପାଲିର ଯଶୋବନ୍ତ ପଟ୍ଟନାୟକ (୪୪)।

ପୁଲିସ ସୂଚନା ଅନୁସାରେ, ଯଶୋବନ୍ତ ଭରତପୁରର ସୌମ୍ୟା ପଟ୍ଟନାୟକଙ୍କୁ ବିବାହ କରିଛନ୍ତି। ତେବେ ପାରିବାରିକ ବିବାଦରୁ ଯଶୋବନ୍ତ ନାମରେ ପୂର୍ବରୁ ମଧ୍ୟ ନୟାଗଡ଼ ସଦର ଥାନାରେ ଦୁଇଟି ମାମଲା ରହିଛି। ସୌମ୍ୟା ତାଙ୍କର ବାପା ଓ ଭଉଣୀଙ୍କ ସହିତ ଭରତପୁରରେ ରହି ଆସୁଛନ୍ତି। ଗତକାଲି ରାତି ପ୍ରାୟ ୧୧ଟା ୪୦ ରେ ଯଶୋବନ୍ତ ମଦ୍ୟପାନ କରି ବଳପୂର୍ବକ ସେମାନଙ୍କ ଘରେ ପ୍ରବେଶ କରିଥିଲେ। ସେମାନଙ୍କୁ ଅଶ୍ଳୀଳ ଭାଷାରେ ଗାଳି ଦେବା ସହିତ ଧମକ ମଧ୍ୟ ଦେଇଥିଲେ। ଖବରପାଇ ପିସିଆର୍ ଭ୍ୟାନ ପହଞ୍ଚି ହସ୍ତକ୍ଷେପ କରିବା ପରେ ଯଶୋବନ୍ତ ସେଠାରୁ ଚାଲି ଯାଇଥିଲେ। ଆଜି ପୂର୍ବାହ୍ନରେ ଯଶୋବନ୍ତ ପୁଣିଥରେ ନିଶାଗ୍ରସ୍ତ ଅବସ୍ଥାରେ ଆସି ସୌମ୍ୟା ତାଙ୍କ ବାପା ଓ ଭଉଣୀଙ୍କୁ ଆକ୍ରମଣ କରିଥିଲେ। ପିସିଆର ଭ୍ୟାନ ପହଞ୍ଚି ଯଶୋବନ୍ତକୁ କାବୁ କରି ଥାନାକୁ ଆଣିଥିଲେ। ସୌମ୍ୟାଙ୍କ ଅଭିଯୋଗ ଆଧାରରେ ପୁଲିସ ମାମଲା ରୁଜୁ କରିବା ସହିତ ଯଶୋବନ୍ତକୁ କୋର୍ଟ ଚାଲାଣ କରିଛି।

## ନନ୍ଦନକାନନରେ କପେଚିନୁ ମାଙ୍କଡ଼ ମୃତ

ନନ୍ଦନକାନନ, ୩।୭ (ସମିସ): ନନ୍ଦନକାନନ ପ୍ରାଣୀ ଉଦ୍ୟାନ ବାନର ଦୁନିଆରେ ରହୁଥିବା ଏକ ମାଈ କପେଚିନୁ ମାଙ୍କଡର ମୃତ୍ୟୁ ହୋଇଛି। ବାର୍ଦ୍ଧକ୍ୟ ଜନିତ କାରଣ ସହ ତାର ଲିଭରରେ ସମସ୍ୟା ଥିବାରୁ ତାର ମୃତ୍ୟୁ ହୋଇଥିବା ନେଇ ଅନୁମାନ କରାଯାଉଛି। ୨୦୨୧ମସିହାରେ ମାଡ୍ରାସରୁ ହଳେ କପେଚିନୁ ମାଙ୍କଡ ଆସିଥିଲେ। ପୂର୍ବରୁ ଅଣ୍ଡିରା କପେଚିନୁ ମାଙ୍କଡର ମୃତ୍ୟୁ ହୋଇଥିଲା। ଏହି ମାଈ କପେଚିନୁ ମାଙ୍କଡଟି ଏକୁଟିଆ ଥିବା ବେଳେ ତାର ମୃତ୍ୟୁ ହୋଇଛି। ଫଳରେ ନନ୍ଦନକାନନରେ ଏମାନଙ୍କ ସଂଖ୍ୟା ଲୋପ ପାଇଛି। ମୃତ୍ୟୁର ସଠିକ କାରଣ ଜାଣିବା ପାଇଁ ଓଉଏଟିକୁ ନମୁନା ପଠାଯାଇଛି।

## ପଦ୍ମକେଶରୀପୁରରେ ଅଗ୍ନିକାଣ୍ଡ



ନନ୍ଦନକାନନ, ୩।୭ (ସମିସ): ମଞ୍ଚେଶ୍ୱର ଥାନା ପଦ୍ମକେଶରୀପୁରରେ ଗୁରୁବାର ଅଗ୍ନିକାଣ୍ଡ ଘଟି ଘରର ଆସବାବପତ୍ର ପୋଡିଯାଇଛି। ଏହି ଅଗ୍ନିକାଣ୍ଡକୁ ଆୟତ୍ତ କରିବାକୁ ଅଗ୍ନିଶମ ବିଭାଗ କର୍ମଚାରୀଙ୍କୁ ନାକେଦମ ହେବାକୁ ପଡ଼ିଥିଲା। ଆଜି ପୂର୍ବାହ୍ନରେ ପଦ୍ମକେଶରୀପୁରର ଉପରସାହିରେ ରହୁଥିବା କାଲୁ ଦାସ ଘରେ ଏହି ଅଗ୍ନିକାଣ୍ଡ ଘଟିଛି। କାଲୁଙ୍କ ପତ୍ନୀ ଠାକୁର ପୂଜା ସାରି କବାଟ ତାଲା ପକାଇ ଔଷଧ ପାଇଁ ଯାଇଥିଲେ। ପ୍ରାୟ ୧୧ଟା ସୁଦ୍ଧା ଦୁଇ ମହଲା ହୋଇଥିବା ସେହି କୋଠା ଘରୁ ପ୍ରବଳ ଧୂଆଁ ବାହାରିଥିଲା। ପଡୋଶୀ ଏହା ଦେଖି ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ଶୈଳଶ୍ରୀବିହାର ଅଗ୍ନିଶମ କେନ୍ଦ୍ର ମୁଖ୍ୟ ବିପ୍ଳବ ଜେନାଙ୍କ ନେତୃତ୍ୱରେ ଏକ ଦଳ ଆସି ନିଆଁକୁ ଆୟତ୍ତ କରିଥିଲେ। ଠାକୁର ପୂଜା କରି ଜାଳିଥିବା ଧୂପକାଠିରୁ ନିଆଁ ଲାଗିଥିବା ଅନୁମାନ କରାଯାଇଛି। ବିଦ୍ୟୁତ ବିଭାଗ ଆସି ବିଦ୍ୟୁତ ବିଚ୍ଛିନ୍ନ କରିଥିଲେ। ଅଗ୍ନିଶମ ବହିନୀ କର୍ମଚାରୀ ଦୋ ତାଲା ଉପରକୁ ଶିଡ଼ି ଲଗାଇ ଚଢ଼ି ନିଆଁକୁ ଆୟତ୍ତ କରିଥିଲେ। ଘର ଭିତରେ ଚାରିଆଡେ ପ୍ରବଳ ଧୂଆଁ ହେବା ସହ ଗରମ ଯୋଗୁଁ ଘର ଭିତରେ ପଶି ନିଆଁକୁ ଆୟତ୍ତ କରିବାକୁ ଅଗ୍ନିଶମ ବିଭାଗକୁ ନାକେଦମ ହେବାକୁ ପଡ଼ିଥିଲା। ତେବେ ମୂଲ୍ୟବାନ ଗହଣା ଗାଣ୍ଠି ଓ ଟଙ୍କା ପଇସାକୁ ସୁରକ୍ଷିତ ଉଦ୍ଧାର କରିଥିବା ବେଳେ ଘର ଭିତରେ ଥିବା ଆଲମାରି, ଫ୍ରିଜ ଓ ଆସବାବ ପତ୍ର ପୋଡି ଯାଇଥିବା ଶ୍ରୀ ଜେନା ସୂଚନା ଦେଇଛନ୍ତି।

## ଦମ୍ପତିଙ୍କୁ ସଂଘବଦ୍ଧ ଆକ୍ରମଣ; ୩ ଗିରଫ




ଭୁବନେଶ୍ୱର, ୩।୭ (ସମିସ)

ଦମ୍ପତିଙ୍କୁ ସଙ୍ଘବଦ୍ଧ ଆକ୍ରମଣ କରିଥିବା ଅଭିଯୋଗରେ ଗୋଟିଏ ପରିବାରର ୩ ଜଣଙ୍କୁ ଗିରଫ କରିଛି ସହିଦନଗର ଥାନା ପୁଲିସ। ଗିରଫ ଅଭିଯୁକ୍ତମାନେ ହେଲେ ନୂଆପଲ୍ଲୀ ଶବର ସାହିର ରଞ୍ଜିଆ ଓରଫ୍ ରଞ୍ଜିତ ବେହେରା (୪୩), ନବୀନା ବେହେରା (୪୭) ଓ ଦିନେଶ ବେହେରା (୨୧)।

ପୁଲିସ ସୂଚନା ଅନୁଯାୟୀ, ଗତକାଲି ରାତି ପ୍ରାୟ ୧୧ ଟା ବେଳେ ଦିଲ୍ଲୀପ ଦେହୁରୀ ଓ ତାଙ୍କ ଭଣଜା ଜିତୁ ଦେହୁରୀ ଶବର ସାହି ଛକରେ ଛିଡ଼ା ହୋଇଥିଲେ। ସେହି ସମୟରେ ରଞ୍ଜିଆ ସେଠାକୁ ଆସି ସେମାନଙ୍କୁ ଗାଳିଗୁଲଜ କରିଥିଲା। ଦିଲ୍ଲୀପ ଏନେଇ ପଚାରିବାରୁ ସେ ରଞ୍ଜିଆ ତା'ର ପରିବାର ସଦସ୍ୟଙ୍କୁ ଘଟଣାସ୍ଥଳକୁ ଡାକିଥିଲେ। ସାଙ୍ଗେ ସାଙ୍ଗେ ତା'ର ପରିବାର ସଦସ୍ୟ ବାଡ଼ି, ରଡ ଓ ପ୍ଲାଷ୍ଟିକ୍ ପାଇପ୍ ଧରି ସେଠାରେ ପହଞ୍ଚି ହତ୍ୟା କରିବାକୁ ଧମକ ଦେଇଥିଲେ। ସେହି ସମୟରେ ରଞ୍ଜିଆ ଏକ ବାଡ଼ିରେ ଦିଲ୍ଲୀପଙ୍କ ମୁଣ୍ଡକୁ ଆକ୍ରମଣ କରିବାରୁ ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିଲା। ହୋହଲ୍ଲା ଶୁଣି ତାଙ୍କ ପତ୍ନୀ ସେଠାରେ ପହଞ୍ଚିବା ପରେ ବାବୁଲି ତାଙ୍କୁ ମଧ୍ୟ ଆକ୍ରମଣ କରିଥିଲା। ଯାହା ଫଳରେ ତାଙ୍କ ବାମ ଗୋଡ଼ ଭାଙ୍ଗି ଯାଇଥିଲା। ଭଣଜା ଜିତୁ ପ୍ରତିବାଦ କରିବାରୁ ତାଙ୍କୁ ମଧ୍ୟ ଆକ୍ରମଣ କରି ମୁହଁ ଫଟାଇ ଦେଇଥିଲେ। ଲୋକମାନେ ଏକାଠି ହେବାର ଦେଖି ଅଭିଯୁକ୍ତମାନେ ଘଟଣାସ୍ଥଳରୁ ପଳାଇ ଯାଇଥିଲେ। ଏନେଇ ସହିଦନଗର ଥାନାରେ ଅଭିଯୋଗ ହେବାପରେ ପୁଲିସ ମାମଲା ରୁଜୁ କରିଥିଲା। ଆଜି ପୁଲିସ ରଞ୍ଜିଆ, ନବୀନା ଓ ଦିନେଶକୁ ଗିରଫ କରିବା ସହିତ ପ୍ଲାଷ୍ଟିକ୍ ପାଇପ୍ ଓ ବାଡ଼ି ଜବତ କରିଥିଲା।

## ରାସ୍ତା ମଝିରେ ମହିଳାଙ୍କୁ ଅସଦାଚରଣ; ଦୁଇ ଗିରଫ

ଭୁବନେଶ୍ୱର, ୩।୭ (ସମିସ): ମଝି ରାସ୍ତାରେ ମହିଳାଙ୍କୁ ଅସଦାଚରଣ କରିଥିବା ଅଭିଯୋଗରେ ଦୁଇ ଜଣଙ୍କୁ ଗିରଫ କରିଛି ନୂଆପଲ୍ଲୀ ଥାନା ପୁଲିସ। ଗିରଫ ଅଭିଯୁକ୍ତମାନେ ହେଲେ ସାଲିଆ ସାହି ଶକ୍ତି ବିହାରର କାହ୍ନୁ ମହାରଣା (୨୭) ଓ ଏକାମ୍ର ବିହାରର ଚିଣ୍ଟୁ ସ୍ୱାଇଁ (୨୯)। ପୁଲିସ ସୂଚନା ଅନୁସାରେ, ଗତମାସ ୨୫ ତାରିଖ ଭୋର ସମୟରେ ଅଭିଯୋଗକାରିଣୀ ତାଙ୍କ ଘରୁ ବାହାରି ଅଫିସକୁ ଯାଉଥିଲେ। ସେ ବୀଣା ପଣ୍ଡା କ୍ଲିନିକ୍ ଅତିକ୍ରମ କରୁଥିବା ବେଳେ କାହ୍ନୁ ଓ ଚିଣ୍ଟୁ ଏକ ସ୍କୁଟିରେ ଆସି ତାଙ୍କୁ ରାସ୍ତା ମଝିରେ ଅସଦାଚରଣ କରିଥିଲେ। ଏନେଇ ମହିଳା ଜଣକ ନୂଆପଲ୍ଲୀ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରିଥିଲା। ଘଟଣାସ୍ଥଳରେ ଥିବା ପ୍ରତ୍ୟକ୍ଷଦର୍ଶୀ ସମ୍ପୃକ୍ତ ସ୍କୁଟିକୁ ଚିହ୍ନଟ କରିଥିଲେ। ରେଜିଷ୍ଟ୍ରେସନ୍ ନମ୍ବରରୁ ଗାଡ଼ିଟି ଶକ୍ତି ବିହାରର ବାବି ମହାରଣାଙ୍କ ନାମରେ ଥିବା ଜଣାପଡ଼ିଥିଲା। ହେଲେ କାହ୍ନୁ ମହାରଣା ଗାଡ଼ିକୁ ବ୍ୟବହାର କରୁଥିବା ସ୍ଥାନୀୟ ଲୋକେ କହିଥିଲେ। ଆଜି ପୁଲିସ ଏକାମ୍ର ବିହାରରେ ଚଢ଼ଉ କରି କାହ୍ନୁ ଓ ଚିଣ୍ଟୁକୁ ଗିରଫ କରିବା ସହିତ ସ୍କୁଟି ଜବତ କରିଥିଲା। ସେମାନେ ପୂର୍ବରୁ ମଧ୍ୟ ଭୋର ସମୟରେ ଏକାକୀ ଯାତାୟତ କରୁଥିବା ମହିଳାମାନଙ୍କୁ ଟାର୍ଗେଟ କରି ଅସଦାଚରଣ କରିଥିବା ପୁଲିସ ଆଗରେ ସ୍ୱୀକାର କରିଥିଲେ। ଚିଣ୍ଟୁ ନାମରେ ପୂର୍ବରୁ ନୂଆପଲ୍ଲୀ ଓ ମୈତ୍ରୀ ବିହାର ଥାନାରେ ୪ଟି ଅପରାଧିକ ମାମଲା ରହିଥିବା ତଦନ୍ତ ବେଳେ ଜଣାପଡ଼ିଛି। ତେବେ ଅଭିଯୁକ୍ତଙ୍କର ଟିଆଇ ପରେଡ କରାଯିବ ବୋଲି ପୁଲିସ କହିଛି।

ଅଭିଯୁକ୍ତଙ୍କର ହେବ ଟିଆଇ ପରେଡ



## ଆପତ୍ତିଜନକ ଭିଡିଓ ଭାଇରାଲ; ଗିରଫ ପାଇଁ ଦାବି

ଭୁବନେଶ୍ୱର, ୩।୭ (ସମିସ): ଅଫିସରମାନଙ୍କୁ ମୁଁ କହୁଛି ସୁଧୁରି ଯାଅ। ଭୁବନେଶ୍ୱର ରାଜଧାନୀରୁ ମାଡ଼ ଆରମ୍ଭ ହୋଇଛି। ମାଡ଼ ଏପର୍ଯ୍ୟନ୍ତ ବ୍ଲକ ସ୍ତରରେ ପହଁଚିନି। ପଞ୍ଚାୟତସ୍ତରରେ ପହଞ୍ଚିନି। ୱାର୍ଡ ସ୍ତରରେ ପହଞ୍ଚିନି। ସବୁ ସ୍ଥାନରେ ମାଡ଼ ହେବ। ଜଗା ଭାଇ ଏକ ନୁହଁନ୍ତି ତାଙ୍କ ସହ ଆମେ ସମସ୍ତେ ଅଛୁ। ଏମିତି କଥାରେ ନୁହେଁ, ଗାଳିରେ ନୁହେଁ। ମାଡ଼କୁ ବ୍ରହ୍ମାଙ୍କ ଡ଼ର। ଏମାନେ ତ ମଣିଷ। ମାଡ଼ ଖାଇବାକୁ ଯଦି ଡର ଅଛି ତେବେ ସୁଧୁରି ଯିବ। ଗୋଡ ଛୋଟା ହୋଇଯିବ। ହ୍ୱିଲ ଚେୟାରରେ ଯିବ। ଏଭଳି କହି ଜଣେ ସେସିଆଲ୍ ମିଡ଼ିଆରେ ରିଲ୍ କରିଛନ୍ତି। ଖୋଲାଖୋଲି ଏଥିରେ ଧମକ ଦେଇଛନ୍ତି। ତେବେ ଅଫିସରମାନଙ୍କୁ ଧମକାଉଥିବା ଏବଂ ଖୋଲାଖୋଲି ମାଡ଼ ଦେବାକୁ ଚ୍ୟାଲେଞ୍ଜ କରୁଥିବା ବେଳେ ଏହାକୁ ବିଭିନ୍ନ ମହଲରେ ନିନ୍ଦା କରାଯାଇଛି। ତୁରନ୍ତ ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିଭିନ୍ନ ମହଲରେ ଦାବି କରାଯାଇଛି।

## ଚୋରି ଅଭିଯୋଗରେ ଦୁଇ ଗିରଫ

ଭୁବନେଶ୍ୱର, ୩।୭ (ସମିସ): ଗ୍ୟାସ୍ ସିଲିଣ୍ଡର୍ ଚୋରି କରିଥିବା ଅଭିଯୋଗରେ ଦୁଇ ଜଣଙ୍କୁ ଗିରଫ କରିଛି ଏୟାରପୋର୍ଟ ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛନ୍ତି ଖଣ୍ଡଗିରି ବରବାରିରେ ରହୁଥିବା ନେତାଜୀ ସେଠୀ (୨୯) ଓ ବିକାଶ ରାୟ ଓରଫ୍ ବାପୁନି (୨୭)।

ପୁଲିସ ସୂଚନା ଅନୁସାରେ, ଗତମାସ ୨୫ ତାରିଖ ଦିନ ଭୀମପୁର ଅଞ୍ଚଳର ସମସାର ବେଗମଙ୍କ ଘରୁ ଏକ ଗ୍ୟାସ୍ ସିଲିଣ୍ଡର ଚୋରି ହୋଇଥିଲା। ଏହାର ଦୁଇ ଦିନ ପରେ ଅର୍ଥାତ୍ ୨୭ ତାରିଖ ରାତିରେ ସେହି ଘରର ଦ୍ୱିତୀୟ ମହଲାର ବାଥରୁମରୁ ଆଉ ଏକ ଗ୍ୟାସ୍ ସିଲିଣ୍ଡର ଚୋରି ହୋଇଥିଲା। ଏନେଇ ସମସାର ଏୟାରପୋର୍ଟ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରିଥିଲା। ନେତାଜୀ ଓ ବାପୁନି ଗ୍ୟାସ ଟାଙ୍କି ଚୋରି କରିଥିବା ତଦନ୍ତ ବେଳେ ଜଣାପଡ଼ିଥିଲା। ଆଜି ଖଣ୍ଡଗିରି ବରବାରି ଅଞ୍ଚଳରୁ ନେତାଜୀକୁ ଗିରଫ କରିଥିଲା ପୁଲିସ। ସେ ବାପୁନି ସହିତ ମିଶି ଚୋରି କରିଥିବା ପୁଲିସ ଆଗରେ ସ୍ୱୀକାର କରିଥିଲା। ତଲାସି ବେଳେ ଗୋଟିଏ ଗ୍ୟାସ୍ ସିଲିଣ୍ଡର ଜବତ କରାଯାଇଥିଲା। ସେ ଚୋରି କରିଥିବା ଅନ୍ୟ ଏକ ସିଲିଣ୍ଡରକୁ ଏକ ଓମଫେଡ ଦୋକାନୀକୁ ୨୫୦୦ ଟଙ୍କାରେ ବିକ୍ରି କରିଥିବା କହିଥିଲା। ଏହାପରେ ପୁଲିସ ବାପୁନିକୁ ମଧ୍ୟ ଗିରଫ କରିଥିଲା।



# ନିଶା କବଳରେ ରାଜଧାନୀର ଶିକ୍ଷାନୁଷ୍ଠାନ

ଭୁବନେଶ୍ୱର, ୩।୭ (ସମିସ)

ନିଶାରେ କବଳରେ ରାଜଧାନୀର ଯୁବପିଢ଼ି। ପାଠ ପଢ଼ିବାକୁ ରାଜଧାନୀ ଆସୁଥିବା ଛାତ୍ରଛାତ୍ରୀ ନିଶା ସେବନ କରି ବର୍ବାଦ ହେଉଛନ୍ତି। କେତେକ ନିଶା ବେପାର କରି ଜେଲ୍ ମଧ୍ୟ ଯାଉଛନ୍ତି। ଏହାଦ୍ୱାରା କ୍ୟାରିୟରରେ କଳା ଦାଗ ଲାଗିବା ସହିତ ସୁନେଲି ଭବିଷ୍ୟତ ନଷ୍ଟ ହେଉଛି। ତେବେ ସେହି ଛାତ୍ରଛାତ୍ରୀମାନଙ୍କୁ ନିଶା ଠାରୁ ଦୂରେଇ ରଖିବା ପାଇଁ କି ପଦକ୍ଷେପ ନିଆଯାଇପାରିବ। ସେନେଇ ଅଣ୍ଟା ଭିଡ଼ିଛି ଅବକାରୀ ବିଭାଗ। ଅବକାରୀ ବିଭାଗ ଓ ଶିକ୍ଷାନୁଷ୍ଠାନ ମଧ୍ୟରେ ସମନ୍ୱୟ ବୈଠକ ହୋଇଛି।

- ପାନ ଦୋକାନରେ ମିଳୁଛି ନିଶା
- କଲେଜ ଗଠନରେ ହେବ ଡ୍ରଗ୍ସ ଏନଫୋର୍ସମେଣ୍ଟ କମିଟି

ପିଲାମାନେ କିଭଳି ନିଶା ଛାଡ଼ିବେ ଓ ଶିକ୍ଷାନୁଷ୍ଠାନ ପାଖରେ ହେଉଥିବା ନିଶା ବେପାର କିପରି ବନ୍ଦ ହେବ, ସେଥିଲାଗି ବ୍ଲୁ ପ୍ରିଣ୍ଟ ପ୍ରସ୍ତୁତ ହୋଇଛି।

ଡାକ୍ତର, ଇଂଜିନିୟର ଠାରୁ ଆରମ୍ଭ କରି ଶିକ୍ଷକ ଓ ପ୍ରଶାସନିକ ଅଧିକାରୀ ହେବା ଆଶାରେ ଛାତ୍ରଛାତ୍ରୀମାନେ ରାଜଧାନୀ ଆସୁଛନ୍ତି। ଏଠାରେ ନାମିଦାମୀ କଲେଜ, କୋଚିଂ ସେଣ୍ଟରରେ ପାଠ ପଢ଼ିବା ବେଳେ ନିଶାରେ କବଳିତ ହେଉଛନ୍ତି ପିଲା। ଶିକ୍ଷାନୁଷ୍ଠାନ ପାଖରେ ନିଶା ବିକ୍ରି ହେବା ଏହାର ଅନ୍ୟତମ ପ୍ରମୁଖ କାରଣ ଭାବେ ଉଭା ହୋଇଛି। ବ୍ରାଉନସୁଗର, କୋକେନ, ଗଞ୍ଜେଇ, ଅଫିମ, ମ୍ୟାରିଜୁଆନା ଭଳି ନିଶା ଏବେ ଛାତ୍ରଛାତ୍ରୀଙ୍କୁ କବଳିତ କରିଛି। କିଛିଦିନ ପୂର୍ବେ ଏକ ଘରୋଇ କଲେଜ ଛାତ୍ର ନିଶାସକ୍ତ ଅବସ୍ଥାରେ କୁଆଖାଇ ନଦୀରେ ବୁଡିଯିବା ପରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ଏ ସବୁକୁ ରୋକିବା ପାଇଁ ଅବକାରୀ ବିଭାଗ ପକ୍ଷରୁ ବିଭିନ୍ନ ଶିକ୍ଷାନୁଷ୍ଠାନ ସହ ସମନ୍ୱୟ ବୈଠକ ଆୟୋଜିତ ହୋଇଛି। ପୁଲିସ ଆଖିରେ ଧୂଳି ଦେଇ କ୍ୟାମ୍ପସରେ ନିଶା ପହଞ୍ଚାଇବା ରାକେଟକୁ କିଭଳି ରୋକାଯାଇ ପାରିବ, ସେନେଇ ଧରପଗଡ଼ କରାଯିବ ବୋଲି ଅବକାରୀ ଅଧୀକ୍ଷକ ଦେବାଶିଷ ପଟେଲ କହିଛନ୍ତି।



କଲେଜ କର୍ତ୍ତୃପକ୍ଷ କ୍ୟାମ୍ପସରେ ସଚେତନତା କରି ନୋଟିସ ବୋର୍ଡ ସହ ହଷ୍ଟେଲ ଓ ଘରୋଇ ମେସରେ ନିତିଦିନ ଚେକିଂ କରିବେ। ଯଦି କୌଣସି ଛାତ୍ର ନିଶା ସେବନ ନେଇ ସୂଚନା ମିଳେ, ତେବେ ଅବିଭାବକଙ୍କୁ ତୁରନ୍ତ ଜଣାଯିବ। କ୍ୟାମ୍ପସରେ ପ୍ରବେଶ ପ୍ରସ୍ଥାନ ଅନ୍ୟାନ୍ୟ ସ୍ଥାନରେ ସିସିଟିଭି ଲଗାଯିବ। ଡ୍ରଗ୍ସ ଏନଫୋର୍ସମେଣ୍ଟ ପାଇଁ କଲେଜରେ ଏକ କମିଟି ମଧ୍ୟ ଗଠନ କରାଯିବ। ପୂର୍ବରୁ ଏ ସବୁ ଦିଗରେ ଉଭୟ କମିସନରେଟ ପୁଲିସ ଓ ଅବକାରୀ ବିଭାଗ ପକ୍ଷରୁ ପ୍ରୟାସ ଜାରି ରହିଛି। ତେବେ ଅବକାରୀ ସୁପରିନ୍‌ଟେଣ୍ଡେଣ୍ଟ ଶ୍ରୀ ପଟେଲ ନିଜେ ବିଜେବି କଲେଜରେ ଛାତ୍ରଛାତ୍ରୀଙ୍କୁ ସଚେତନ କରାଇଛନ୍ତି। ଏବେ ଗୋଟିଏ ଦୁଇଟି ଶିକ୍ଷାନୁଷ୍ଠାନରେ ଏହି କାର୍ଯ୍ୟକ୍ରମ ଚାଲିଥିବା ବେଳେ ଆଗକୁ ରାଜଧାନୀର ପ୍ରତ୍ୟେକ ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀଙ୍କୁ ସଚେତନ କରାଯିବ ବୋଲି ଶ୍ରୀ ପଟେଲ କହିଛନ୍ତି।

ପୂର୍ବରୁ ଅବକାରୀ ବିଭାଗ ଶିକ୍ଷାନୁଷ୍ଠାନ ପାଖରୁ ନିଶାଦ୍ରବ୍ୟ ଜବତ କରିଛି। ଆଗକୁ ଏହି ଧରପଗଡ଼କୁ ଜୋରଦାର କରାଯିବ। ସରକାରୀ ଜମିରେ ଦୋକାନ କରି ନିଶା ବିକ୍ରି କରୁଥିଲେ ବିଡିଏ ଓ ବିଏମସି ସହାୟତାରେ ଦୋକାନ ଭଙ୍ଗାଯିବ ବୋଲି ଶ୍ରୀ ପଟେଲ କହିଛନ୍ତି। କିଛିଦିନ ତଳେ ସ୍ପେଶାଲ କ୍ରାଇମ ୟୁନିଟ ମଧ୍ୟ ସହରର ବିଭିନ୍ନ ସ୍ଥାନରେ ନିଶାଡ଼ି ଓ ନିଶା ବେପାରୀଙ୍କୁ ଧରିଥିଲା। ନିଶା କାରବାର ରୋକିବା କ୍ଷେତ୍ରରେ ଅବକାରୀ ବିଭାଗ ଆଗକୁ ସେହିଭଳି ଶୂନ୍ୟ ସହନଶୀଳତା ନୀତି ଆପଣାଇବ।

# ସମ୍ପାଦକୀୟ



ଜ୍ଞାନ ନବସୃଜନକୁ, ନବସୃଜନ ଉତ୍ପାଦନକୁ ଏବଂ ଉତ୍ପାଦନ ଅର୍ଥନୀତିକୁ ଗତିଶୀଳ କରେ।
-ୱିଲିୟମ ବ୍ରୋଡି

ସକାଳ
THE SAKALA

## ପୁନଶ୍ଚ ଅଧିକାର ସଙ୍କଟ

ଭାରତର 'ଅସୁସ୍ଥ ବ୍ୟକ୍ତି' (ସିକ୍‌ମ୍ୟାନ୍) ଭାବେ ପରିଚିତ ବିହାର ଅନେକ ପ୍ରସଙ୍ଗରେ ଦେଶକୁ ବାଟ ଦେଖାଇଛି ଏବଂ ବହୁକ୍ଷେତ୍ରରେ ବାଟ ବିଗାଡ଼ିଛି। ଜାତିଆଣ ରାଜନୀତି, ଜାତିଗତ ଦଙ୍ଗା, ଜାତିଗତ ହିଂସାକାଣ୍ଡ, ଜାତିଗତ ଜନଗଣନା, ବ୍ୟାଧି, ଦାରିଦ୍ର୍ୟ ଓ ସାମାଜିକ ଅସମତାର ଏକ ପରିଦର୍ଶନ ଓ ପ୍ରୟୋଗାତ୍ମକ କ୍ଷେତ୍ର ହୋଇ ରହିଆସିଥିବା ବିହାର ଏବେ ପୁଣି ଥରେ ପ୍ରମୁଖ ଖବରର ଶୀର୍ଷରେ ରହିଛି। ଆଉ ମାତ୍ର ଚାରି/ପାଞ୍ଚ ମାସ ପରେ ବିହାରରେ ହେବାକୁ ଯାଉଥିବା ବିଧାନସଭା ନିର୍ବାଚନ ପୂର୍ବରୁ ନିର୍ବାଚନ ଆୟୋଗ ରାଜ୍ୟର ଭୋଟର ତାଲିକାକୁ ତ୍ରୁଟିହୀନ ଓ ସମ୍ପୂର୍ଣ୍ଣ ବୈଧ କରିବା ପାଇଁ ଆରମ୍ଭ କରିଥିବା ଅଭିଯାନ ରାଜନୈତିକ ବିବାଦ ଓ ଅଧିକାର ସଙ୍କଟ ଭଳି ପ୍ରସଙ୍ଗକୁ ଜନ୍ମ ଦେଇଛି। ଅଣଏନ୍‌ଡିଏ ଦଳମାନେ ଏଥିରେ ଏନ୍‌ଆରସି(ଜାତୀୟ ନାଗରିକ ସଂହିତା)ର ଗନ୍ଧ ବାରିଛନ୍ତି। ବିଶେଷଜ୍ଞମାନଙ୍କ ମତାନୁଯାୟୀ ନିର୍ବାଚନ ଆୟୋଗଙ୍କ ଏହି ଅଭିଯାନ ସମ୍ପୂର୍ଣ୍ଣ ତ୍ରୁଟିଶୂନ୍ୟ ନ ହେଲେ ସାମ୍ବିଧାନିକ ଅଧିକାର ହନନ ଭଳି ଗୁରୁତର ସଙ୍କଟ ସୃଷ୍ଟି ହେବ।

ନିର୍ବାଚନ ଆୟୋଗଙ୍କ ନିର୍ଦ୍ଦେଶାବଳୀ ଅନୁଯାୟୀ ବିହାର ଭୋଟର ତାଲିକାରେ ନାମ ସଂଶୋଧନ ବାଧ୍ୟତାମୂଳକ କରାଯାଇଥିବା ବେଳେ ସେଥିପାଇଁ ୧୧ ପ୍ରକାର ଦଲିଲ୍ ବା ପ୍ରମାଣପତ୍ରର ଆବଶ୍ୟକତାକୁ ଦର୍ଶାଯାଇଛି। ୧୯୮୭ ପରେ ଜନ୍ମ ନେଇଥିବା ଏବଂ ୨୦୦୩ ଜାନୁଆରୀ ୧ ତାରିଖ ପରେ ଭୋଟର ତାଲିକାରେ ନାମ ଦାଖଲ କରିଥିବା ପ୍ରତି ଭୋଟର ସାନି ତାଲିକାଭୁକ୍ତ ହେବା ପାଇଁ ଅତିରିକ୍ତ ଭାବେ ସେମାନଙ୍କ ଭାରତୀୟ ନାଗରିକତ୍ୱର ପ୍ରମାଣପତ୍ର, ଜନ୍ମ ପ୍ରମାଣପତ୍ର, ପାସପୋର୍ଟ, ଜାତିଗତ ପ୍ରମାଣପତ୍ର କିମ୍ବା ଶିକ୍ଷାଗତ ଯୋଗ୍ୟତାର ପ୍ରମାଣପତ୍ର ନେବାକୁ ପଡ଼ିବ। ଗରିବ, ନିରକ୍ଷର ଓ ଭୂମିହୀନ ଭୋଟରଙ୍କ ପକ୍ଷେ ଏହା ଯୋଗାଡ଼ କରିବା ଏକ ଦୁରୂହ ବ୍ୟାପାର। ତା'ଛଡ଼ା ଜୁନ୍ ୨୫ରୁ ଆରମ୍ଭ ହୋଇସାରିଥିବା ଏହି ସଂଶୋଧନ ପ୍ରକ୍ରିୟା ଜୁଲାଇ ୨୫ ତାରିଖ ସୁଦ୍ଧ ସମାପ୍ତ ହେବ ବୋଲି ଧାର୍ଯ୍ୟ କରାଯାଇଥିବାରୁ ଏତେ ସ୍ୱଳ୍ପ ସମୟ ମଧ୍ୟରେ ଗ୍ରାମାଞ୍ଚଳ ଓ ଦୁର୍ଗମ ଅଞ୍ଚଳରେ ରହୁଥିବା ଭୋଟରମାନେ ମାଇଲ୍ ମାଇଲ୍ ଗସ୍ତ ଓ ଅର୍ଥ ଖର୍ଚ୍ଚ କରି ସଂଶୋଧିତ ତାଲିକାରେ ନିଜ ନାମ ପଞ୍ଜିକରଣ କରିବା ପାଇଁ ଯେ ଆଗ୍ରହ ପ୍ରକାଶ କରିବେ ତାହା ବିଶ୍ୱାସ ହେଉନାହିଁ। ଏଭଳି ଏକପ୍ରକାର ଅସମ୍ଭବ ପରିସ୍ଥିତିରେ ରାଜନୈତିକ ଦଳର ତୃଣମୂଳସ୍ତରର କର୍ମୀମାନେ ସକ୍ରିୟ ହେବା ସ୍ୱାଭାବିକ। ତେଣୁ କୃତଜ୍ଞତା ସ୍ୱରୂପ ଭୋଟରମାନେ ସେହି ଦଳକୁ ଭୋଟ ଦେବେ ଯେଉଁ ଦଳର ନେତାମାନେ ଭୋଟରଙ୍କ ନାମଗୁଡ଼ିକୁ ସାନି ତାଲିକାଭୁକ୍ତ କରାଇବାରେ ସହାୟତା କରିଛନ୍ତି।

ରାଜନୈତିକ ବିବାଦରୁ ଊର୍ଦ୍ଧ୍ୱରେ ନିର୍ବାଚନ ଆୟୋଗଙ୍କ ସ୍ପଷ୍ଟୀକରଣ ଅନୁଯାୟୀ ବିହାରରେ ଭୂତଭୋଟର ଓ ଅବୈଧ ବହିରାଗତ ଭୋଟର ସମସ୍ୟା ସର୍ବାଧିକ। ଏହି ସଂଶୋଧନ ତାଲିକା ବଳରେ ଅବୈଧ ଭୋଟରଙ୍କୁ ଭାରତୀୟ ଗଣତାନ୍ତ୍ରିକ ବ୍ୟବସ୍ଥା ଓ ନିର୍ବାଚନ ପ୍ରକ୍ରିୟାରୁ ଦୂରେଇ ରଖିବା ସମ୍ଭବ ହେବ। ନିର୍ବାଚନ ଆୟୋଗଙ୍କ ଏହି ଲକ୍ଷ୍ୟ ଯେତିକି ମହତ୍ ଓ ସ୍ୱାଗତଯୋଗ୍ୟ; ତା'ଠାରୁ ଅଧିକ ଜଟିଳ ଓ ଆହ୍ୱାନପୂର୍ଣ୍ଣ। ଆମ ଦେଶର ସାମାଜିକ ବ୍ୟବସ୍ଥାରେ ସୀମିତ ସମୟରେ ଏହି ତାଲିକା ଯେ ତ୍ରୁଟିପୂର୍ଣ୍ଣ ହେବ ସେ ନିଶ୍ଚିତତା ଆଦୌ କରିହେଉ ନାହିଁ। ଆହୁରି ମଧ୍ୟ ବିହାରର ଶିକ୍ଷା, ସାମାଜିକ ଓ ଅର୍ଥନୈତିକ ସ୍ଥିତି ଯାହା ସେଥିରେ ମାତ୍ର ୩୦ଦିନ ମଧ୍ୟରେ ପ୍ରାୟ ୧୩ କୋଟି ୭ ଲକ୍ଷର ବିଶାଳ ଜନସଂଖ୍ୟା ଏବଂ ୭ କୋଟି ୬୪ ଲକ୍ଷରୁ ଊର୍ଦ୍ଧ୍ୱ ଭୋଟର ବିଶିଷ୍ଟ ତାଲିକାର ତ୍ରୁଟିବିହୀନ ସଂଶୋଧନ ଯେ ସମ୍ଭବ ହେବ ସେ ବିଶ୍ୱାସ ହେଉନାହିଁ। ଏ କାମଟି କେତେ ଜଟିଳ ତାହା ଏକ କ୍ଷୁଦ୍ର ପରିସଂଖ୍ୟାନଗତ ବିଶ୍ଳେଷଣରୁ ବୁଝି ହେବ। 'ରେଜିଷ୍ଟ୍ରାର ଜେନେରାଲ୍ ଅଫ୍ ଇଣ୍ଡିଆ'ର ତଥ୍ୟାନୁଯାୟୀ ବିହାରରେ ୨୦୦୦ ମସିହାରେ ମାତ୍ର ୧.୧୯ ଲକ୍ଷ ଜନ୍ମ ପ୍ରମାଣପତ୍ର ପଞ୍ଜିକରଣ ହୋଇଥିବା ବେଳେ ତାହା ସେହିବର୍ଷ ସେହି ରାଜ୍ୟରେ ଜନ୍ମ ନେଇଥିବା ମୋଟ ଶିଶୁଙ୍କର ମାତ୍ର ୩.୭%। ୨୦୦୦ ପୂର୍ବରୁ ବିହାରରେ ଜନ୍ମଗତ ପ୍ରମାଣର କୌଣସି ନଥିପତ୍ର 'ରେଜିଷ୍ଟ୍ରାର ଜେନେରାଲ୍ ଅଫ୍ ଇଣ୍ଡିଆ' ପାଖରେ ଉପଲବ୍ଧ ନୁହେଁ। ଆଉ ଏକ ତଥ୍ୟ ଅନୁଯାୟୀ ୨୦୦୧ ମାର୍ଚ୍ଚ ୧ ତାରିଖରୁ ୨୦୧୧ ଭିତରେ ବିହାର ଜନସଂଖ୍ୟା ୨.୧୧ କୋଟି ବୃଦ୍ଧି ପାଇଛି, ଅଥଚ ସେହି ସମୟ ଭିତରେ ଜନ୍ମ ପଞ୍ଜିକରଣ ସଂଖ୍ୟା ବଢ଼ିଛି ମାତ୍ର ୭୩.୯୧ ଲକ୍ଷ। ଏଭଳି ପରିସ୍ଥିତିରେ ଗରିବ ଓ ଅଶିକ୍ଷିତ ଭୋଟରଟିଏ ଜନ୍ମ ପ୍ରମାଣପତ୍ର ପାଇବେ କେମିତି, ଭୋଟର ତାଲିକାରେ ନାମ ସଂଶୋଧନ କରିବ କେମିତି ଏବଂ ଭୋଟ ଅଧିକାର ସାବ୍ୟସ୍ତ କରିବ କେମିତି?

ବିହାରରେ ଭୋଟର ତାଲିକାକୁ ସମ୍ପୂର୍ଣ୍ଣ ବୈଧ ଓ ତ୍ରୁଟିହୀନ କରିବା ପାଇଁ ନିର୍ବାଚନ ଆୟୋଗ ଯେଉଁ ଅଭିଯାନ ଆରମ୍ଭ କରିଛନ୍ତି ତାହାକୁ ଆସାମ ନାଗରିକ ପଞ୍ଜିକାର ଫଳାଫଳ ଆଧାରରେ ବିଶ୍ଳେଷଣ କଲେ ବଡ଼ ପ୍ରମାଦର ଗନ୍ଧ ବାରି ହେଉଛି। ଆସାମର ମୂଳବାସିନ୍ଦାମାନଙ୍କ ଅଧିକାର ସୁରକ୍ଷିତ କରି ସେମାନଙ୍କ ଭାରତୀୟ ନାଗରିକତାକୁ ବୈଧ କରିବା ଏବଂ ବହିରାଗତମାନଙ୍କୁ ଅବୈଧ ଭାବେ ହାତେଇ ନେଇଥିବା ସରକାରୀ ସୁବିଧାସୁଯୋଗରୁ ବାଦ୍ ଦେବା ପାଇଁ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶକ୍ରମେ କାର୍ଯ୍ୟକାରୀ ହୋଇଥିଲା 'ଆସାମ୍ ନାଗରିକ ପଞ୍ଜିକା'। କିନ୍ତୁ ଏହା ପୂର୍ଣ୍ଣାଙ୍ଗ ରୂପ ନେବା ବେଳକୁ ଜଣାପଡ଼ିଲା ଯେ ବାଂଲାଦେଶୀ ଅନୁପ୍ରବେଶକାରୀ ବା ବହିରାଗତମାନେ ଅବୈଧ ଭାବରେ ହାତେଇ ନେଇଥିବା ଜମି ପଟ୍ଟା ବଳରେ ନାଗରିକ ପଞ୍ଜିକାରେ ସ୍ଥାନ ପାଇଛନ୍ତି, ଅଥଚ ଆସାମର ୧୯ ଲକ୍ଷ ମୂଳ ବାସିନ୍ଦା ପଞ୍ଜିକାରୁ ବାଦ୍ ପଡ଼ିଛନ୍ତି। ସେହି ହତଭାଗ୍ୟମାନେ ନିଜର ନ୍ୟାଯ୍ୟ ଭାରତୀୟତା ପ୍ରମାଣ କରିବା ଏବେ ବିଭିନ୍ନ ଆଇନ ଅଦାଲତକୁ ଦୌଡ଼ୁଛନ୍ତି। ତେଣୁ ଉପରୋକ୍ତ ପରିସଂଖ୍ୟାନ ଆଧାରରେ ବିହାରରେ ଯଦି ଅନୁରୂପ ବିଡ଼ମ୍ବନା ଘଟେ ତେବେ ତାହା ତ ନିର୍ବାଚନ ଆୟୋଗଙ୍କ ମୂଳ ଲକ୍ଷ୍ୟର ବ୍ୟତିକ୍ରମ ହେବ; ତା'ସହିତ ଭୋଟଦାନ ଅଧିକାରରୁ ବଞ୍ଚିତ ଭଳି ଗୁରୁତର ସାମ୍ବିଧାନିକ, ବୈଧାନିକ ଓ ଆଇନଗତ ଜଟିଳତାକୁ ଜନ୍ମ ଦେବ।

ଆହୁରି ମଧ୍ୟ ଆଶଙ୍କା ପ୍ରକାଶ ପାଉଛି ଯେ ବିହାରରେ ପରୀକ୍ଷଣ ପରେ ଦେଶର ଅନ୍ୟାନ୍ୟ ଏନ୍‌ଡିଏ ଶାସିତ ଏବଂ ପରବର୍ତ୍ତୀ ସମୟରେ ଅଣଏନ୍‌ଡିଏ ଶାସିତ ରାଜ୍ୟରେ ଏହା କାର୍ଯ୍ୟକାରୀ ହୋଇପାରେ। ଯଦି ଅବୈଧ ନାଗରିକ ଚିହ୍ନଟର ଏହା ତ୍ରୁଟିଶୂନ୍ୟ ଆଧାର ହୁଏ, ସେଥିରେ କେହି ବିରୋଧ କରିବାର ନାହିଁ। କିନ୍ତୁ ଏନ୍‌ଆରସି ଆଳରେ ଭାରତର ମୂଳ ବାସିନ୍ଦା ଯଦି ଭୋଟର ଅଧିକାରରୁ ବଞ୍ଚିତ ହେବେ ତାହା ଗ୍ରହଣୀୟ ନୁହେଁ। ଭୋଟର ତାଲିକାର ମୌଳିକ ସଂରଚନା, ବ୍ୟବସ୍ଥା ଓ ନିଷ୍ପତ୍ତିଗତ ଅଧିକାର ଆଦି ରାଜ୍ୟ ବ୍ୟାପାର ନୁହେଁ। ତେଣୁ ଗୋଟିଏ ରାଜ୍ୟରେ ଏତେ ବଡ଼ ଯୁଗାନ୍ତକାରୀ ପରୀକ୍ଷା ନିରୀକ୍ଷା କରିବା ପୂର୍ବରୁ ଏ ଦିଗରେ ଜାତୀୟସ୍ତରରେ ଅଧିକ ବିଚାର ବିମର୍ଶର ଆବଶ୍ୟକତା ଥିବା ଏବଂ ହାତରେ ଅଧିକ ସମୟ ରଖିବା ଉଚିତ ମନେ ହୁଏ।

# ଉତ୍ତର ଔପନିବେଶିକ ଧର୍ମଚିନ୍ତା

**ହରପ୍ରସାଦ ଦାସ**

ହିନ୍ଦୁଧର୍ମକୁ ନେଇ ସମଗ୍ର ୟୁରୋପରେ ନୂଆ ବୌଦ୍ଧିକ ଆଗ୍ରହ ସୃଷ୍ଟି ହେବା ସାମୟିକ, କ୍ଷଣସ୍ଥାୟୀ ନା ଆକସ୍ମିକ? ଏ ଆଗ୍ରହ ୧୯୬୪ ବେଳକୁ ଥିଲା କି? ବିଦେଶରେ ପ୍ରକାଶିତ ଧର୍ମ ସମ୍ବନ୍ଧୀୟ ବହିମାନଙ୍କ ଭିତରେ ହିନ୍ଦୁ ଧର୍ମର ଚର୍ଚ୍ଚା, ଦେବଦେବୀ ଓ ଲୋକସାହିତ୍ୟ ତଥା ଦନ୍ତକଥାକୁ ନେଇ ଅବଶ୍ୟ ଥିଲା, କିନ୍ତୁ ତାହା ସମକାଳୀନ ବିଶ୍ୱରେ ଶକ୍ତିତନ୍ତ୍ରର ରାଜନୀତିରେ ପ୍ରବେଶ କରି ନ ଥିଲା। କାରଣ ପାଶ୍ଚାତ୍ୟ ବୌଦ୍ଧିକ ଜଗତ ସେତେବେଳକୁ ପ୍ରାୟ ନିଶ୍ଚିତ ଥିଲା ଯେ ଯେତେସବୁ ଉପନିବେଶରୁ ୟୁରୋପୀୟମାନେ ଓହରିଯାଇଥିଲେ ସେଠି ଗୋଟେ ବୃହତ୍ତର ଉପନିବେଶ ରହିଯାଇଥିଲା। ସେ ଉପନିବେଶ ଥିଲା ବୌଦ୍ଧିକ ଉପନିବେଶ। ତାହା ରଚିତ ହୋଇଥିଲା ଚିନ୍ତାରେ, ଶିକ୍ଷାରେ ଓ ଇଂରେଜୀ ଭାଷା ଦ୍ୱାରା ଗୋଟେ ମହାଦେଶୋପମ ବିଶାଳ, ବିଚିତ୍ର ଓ ଧର୍ମପ୍ରଧାନ କ୍ଷେତ୍ରରେ। ଏ ବୌଦ୍ଧିକ ଉପନିବେଶ ଭାରତୀୟଙ୍କୁ ଏଭଳି ବଦଳେଇ ଦେଇଚି ଯେ ଇଂରେଜ ଗଲାପରେ ବି ଇଂରେଜୀ ରହିବ, ଇଂରେଜିୟତ ରହିବ ଓ ଭାରତ ଏକ କୃତାର୍ଥ ଦୃଷ୍ଟିରେ ଇଂରେଜ ଓ ଇଂରେଜୀକୁ ଅନାଇ ରହିବ। ଏ ଧାରଣା ଭୁଲ ଥିଲା।

ଏଡ଼ିକି କ୍ଷୁଦ୍ର ଗୋଟିଏ ଦେଶରୁ ଆସି ଏଭଳି ବିଶାଳ କ୍ଷେତ୍ରକୁ ସ୍ଥାନୀୟ ଲୋକଶକ୍ତି ବ୍ୟବହାର କରି ପ୍ରଭାବିତ କରିବା ସହିତ ଆଧୁନିକୀକରଣର ପ୍ରତିମାନ ସ୍ଥାପିତ କରି ସଫଳ ହେବା କିଛି କ୍ଷୁଦ୍ର ବ୍ୟାପାର ନଥିଲା। ଇଂରେଜଙ୍କ ସମ୍ରାଜ୍ୟବାଦୀ ଇତିହାସରେ ଭାରତ ଥିଲା ଏକ ଅତୁଳନୀୟ ଓ ଅନନ୍ୟ ଅନୁଭୂତି। ଏତେ ସମସ୍ୟା ସେମାନେ କୋଉଠି ସାମ୍ନା କରିନଥିଲେ, ଏତେ ହନ୍ତସନ୍ତ ସେମାନେ କୋଉଠି ହେଇନଥିଲେ କି ଏତେବଡ଼ ପ୍ରଶାସକୀୟ ଅଭିଜ୍ଞତା ସେମାନେ କୋଉଠି ପାଇନଥିଲେ। ୧୭୫୭ରୁ ୧୮୫୭ କମ୍ପାନୀ ଶାସନ ଓ ତା'ପରେ ୧୯୪୭ ଯାଏଁ ରାଜଗଣତନ୍ତ୍ର(ଉତ୍ତରାଧିକାର ସୂତ୍ରରେ ରାଜତନ୍ତ୍ରୀୟ ରାଷ୍ଟ୍ରମୁଖ୍ୟ, କିନ୍ତୁ ଲୋକନିର୍ବାଚିତ ପ୍ରତିନିଧିଙ୍କ ସରକାର)ଅଧୀନରେ ଔପନିବେଶିକ ଶାସନ ଏକ ବିଚିତ୍ର ମଡେଲ। ଶେଷ ନବେ ବର୍ଷ କଷ୍ଟକର। ସିପାହୀବିଦ୍ରୋହ (୧୮୫୭)ପରେ ବ୍ରିଟିଶ ପାର୍ଲିଆମେଣ୍ଟ ଓ ନିର୍ବାଚିତ ସରକାର ଭାରତର ଶାସନ ନିଜ ହାତକୁ ନେଇଗଲେ ସିନା ସମ୍ଭାଳିବା ସହଜ ନଥିଲା। ଇଂରେଜମାନଙ୍କ କୂଟର ପ୍ରୟୋଗ ବିଫଳ ହୋଇଚାଲିଲା। ଏଡ଼େ ବିରାଟ ଭୂଖଣ୍ଡର ଭାଷା, ସଂସ୍କୃତି ଓ ଧର୍ମକୁ ଗୋଟିଏ କ୍ଷୁଦ୍ର ବେଷ୍ଟନୀ ଭିତରେ ଆବଦ୍ଧ କରିବାର ଅନୁଭୂତିହୀନ ଉନ୍ମାସିକତା ତାଙ୍କୁ ବିପଦରେ ପକେଇଦେଲା। ଭାବିଦେଖନ୍ତୁ ସେତେବେଳର ଏ ସାଇବଗୁଡ଼ିକ କେଡ଼େ କ୍ଷୁଦ୍ର ଜୀବ ଥିଲେ, ଅଥଚ କେବଳ ଆଟୋପ ଦେଖାଇ କେଡ଼େବଡ଼ ମହାତ୍ୱାକାଂକ୍ଷା ନେଇ ନିଜକୁ ଉପସ୍ଥାପିତ କରୁଥିଲେ ଏବଂ ନିଜ ଅଧସ୍ତନ ଦ୍ୱାରା ନିଜ ବଡ଼ପଣର କାହାଣୀ ଲେଖାଇ ତା'କୁ ଇତିହାସର ମାନ୍ୟତା ବି ଦେଇଥିଲେ।

ନିଜ କ୍ଷୁଦ୍ର ଦେଶର କମ୍ପାନୀ କିରାଣୀ, ଆର୍ମିଅଫିସର, ସାମନ୍ତ ବଂଶଜମାନଙ୍କୁ ଗଭର୍ଣ୍ଣର ବନେଇ ସାଧାରଣଙ୍କୁ ମହିମାମଣ୍ଡିତ କରି ଥୋଇଲେ। ହେଷ୍ଟିଂସ, କ୍ଲାଇବ, କାନିଙ୍ଗ ଓ ପରେ କର୍ଜନ, ରିପ୍ପନ, ମାଉଣ୍ଟବାଟେନ ଓ ଅନ୍ୟସମସ୍ତେ ଗୋଟିଏ ଷ୍ଟେରିଓଟାଇପ। ଶିଳ୍ପବିପ୍ଳବ ପରର ଲୋକଜୀବନରେ ବ୍ୟାଚ ଉତ୍ପାଦନର ଯେଉଁ ଧାଡ଼ି, ଟାଇପ, ଶ୍ରେଣୀ ପ୍ରବେଶ କଲା ତା'ର ପ୍ରଭାବ ଥିଲା ଛୋଟ ଠାରୁ ବଡ଼ ପର୍ଯ୍ୟନ୍ତ ସବୁଠି ସାଧାରଣୀକରଣ। ମାଉଣ୍ଟବ୍ୟାଟେନ ଓ ରିପ୍ପନ, ଡେଲହାଉସି ଓ କର୍ଜନ ଏମାନେ ଅଲଗା ସମ୍ଭ୍ରାନ୍ତ୍ୟରେ କିନ୍ତୁ ଏକ ଉନ୍ନାସିକ ପତିଆରାରେ। ଏମାନଙ୍କ ବ୍ୟକ୍ତିପ୍ରତିମାର ଛାୟାଲୋକରେ ଯେଉଁ ଅମଲାତନ୍ତ୍ର କମ୍ପାନୀ ଓ ବ୍ରିଟିଶ ସରକାର ଉପନିବେଶ ପାଇଁ ନିର୍ମାଣ କଲେ ସେଥିରେ ଉନ୍ନାସିକ ପତିଆରା ଗୋଟେ ଅପଠିତ, କିନ୍ତୁ ଅନୁଭୂତ ଛାୟାପାଠ ହୋଇ ରହିଗଲା।

ମାନିବାକୁ ପଡ଼ିବ ଯେ ଅମଲାତନ୍ତ୍ରର ପ୍ରତିଷ୍ଠା ଥିଲା ଇଂରେଜଙ୍କ ବଡ଼ ସଫଳତା। ଇଏ ଥିଲା ଏକ ପ୍ରତିମାନ ବା ପ୍ରଚଳିତ ମାନର ବିପରୀତରେ ସ୍ଥାପିତ ଏକ ମାନ। ମୋଗଲ ଅମଲାବ୍ୟବସ୍ଥା ତନ୍ତ୍ରରେ ନିର୍ମିତ ହୋଇନଥିଲା। ଭାରତୀୟ ରାଜତନ୍ତ୍ରରେ ଅମଲାବ୍ୟବସ୍ଥା, ବସ୍ତୁତଃ ସବୁ ବ୍ୟବସ୍ଥାର ଭିତରେ ଥିଲା ଧର୍ମ, ତା'ର ବ୍ୟବହାରିକ ନୈତିକତା ଥିଲା ଆଧାମ୍। କୁହାଯାଇପାରେ ଯେ ସନାତନୀ ଶାସନତନ୍ତ୍ର ଥିଲା ଧର୍ମ ଓ ତା'ର ଅନୁଭୂତି ଥିଲା ଆଧାମ୍। ଏପରିକି ପରବର୍ତ୍ତୀ କାଳର ବୌଦ୍ଧ ଓ ଜୈନ ରାଜତନ୍ତ୍ରରେ ବି ଆଧାରଭୂତ ରଚନା ଥିଲା ସେଇଆ। କେବଳ ଅମଲାତନ୍ତ୍ର ଦ୍ୱାରା ଶାସନ କରିବା ସମ୍ଭବ ନଥିଲା, ତେଣେ ସନାତନୀ ହିନ୍ଦୁଙ୍କ ପ୍ରକୃତ ଆନୁଗତ୍ୟ ବା ସମ୍ମାନବୋଧର ଧର୍ମସୂତ୍ର ସେମାନଙ୍କ କଳ୍ପନାରେ ନଥିଲା। କ୍ୟାଥଲିକ ଖ୍ରୀଷ୍ଟୀୟ ଧର୍ମଧାରା ଓ ଭାରତୀୟ ସନାତନୀ ଧର୍ମଧାରା ଭିତରେ ଗୋଟିଏ ବଡ଼ ପାର୍ଥକ୍ୟ ଥିଲା। ସନାତନୀ ଧର୍ମ ମାର୍ଗ ଜ୍ଞାନମାର୍ଗ। ଅର୍ଥାତ ଏ ମାର୍ଗରେ ଔପଚାରିକତା ଗୌଣ, ଦର୍ଶନ ମୁଖ୍ୟ। ଏଭଳି ଧର୍ମ ବିଶ୍ୱରେ ଆଉ କାହିଁ? ମୁଁ ଜଣେ ହିନ୍ଦୁ ଭାବରେ ଏକଥା କହୁନାହିଁ। ସବୁ ଧର୍ମର କ୍ୟାନନିକାଲ ପାଠଗୁଡ଼ିକୁ ପଢ଼ିଲା ପରେ ମୁଁ ଏ ନିଷ୍କର୍ଷରେ ଉପନୀତ ହୋଇଚି ଯେ ସନାତନୀ ହିନ୍ଦୁଙ୍କ ଧର୍ମପାଠଗୁଡ଼ିକ ଧର୍ମ ଆଚରଣ ପାଇଁ ବିକଶିତ ହୋଇନାହାନ୍ତି, ଏଗୁଡ଼ିକ ବ୍ରହ୍ମାଣ୍ଡ ସହିତ ଈଶ୍ୱରଙ୍କୁ ନେଇ ବିସ୍ମୟ, ସୃଜନଶୀଳତା, କଳା ଓ କଳ୍ପନାର ବୌଦ୍ଧିକ ଆକଳନ ଓ ବିଚାର। ଯାକୁ ଲୋକାୟତରେ ପରିଚାଳିତ କରିବା ପାଇଁ ପୁରାଣମାନଙ୍କ ରଚନା। ପୁରାଣର ମର୍ମ ସାଧାରଣ ବୋଧଗମ୍ୟତା ପାଇଁ କଥାବାଚନ ଓ ପାରାୟଣ ଦ୍ୱାରା ପ୍ରସାରିତ। ସଂକ୍ଷେପରେ ହିନ୍ଦୁ ଜ୍ଞାନମାର୍ଗ ଏକ ତ୍ରିସ୍ତରୀୟ ମହାପଥ ବା ହାଇୱେ। ଲକ୍ଷ୍ୟସ୍ଥଳ ଗୋଟିଏ। ଜୀବରେ ପରମ ଓ ପରମରେ ଜୀବର ସ୍ଥାପନା। ଏତିକି ହୋଇଗଲେ ବସୁଧା ଏକ କୁଟୁମ୍ବ, ବିଶ୍ୱ ମଧୁମୟ ଓ ନିସର୍ଗ ସହିତ ସମଗ୍ର ବ୍ରହ୍ମାଣ୍ଡ ରାହସ୍ୟାବୃତ। ରହସ୍ୟ ଉଦଘାଟନ ଭାରତୀୟଙ୍କ ବିଜ୍ଞାନ ନୁହେଁ। ରହସ୍ୟ ଉତ୍ପାଦନ ବି ନୁହେଁ। ରହସ୍ୟକୁ ରହସ୍ୟ କରି ରଖିବାରେ ଭାରତୀୟ ସ୍ୱତନ୍ତ୍ରତା। ଯା ସହିତ ବିଶ୍ୱର ଚଳନ୍ତି ଆଧୁନିକତାର ଯୋଡ଼ ବସିବକି ନାହିଁ, ତାର ବିଚାର ପରେ। ଏବେ ସଂକ୍ଷେପରେ କେବଳ ସୂଚାଇ ଦେଉଚି ଯେ ବର୍ତ୍ତମାନର ସଂକ୍ରାମକ ଆଧୁନିକତାରୁ ଅତିବୁଦ୍ଧି, ଅତିବିଜ୍ଞାନ ଓ ଅତିଆସ୍ପର୍ଦ୍ଧା - ଏହି ତିନୋଟି 'ଅତି' ବାହାରିଗଲେ ମଣିଷ ତା'ର ମଣିଷ ହେବାର ତାତ୍ପର୍ଯ୍ୟ ଫେରିପା'ନ୍ତା। ଭାରତୀୟ ଧର୍ମଚିନ୍ତନରେ ସନାତନ ଅର୍ଥାତ ଅବିନାଶୀ ଚିରନ୍ତନତା ମଣିଷକୁ ମଣିଷ କରି ରଖିବାରେ।

ଶଙ୍କରାଚାର୍ଯ୍ୟଙ୍କ କାଶ୍ମୀରରୁ କନ୍ୟାକୁମାରୀ ଯାଏଁ ଯେଉଁ ଜୟଯାତ୍ରା ତାକୁ ଧର୍ମପ୍ରତିଷ୍ଠାର ଅଭିଯାନ ବୋଲି କହିବାର ତାତ୍ପର୍ଯ୍ୟ ଉପରଠାଉରିଆ। ପ୍ରକୃତରେ ଏହା ଥିଲା ଏକ ଜୀବନମୂଲ୍ୟ ବା ସିଦ୍ଧାନ୍ତର ତର୍କଯାତ୍ରା। ଯାର ପଟାନ୍ତର ନାହିଁ। ସପ୍ତମ-ଅଷ୍ଟମ ଶତାବ୍ଦୀରେ ସନାତନ ସହିତ ଏକେଶ୍ୱର ଗୋଟିଏ ବଡ଼ ତର୍କରେ ପରିଣତ ହୋଇଥିଲା ଜୈନ ଓ ବୌଦ୍ଧ ଉପଧାରା ପାଇଁ ଭୂମି ସନ୍ଧାନରେ ଥିବା ତର୍କବାଗୀଶଙ୍କ ଯୋଗୁଁ। ସନାତନୀ ପୃଷ୍ଠଭୂମି ପରିତ୍ୟାଗ କରି ଗୋଟିଏ ଆର୍ଯ୍ୟନୂଆ ଭୂମିରେ ଧର୍ମପ୍ରତିଷ୍ଠା ମହାବୀର ବା ବୁଦ୍ଧ ଚାହୁଁନଥିଲେ। ସେମାନେ ସନାତନର ମାର୍ଗୀ ଦାର୍ଶନିକ ଥିଲେ, ଅହିଂସ ମଧ୍ୟମ ମାର୍ଗ ଥିଲା ସନାତନର ବୈଦିକ-ବ୍ରାହ୍ମଣ୍ୟ ଉପଚାରସର୍ବସ୍ୱତାରୁ ସହଜ ସମାଧାନ ପାଇବାର ଲୋକମାର୍ଗ। ଲୋକଭାଷାରେ ଲୋକଙ୍କ ପାଖରେ ସନାତନୀ ପ୍ରଜ୍ଞାର ଆଲୋକ ପହଞ୍ଚାଇବା ଥିଲା ଜ୍ଞାନୋଦୟର ଧର୍ମାନୁଭବ। ପରେ ଯେତେବେଳେ ଏହା ଅନୁଷ୍ଠାନରେ ପରିଣତ ହୋଇଗଲା, ଏପରିକି ରାଜଧର୍ମ ଭାବରେ ଗୃହୀତ ହୋଇଗଲା, ସେତେବେଳେ ଯା'ର ସନାତନୀ ମୂଳ ଉତ୍ପାଟିତ ହେବାର ଭୟ ଆସିଗଲା। ସନାତନୀ ପ୍ରାଜ୍ଞ, ବୈଦିକ ବ୍ରାହ୍ମଣ ପଣ୍ଡିତ ଓ ବୌଦ୍ଧ-ଜୈନ ଧର୍ମପ୍ରଚାରକ - ଏ ତ୍ରିଶକ୍ତି ଏକାସାଙ୍ଗରେ ସକ୍ରିୟ ହେଲେ ଓ ପରସ୍ପର ସହିତ ତର୍କ କଲେ। ଶଙ୍କରାଚାର୍ଯ୍ୟ ଥିଲେ ସନାତନର ଅନ୍ତିମ ତାର୍କିକ। ସେ ଯେଉଁ ଚତୁର୍ଧାମର ପ୍ରତିଷ୍ଠା କଲେ ଓ ତା'ସହିତ ଯେଭଳି ଭାବରେ ଯୁଗକଳ୍ପନାକୁ ଆଣି ଯୋଡ଼ିଲେ, ତହିଁରେ ଏକ ରୋମାଞ୍ଚକ ବିସ୍ମୟ ଥିଲା ପୁରୀର ଜଗନ୍ନାଥ ଧାମ। ଜଗନ୍ନାଥ କଳ୍ପିତ ହେଇଥିଲେ ଜନଜାତୀୟ ଉପାସ୍ୟଙ୍କୁ ପ୍ରତୀକ ଭାବରେ, ତାହା ବ୍ରାହ୍ମଣ୍ୟ ଔପଚାରିକତାରୁ ମୁକ୍ତଥିଲା। ଶଙ୍କରାଚାର୍ଯ୍ୟ ଦୂରଦର୍ଶୀ ପ୍ରାଜ୍ଞପୁରୁଷ ଠିକ ଦେଖିଥିଲେ ଯେ ଜଗନ୍ନାଥରେ ହିଁ ସ୍ଥାନ-କାଳ, ତାଙ୍କରି ନିର୍ମିୟମାଣ ଭଙ୍ଗୁରତାରେ ଚଳମାନ ବର୍ତ୍ତମାନ, ସେହିଁ ନିରାକାରଙ୍କର ମଣିଷ ହାତରେ ଗଢ଼ା ଅମୂର୍ତ୍ତ ମୂର୍ତ୍ତି ଶ୍ରୀଜଗନ୍ନାଥ। ସେହି ଅମୂର୍ତ୍ତର ଆକାରପ୍ରାପ୍ତି ଦନ୍ତକଥା ଭଳି ଲାଗୁଚି, କିନ୍ତୁ ଏହା ଏକ ପ୍ରତୀକ ନିର୍ମାଣ।

ସରଳ ଭାବରେ କହିଲେ ସନାତନୀ ହିନ୍ଦୁଙ୍କ ଧର୍ମଚିନ୍ତା ଜୀବନଠାରୁ ଅଲଗା ନୁହେଁ, ଯେତେବେଳେ କି ହିନ୍ଦୁଙ୍କ ଧର୍ମଚିନ୍ତାକୁ ଜୀବନଠାରୁ ଅଲଗା କରି ଏକ ରାଜନୈତିକ ଦୃଷ୍ଟିକୋଣରୁ ଦେଖିବାର ପ୍ରୟାସ ଜାରି ରହିଚି ପଶ୍ଚିମରେ। ଏବେ ପୁରୀରେ ରଥଯାତ୍ରା ଦିନ ଘଟିଥିବା ଅଘଟନ ଯେଉଁକାରଣରୁ ବିଘଟିଥାଉ ସାଧାରଣ ଲୋକେ ଆତଙ୍କିତ ଯେ ଜଗନ୍ନାଥ ରୁଷ୍ଟ। ଶ୍ରୀମନ୍ଦିର ପ୍ରଶାସକ ଏବଂ ସରକାର ପ୍ରଭୁଙ୍କୁ କ୍ଷମାମାଗିବା ଗୋଟେ ଧର୍ମୀୟ ବ୍ୟାପାର ନା ସମାଜ, ରାଜନୀତି ଓ ପ୍ରଶାସନକୁ ଏକାଠି କରି ଆସ୍ଥାରେ ନ୍ୟସ୍ତ କରିବାର ସ୍ୱାଭାବିକ ପ୍ରତିକ୍ରିୟା? ଏଠି ସ୍ମରଣରେ ରହୁ ଯେ ପ୍ରଥମ ଓଡ଼ିଆ ଗଜପତି କପିଳେନ୍ଦ୍ରଦେବ ଜଗନ୍ନାଥଙ୍କୁ ରାଷ୍ଟ୍ରଦେବତା ମାନିଥିଲେ। ବସ୍ତୁତଃ ସେ ବର୍ତ୍ତମାନ ସମୟର ଏ ଦେଶ ଓ ରାଷ୍ଟ୍ର ଥିଲା ଯାଏଁ ଭାରତର ରାଷ୍ଟ୍ରଦେବତା। କୁହାଯାଉ କି ନ କୁହାଯାଉ ଶଙ୍କରାଚାର୍ଯ୍ୟ ଯେ ଜଗନ୍ନାଥଙ୍କ ସର୍ବସମନ୍ୱୟୀ, ସର୍ବମାନ୍ୟ ଐଶୀସତ୍ତା ଓ ତା'ର ରୂପ ପରିଗ୍ରହ ପର୍ଯ୍ୟନ୍ତ ସମଗ୍ର ବିଚାରଧାରାକୁ ସନାତନୀ ଜୀବନଧାରା ଭାବରେ ଗ୍ରହଣ କରିନେଇଥିଲେ ଏଥିରେ ସନ୍ଦେହ ନାହିଁ। ନଚେତ ସେ ଜଗନ୍ନାଥଙ୍କ ଆରାଧନା ଓ କର୍ମକାଣ୍ଡରେ ବାହ୍ୟ ପରିବର୍ତ୍ତନ କରି ଛାଡ଼ିଦେଇ ନ ଥା'ନ୍ତେ। ଶଙ୍କରଙ୍କ ଅବଦାନ ସନାତନୀ ଦେବତାଙ୍କର ଜନଜାତୀୟ ପ୍ରତିଷ୍ଠାରେ। ଏବେ ମଧ୍ୟ ତାହା ଅପ୍ରତିହତ।

ବିଶ୍ୱରେ ଅବଦମନର ରାଜନୀତିରେ ପଶ୍ଚିମାଙ୍କ ଦୃଷ୍ଟି ଭାରତକୁ ସଂହତ ଓ ସମନ୍ୱିତ କରି ରଖିଥିବା ସେଇ ରହସ୍ୟମୟ ଶକ୍ତି ଉପରେ ଯାହା ବାହାରକୁ ଦିଶୁନାହିଁ, କିନ୍ତୁ କାର୍ଯ୍ୟ କରିଚାଲିଚି। ତାହା ଧର୍ମ। ସେମାନେ ଏ ସତ୍ୟକୁ ଶାସକ ଭାବରେ ଧରିପାରିନଥିଲେ କି ଏବେବି ଧରିପାରୁନାହାନ୍ତି। ତାଙ୍କ ବହି ଗୋଟେ ଆଡ଼େ ଆମ ଆସ୍ଥାର ଗତି ଆଉ ଗୋଟେଆଡ଼େ। ଗୁହ୍ୟ ଓ ଅପ୍ରକଟ୍ୟ ହୋଇଥିବା ହେତୁ ଆମ ଧର୍ମର କାଇନେଟିକ ବା ଚଳତଶକ୍ତି ଏକ ମର୍ମ, ଭାଷ୍ୟ ନୁହେଁ।

ଭୁବନେଶ୍ୱର, ମୋ: ୯୪୩୭୦୩୯୮୫୮

# କବିତା ପାଠର ନୂଆ ଧାରା

**ଧ୍ରୁବ ଚରଣ ଘିବେଲା**

ସାହିତ୍ୟ ସଭାଟିଏ କରାଯାଉଛି ମାନେ ସେଠି ଗହଳ ଚହଳ ପରିବେଶଟିଏ ତିଆରିବା ପାଇଁ ସଂଯୋଜିତ ଥାଏ କବିତାପାଠର ଭବ୍ୟ ଆୟୋଜନ। ସେଠାକୁ ପୁଣି ନିମନ୍ତ୍ରିତ ଥା'ନ୍ତି କେତେ କବି, କବୟିତ୍ରୀ। ସାଧାରଣତଃ ଅନେକ ସ୍ଥାନରେ ଆଗ ହୁଏ ସାହିତ୍ୟ ସଭା ଏବଂ ତା'ପରେ କରାଯାଏ କବିତା ପାଠ। ସାହିତ୍ୟ ସଭା ଓ କବିତା ପାଠ ମଧ୍ୟରେ କେଉଁଠି କେଉଁଠି ସୁବ୍ୟବସ୍ଥିତ ଥାଏ ସୁସ୍ୱାଦୁ ଭୋଜନର ବ୍ୟବସ୍ଥା। ସଭା ପରେ ଯାଇ ହୁଏ ଭୋଜନ। ତା'ପରେ କବିତା ପାଠର ସୁନ୍ଦର ଆୟୋଜନ। ସାହିତ୍ୟ ସଭା ପରି କବିତାପାଠ କାର୍ଯ୍ୟକ୍ରମରେ ମଞ୍ଚାସୀନ ରହନ୍ତି ସଭାପତି, ଅତିଥିଙ୍କ ସହିତ କବିମାନଙ୍କ କବିତାଗୁଡ଼ିକର ସୁସଂଯୋଜନା ପାଇଁ ସଂଯୋଜକ ସଂଯୋଜିକା। ସେମାନଙ୍କ ସରସ ସୁନ୍ଦର ସଂଯୋଜନାରେ ରସାଳ କବିତା ପାଠ ଗତିଶୀଳ ରହିଥାଏ କବିମାନଙ୍କ ଭିନ୍ନ ଭିନ୍ନ ଶୈଳୀରେ କବିତାପାଠ କରିବା ଭିତରେ। ଆଜିକାଲି କବିତାପାଠ କାର୍ଯ୍ୟକ୍ରମକୁ ଅଧିକ ମନୋଜ୍ଞ ଓ ମନୋହର କରିବା ପାଇଁ ମଝିରେ ମଝିରେ ସଙ୍ଗୀତ, ନାଚ ଓ ଗୀତ ପରିବେଷଣ ବ୍ୟବସ୍ଥା କରାଗଲାଣି। ତଥାପି ଦେଖାଯାଏ ନାନା ବାହାନା ଦେଖାଇ କେହି କେହି କବି ନିଜ କବିତାଟି ପଢ଼ି ସାରି ସେଠୁ ଖସିଯିବାର ଧାରାବାହିକ ଉପକ୍ରମ କରନ୍ତି। ଏଥିରେ ହୁଏ କ'ଣ ନା କବିତାପାଠର ଶେଷଆଡ଼କୁ ଆଉ ବିଶେଷ କବି କେହି ନ ଥା'ନ୍ତି। ଯାହାର କବିତା ଥିବ, ସେଇ ଦୁଇ/ତିନି ଜଣ ଯାହା ରହିଥା'ନ୍ତି।

ଥରେ ଗୋଟେ ସଂସ୍ଥାର ବାର୍ଷିକ ଉତ୍ସବ ଆୟୋଜନ ପାଇଁ ଆହୂତ ପ୍ରାକ ବୈଠକ ସଭାରେ କବିତାପାଠର ଶେଷଭାଗରେ କବି ଓ କବିତା ମରୁଡ଼ି ବା କବିଙ୍କ ଅନୁପସ୍ଥିତିକୁ (ନିଜ କବିତା ପଢ଼ି ସାରି କବିଙ୍କ ପଳାଇବା ଦୁଃସ୍ଥିତିକୁ) କେମିତି ଏଡ଼ାଇ ଦିଆଯାଇପାରିବ ସେ ନେଇ ବିଚାରବିମର୍ଶ ଚାଲିଲା। ଜଣେ ସଦସ୍ୟ କହିଲେ ସଭାଶେଷରେ ସବୁ କବିଙ୍କୁ ପ୍ରଶସ୍ତିପତ୍ର ଦେବାର ବ୍ୟବସ୍ଥା ରଖାଯାଉ। ଆଉ ଜଣେ ସଦସ୍ୟ ତାଙ୍କ ଅନୁଭୂତିରୁ ଏକ ପ୍ରସ୍ତାବ ରଖିଲେ ଯେ ଉତ୍ସବର ମାସକ ଆଗରୁ କବିମାନଙ୍କୁ ଆହ୍ୱାନ କରାଯିବ ସ୍ୱରଚିତ କବିତା ଦାଖଲ କରିବା ପାଇଁ। ତା'ପରେ ଆସିଥିବା କବିତା ସଂଖ୍ୟା ଦେଖି କବିମାନଙ୍କୁ ବିଭିନ୍ନ ପର୍ଯ୍ୟାୟରେ କବିତା ପଢ଼ିବା ପାଇଁ ତାଲିକା ପ୍ରସ୍ତୁତ କରାଯିବ। ଯଦି ଷାଠିଏ କବିଙ୍କ କବିତା ଚୂଡ଼ାନ୍ତ ହେଲା ତେବେ ଚାରୋଟି ପର୍ଯ୍ୟାୟରେ ପନ୍ଦର ଜଣ ଲେଖାଏଁ କବି କବିତାପାଠ କରିବେ। ଏ ପ୍ରସ୍ତାବରେ ସମସ୍ତେ ସମ୍ମତି ଜଣାଇଲେ।

ପରବର୍ତ୍ତୀ ଉତ୍ସବ ସଭାକାର୍ଯ୍ୟ ସମୟ ରଖାଯାଇଥିଲା ଦିନ ଘ.୧୧.୪୫ମି. ରୁ ଘ.୧.୪୫ମି. ପର୍ଯ୍ୟନ୍ତ। ବାର୍ଷିକ ସଭା ପୂର୍ବରୁ ଦୁଇଟି ପର୍ଯ୍ୟାୟରେ ପନ୍ଦର ଜଣ ଲେଖାଏଁ କବି କବିତା ପଢ଼ିଲେ। ଆଗରୁ ବି ସୂଚନା ଦିଆଯାଇଥିଲା ସଂଯୋଜକ ଅତି ସଂକ୍ଷିପ୍ତ ବକ୍ତବ୍ୟ ରଖିବେ। କବି ସେମିତି ଅନାବଶ୍ୟକ ଭାବେ କବିତା ବ୍ୟତୀତ ଅନ୍ୟକଥା ରଖିବେ ନାହିଁ। ସମସ୍ତେ ସୂଚନା ମାନିଥିବାରୁ ନିର୍ଦ୍ଧାରିତ ସମୟରେ କବିତା ପାଠ ସରିଥିଲା ସଭା ଆଗରୁ। କବିତା ପାଠ ପରେ ସଭିଏଁ ମଞ୍ଚରୁ ଓହ୍ଲେଇ ଥିଲେ ଏକାଥରକେ। ତା'ପରେ ପରବର୍ତ୍ତୀ ପନ୍ଦର ଜଣ କବି ସସମ୍ମାନେ ମଞ୍ଚାସୀନ ହୋଇ କବିତା ପାଠ କରିଥିଲେ। ବାର୍ଷିକ ସଭା ପରେ ମଧ୍ୟାହ୍ନଭୋଜନ ବ୍ୟବସ୍ଥିତ ଥିଲା। ତା'ପରେ ତୃତୀୟ ପର୍ଯ୍ୟାୟ କବିତାପାଠ ସେଇ ସମାନ ଢାଞ୍ଚାରେ କରାଯାଇଥିଲା। ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟରେ ଜିଲ୍ଲା ବାହାର କବିଙ୍କୁ ଆଗ କବିତା ପଢ଼ିବା ପାଇଁ ସୁଯୋଗ ଦିଆଯାଇଥିଲା ଏବଂ ତୃତୀୟ ପର୍ଯ୍ୟାୟରେ ସ୍ଥାନୀୟ କବି କବିତା ପାଠ କରିଥିଲେ। ଏଥିରେ ଦେଖାଗଲା କବିମାନେ କବିତା ପଢ଼ିଲା ପରେ ପାଠୋତ୍ସବ ସ୍ଥଳି ଛାଡ଼ି ଯାଇନଥିଲେ।

ବାର୍ଷିକ ଉତ୍ସବ ପାଇଁ ନାଁ ପଞ୍ଜିକରଣ ବେଳେ ଫୁଲ ଚନ୍ଦନ ଦେଇ କବିଙ୍କୁ ବି ସୁସ୍ୱାଗତମ କରାସରିଥାଏ। ସେଠି କିଛି ସାହିତ୍ୟିକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ପ୍ରଶସ୍ତିପତ୍ର, ସାଲ ଓ ସ୍ମାରକ ଫଳକ ଦିଆଯାଇ। ସବୁ କବିଙ୍କୁ ବି ମିଳିଥିଲା ପ୍ରଶଂସାପତ୍ର। ନୂଆ ତରିକାରେ କବିତା ପାଠ ଧାରା ଭଲ ଥିଲା। ଜଣକ ପରେ ଜଣେ ମଞ୍ଚକୁ ଯାଇ କବିତା ପଢ଼ି ପୁଣି ଫେରିଆସି ମଞ୍ଚ ସାମ୍ନାରେ ବସିବା ଧାରାଠୁ ପର୍ଯ୍ୟାୟଭିତ୍ତିକ କବିତାପାଠରେ ଜଣେ କବି ନିଜ କବିତା ପଢ଼ି ସାରିଲା ପରେ ଘଣ୍ଟାଏ କାଳ ମଞ୍ଚରେ ବସିବାର ଅନୁଭବ ନିଶ୍ଚୟ ନିଆରା ଥିଲା। ସବୁ କାର୍ଯ୍ୟକ୍ରମ ସରିଲା ପରେ ନୂଆ କବିତା ପାଠ ଧାରାକୁ ସ୍ଥାନୀୟ କବି ପ୍ରଶଂସା କରିବାରେ କାର୍ପଣ୍ୟତା ପ୍ରକାଶ କରିନଥିଲେ।

ବଉଦରାଜ(ବୌଦ୍ଧ), ମୋ: ୯୪୩୭୪୭୮୪୬୬

# ବାସି ଖାଦ୍ୟ, ଝାଡ଼ୁ ଅର୍ପଣରେ ଦୂର ହୁଏ ଚର୍ମରୋଗ

**ଓଜସ୍ୱିନୀ**

**ବିଶ୍ୱାସ ଓ ବିଜ୍ଞାନ**

ଆଜିକାଲିର ପ୍ରଦୂଷିତ ପରିବେଶ ପାଇଁ ବିଭିନ୍ନ ପ୍ରକାର ଚର୍ମରୋଗର ପ୍ରାଦୁର୍ଭାବ ବଢ଼ି ବଢ଼ି ଚାଲିଛି। ଚର୍ମରୋଗ ବିଶେଷଜ୍ଞମାନଙ୍କ ପାଖରେ ଚିକିତ୍ସିତ ହେବା ପରେ ରୋଗୀ କିଛିମାତ୍ରାରେ ସୁସ୍ଥ ହେଉଛନ୍ତି। ଅନେକେ କସ୍‌ମେଟିକ୍ ସର୍ଜରୀର ସାହାରା ମଧ୍ୟ ନେଉଛନ୍ତି, ଯାହାକି ବ୍ୟୟବହୁଳ। ଡାକ୍ତରୀ ସୁବିଧା ନଥିବା କିମ୍ବା ଅର୍ଥବଳ ନଥିବା ରୋଗୀମାନେ କିନ୍ତୁ ଆରୋଗ୍ୟ ଲାଭ ପାଇଁ ଈଶ୍ୱରଙ୍କ ଉପରେ ହିଁ ଭରସା କରିଥା'ନ୍ତି। ଭାରତରେ ଏଭଳି ଦୁଇଟି ଚମତ୍କାରୀ ମନ୍ଦିର ଅଛି, ଯେଉଁଠି ସମସ୍ତପ୍ରକାର ଚର୍ମରୋଗରୁ ମୁକ୍ତି ମିଳିଥାଏ। ଗୋଟିଏ ହେଉଛି ରାଜସ୍ଥାନର ଭରତପୁର ଜିଲ୍ଲାସ୍ଥିତ ବ୍ରହ୍ମବାଦଠାରେ ଥିବା ମା' ଶୀତଳାଙ୍କ ମନ୍ଦିର ଏବଂ ମୁର୍ଶୀଦାବାଦ୍-ଆଗ୍ରା ରାଜପଥ ନିକଟରେ ସଦ୍‌ଥିଠାରେ ଥିବା ମହାଦେବ ପୂଜା ପାଉଥିବା ପାତାଳେଶ୍ୱର ମନ୍ଦିର।

ସ୍କନ୍ଦପୁରାଣ ଅନୁସାରେ ମା' ଶୀତଳା ହେଉଛନ୍ତି ସ୍ୱଚ୍ଛତାର ଦେବୀ। ଗଧ ବାହିନୀ ମା' ନିମ୍ବ ପତ୍ର, ଝାଡ଼ୁ, କଳସ ଓ ସୂପ ଧାରଣ କରିଛନ୍ତି। ପାରମ୍ପରିକ ଚିକିତ୍ସା ବିଜ୍ଞାନରେ ହାଡ଼ଫୁଟି ଉପଶମ ପାଇଁ ଏଗୁଡ଼ିକ ଉପଯୋଗ ହେଉଥିବାରୁ ମା' ଶୀତଳାଙ୍କୁ ସଂକ୍ରାମକ ରୋଗନାଶିନୀ ଭାବେ ବର୍ଣ୍ଣନା କରାଯାଇଛି। ବହୁପୂର୍ବରୁ ଯେତେବେଳେ ହାଡ଼ଫୁଟିର ପ୍ରାଦୁର୍ଭାବ ଅଧିକ ଥିଲା, ସେତେବେଳେ ମା' ଶୀତଳାଙ୍କୁ ପୂଜା କରିବା ଦ୍ୱାରା ବ୍ୟକ୍ତି ସୁସ୍ଥ ହେବା ସହିତ ଶରୀର ଦାଗମୁକ୍ତ ହେଉଥିଲା ବୋଲି ଜନଶ୍ରୁତି ଅଛି। ବର୍ତ୍ତମାନ ସମୟରେ ମଧ୍ୟ ମା' ଶୀତଳାଙ୍କୁ ସମସ୍ତ ପ୍ରକାର ଚର୍ମରୋଗରୁ ମୁକ୍ତି ପାଇଁ ସେଠାରେ ପୂଜାର୍ଚ୍ଚନା କରାଯାଉଛି। ମନ୍ଦିରରେ ଥିବା ଏକ କୂଅରୁ ମା' ଶୀତଳାଙ୍କ ଆର୍ବିଭାବ ହୋଇଥିଲା ବୋଲି କଥିତ ଅଛି। ସେହି କୂଅର ପାଣି ପିଇବା ଓ ସ୍ନାନ କରିବା ଦ୍ୱାରା ସବୁ ଚର୍ମରୋଗ ଦୂର ହୋଇଥାଏ। ଏହାସହିତ ମା'ଙ୍କ ପାଖରେ ବାସି ଓ ଥଣ୍ଡା ଖାଦ୍ୟ ଭୋଗ କରିବାର ବିଧି ମଧ୍ୟ ରହିଛି। ମହିଳାମାନେ ମା'ଙ୍କୁ ଦର୍ଶନ କରିବାର ଗୋଟିଏ ଦିନ ପୂର୍ବରୁ ଭୋଗ ପ୍ରସ୍ତୁତ କରି ରଖିଥା'ନ୍ତି। ଶିତଳାଷ୍ଟମୀ ଦିନ ଏଠାରେ ମା'ଙ୍କର ବିଶେଷ ପୂଜାର୍ଚ୍ଚନା କରାଯାଏ ଏବଂ ଗୋଟିଏ ବଡ଼ ମେଳାର ଆୟୋଜନ ହୋଇଥାଏ, ଯାହାକୁ ବସୌଡ଼ା ପର୍ବ କୁହାଯାଏ। ଏହିଦିନ ଭକ୍ତମାନେ ସେମାନଙ୍କର ପରିବାରର ମଙ୍ଗଳକାମନା କରି ମା'ଙ୍କ ଦର୍ଶନ ପାଇଁ ଆସିଥା'ନ୍ତି। ମା' ଶୀତଳାଙ୍କ ମନ୍ଦିର ବ୍ରହ୍ମବାଦଠାରେ କିଭଳି ପ୍ରତିଷ୍ଠା ହେଲା ଏବଂ ମା'ଙ୍କ ପାଖରେ ବାସି ଖାଦ୍ୟ କାହିଁକି ଭୋଗ ହୁଏ, ସେ ସମ୍ପର୍କରେ ଅନେକ ଲୋକକଥା ଏବଂ ପୌରାଣିକ କଥା ରହିଛି।

ମୁର୍ଶୀଦାବାଦ୍-ଆଗ୍ରା ରାଜପଥ ନିକଟସ୍ଥ ସଦ୍‌ଥିଠାରେ ଥିବା ପ୍ରାୟ ୧୫୦ ବର୍ଷ ପୁରୁଣା ପାତାଳେଶ୍ୱର ମନ୍ଦିରର ବିଶେଷତ୍ୱ ହେଉଛି, ଚର୍ମରୋଗରୁ ମୁକ୍ତି ପାଇଁ ଏଠାରେ ଭକ୍ତମାନେ ଶିବଲିଙ୍ଗ ନିକଟରେ ଝାଡ଼ୁ ଅର୍ପଣ କରିଥା'ନ୍ତି। କିମ୍ବଦନ୍ତୀ ଅନୁଯାୟୀ ବହୁବର୍ଷ ପୂର୍ବେ ସଦ୍‌ଥିଠାରେ ଭିକାରୀ ଦାସ ନାମକ ଜଣେ ଅତ୍ୟନ୍ତ ଧନୀ ବ୍ୟବସାୟୀ ରହୁଥିଲେ। ସେ ଗମ୍ଭୀର ଚର୍ମରୋଗରେ ପୀଡ଼ିତ ଥିଲେ। ଏକଦା ସେ ଔଷଧ ଆଣିବା ପାଇଁ ସହର ଯିବା ସମୟରେ ଏହି ଗାଁ ନିକଟରେ ଅଟକିଥିଲେ। ଶୋଷ ମେଣ୍ଟାଇବା ପାଇଁ ନିକଟରେ ଥିବା ଆଶ୍ରମକୁ ଗଲେ। ସେଠାରେ ଜଣେ ସନ୍ନ୍ୟାସୀ ଦାଣ୍ଡ ଓଳାଉଥିଲେ। ସନ୍ନ୍ୟାସୀଙ୍କର ଝାଡ଼ୁ ବ୍ୟବସାୟୀଙ୍କ ଗୋଡ଼ରେ ବାଜିବାରୁ ଚମତ୍କାର ଭାବେ ସେ ଚର୍ମରୋଗରୁ ତତ୍‌କ୍ଷଣାତ୍ ମୁକ୍ତ ହୋଇଯାଇଥିଲେ। ପ୍ରତିଦାନ ସ୍ୱରୂପ ବ୍ୟବସାୟୀଜଣକ ସନ୍ନ୍ୟାସୀଙ୍କୁ ଅନେକ ସୁନା ମୋହର ଦେଲେ। କିନ୍ତୁ ସନ୍ନ୍ୟାସୀ ତାହାକୁ ଗ୍ରହଣ ନକରି ଆଶ୍ରମରେ ଗୋଟିଏ ମହାଦେବଙ୍କ ମନ୍ଦିର ନିର୍ମାଣ କରାଇବା ପାଇଁ ଇଚ୍ଛା ପ୍ରକାଶ କଲେ। ସେବେଠାରୁ ସେଠାରେ ମହାଦେବ ଶିବଲିଙ୍ଗ ସ୍ୱରୂପରେ ପାତାଳେଶ୍ୱର ଭାବେ ପୂଜା ପାଇ ଆସୁଛନ୍ତି। ଏଠାରେ ଭକ୍ତମାନେ ଝାଡ଼ୁ ଅର୍ପଣ କରିବା ଦ୍ୱାରା ଅନେକ ପ୍ରକାର ଚର୍ମରୋଗରୁ ମୁକ୍ତି ପାଇଥା'ନ୍ତି। ଭାରତ ବାହାରୁ ମଧ୍ୟ ଏଠାକୁ ଅନେକ ଭକ୍ତ ଆସି ସୁସ୍ଥ ହୋଇ ଫେରିଛନ୍ତି ବୋଲି ସ୍ଥାନୀୟ ଲୋକମାନଙ୍କଠାରୁ ଶୁଣିବାକୁ ମିଳେ। ଓଡ଼ିଶାର ଉଷ୍ମ ପ୍ରସବଣ ତପ୍ତପାଣି କୁଣ୍ଡରେ ସ୍ନାନ କରିବା ଦ୍ୱାରା ମଧ୍ୟ ଚର୍ମରୋଗ ଦୂର ହୋଇଥାଏ ବୋଲି ବିଶ୍ୱାସ ଅଛି। ଭଗବାନଙ୍କ ଉପରେ ଅତୁଟ ଭରସା ଓ ବିଶ୍ୱାସ ହିଁ ରୋଗମୁକ୍ତିରେ ମହୌଷଧି ପାଲଟିଯାଏ।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ବିଜେପି ବିଧାୟକଙ୍କ ଗାଡ଼ିରେ ଚୋରା ଗଞ୍ଜେଇ ଓ ମଦ ଚାଲାଣ

# ବିଧାୟକଙ୍କୁ ସରକାର ଘଣ୍ଟ ଘୋଡ଼ାଉଛନ୍ତି: ବିଜେଡି

ଭୁବନେଶ୍ୱର,୩।୭(ସମିସ): ଭୁବନେଶ୍ୱରର ନାଲକୋ ଛକ ନିକଟରେ ଦୁର୍ଘଟଣାଗ୍ରସ୍ତ ହୋଇଥିବା ବିଜେପି ବିଧାୟକ ପ୍ରକାଶ ସୋରେନଙ୍କ ଗାଡ଼ିରୁ ଗଞ୍ଜେଇ ଓ ମଦ ଥିବା ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ଏହି ଭିଡିଓକୁ ଆଧାର କରି ବିଜେଡି ପକ୍ଷରୁ ବିଜେପିର ବିଧାୟକ ମାନେ ବିଭିନ୍ନ ଅସାମାଜିକ କାର୍ଯ୍ୟରେ ଲିପ୍ତ ଥିବା ବେଳେ ରାଜ୍ୟ ସରକାର ତାଙ୍କୁ ଘଣ୍ଟ ଘୋଡାଉଛନ୍ତି ବୋଲି ଅଭିଯୋଗ କରିଛନ୍ତି।

ଗୁରୁବାର ଶଙ୍ଖ ଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ନେତା ତଥା ପୂର୍ବତନ ଉପବାଚସ୍ପତି ସାନନ୍ଦ ମାର୍ଣ୍ଡି କହିଛନ୍ତି ଯେ ରାଜଧାନୀର ଜନଗହଳି ପୂର୍ଣ୍ଣ ନାଲକୋ ଛକରେ ସ୍ପଷ୍ଟ ଦିବାଲୋକରେ ହୋଇଥିବା ଏହି ଦୁର୍ଘଟଣା ବେଳେ ବିଧାୟକ ପ୍ରକାଶ ସୋରେନଙ୍କ ପୁଅ ଓ ତାଙ୍କର ପାଞ୍ଚ ଜଣ ସହଯୋଗୀ ଏହି ଗାଡ଼ିରେ ଥିଲେ। ଦୁର୍ଘଟଣା ପରେ ଘଟଣା ସ୍ଥଳରେ ସ୍ଥାନୀୟ ଲୋକମାନେ ରୁଣ୍ଡ ହୋଇ ଯାଇଥିଲେ। ବିଧାୟକଙ୍କ ଦୁର୍ଘଟଣାଗ୍ରସ୍ତ ଗାଡ଼ିରେ ମଦ ବୋତଲ ଓ ଗଂଜେଇ ଥିବାର ସ୍ଥାନୀୟ ଜନସାଧାରଣ ଦେଖିବା ପରେ ଏହାର ଭିଡିଓ କରି ସାମାଜିକ ଗଣମାଧ୍ୟମରେ ଛାଡିଥିଲେ, ଯାହା ଭାଇରାଲ ହେବାରେ ଲାଗିଛି। ବିଧାୟକଙ୍କ ଗାଡ଼ିରେ ମଦ ଗଞ୍ଜେଇ ଚାଲାଣ ହେବା ଏନଡିପିଏସ ଆଇନର ଉଲ୍ଲଂଘନ ଏବଂ ଏକ ସଂଗୀନ ଅପରାଧ। ବିଧାୟକ ପ୍ରକାଶ ସୋରେନ ଏହି ଘଟଣାକୁ ଚାପିଦେବା ଉଦ୍ଦେଶ୍ୟରେ ଘଟଣାକୁ ଅସ୍ୱୀକାର କରି ତାଙ୍କ ପୁଅ ଓ ସହଚରମାନଙ୍କୁ କ୍ଲିନଚିଟ ଦେବାକୁ ପ୍ରୟାସ କରୁଛନ୍ତି ବୋଲି ଶ୍ରୀ ମାର୍ଣ୍ଡି ଅଭିଯୋଗ କହିଛନ୍ତି।

ଅନ୍ୟପଟେ ଏହି ସଂଗୀନ ଅପରାଧରେ ଜଡ଼ିତ ବିଧାୟକଙ୍କ ପୁଅ ଓ ତାଙ୍କ ସହଚରମାନଙ୍କୁ ତୁରନ୍ତ ଗିରଫ



ସହ ବିଧାୟକ ପ୍ରକାଶ ସୋରେନଙ୍କୁ ତଦନ୍ତ ପରିସର ଭିତରେ ରଖାଯାଉ ବୋଲି ବିଜେଡି ଦାବି କରିଛି। ପ୍ରକାଶ ସୋରେନ ମର୍ଯ୍ୟାଦାଜନକ ବାରିପଦା ଆସନରୁ ନିର୍ବାଚିତ ହେବା ପରେ ସ୍ଥାନୀୟ ଅଞ୍ଚଳରେ ବେଆଇନ ଗଞ୍ଜେଇ ଓ ମଦ ବେପାର ଅହେତୁକ ଭାବେ ବୃଦ୍ଧି ପାଇଛି। ରାସ୍ତାରେ ଚେକିଂକୁ ଚକମା ଦେବା ପାଇଁ ବିଧାୟକଙ୍କ ବୋର୍ଡ ଲାଗିଥିବା ଗାଡିକୁ ବେଆଇନ ଗଞ୍ଜେଇ ଓ ମଦ ଚାଲାଣ କାମରେ ଲଗା ଯାଉଛି। ତାଙ୍କ ନାମରେ ଥିବା ଗାଡ଼ିଟି ଅବୈଧ କାର୍ଯ୍ୟରେ ବ୍ୟବହାର ହେବା ଏକ ଗୁରୁତର ବିଷୟ। କେବଳ ବାରିପଦା ବିଧାୟକ ନୁହେଁ ରାଜ୍ୟର ଅନେକ ବିଜେପି ବିଧାୟକ ଓ ବିଜେପି କର୍ମକର୍ତ୍ତା ଏବେ ବିଭିନ୍ନ ବେଆଇନ କାର୍ଯ୍ୟରେ ଲିପ୍ତ ହୋଇଛନ୍ତି। ରାଜ୍ୟର ପୁଲିସ ଓ ଅବକାରୀ ଅଧିକାରୀଙ୍କୁ ଭୟଭୀତ କରି କାର୍ଯ୍ୟାନୁଷ୍ଠାନ ନେବାକୁ ବାରଣ କରାଯାଇଛି। ଯାହା ଫଳରେ ରାଜ୍ୟରେ ଆଇନ ଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇ ପଡିଛି। ତେଣୁ ଏହି ଘଟଣାର ନିରପେକ୍ଷ ତଦନ୍ତ ପାଇଁ ମୁଖ୍ୟମନ୍ତ୍ରୀ ତୁରନ୍ତ ନିର୍ଦ୍ଦେଶ ଦିଅନ୍ତୁ ବୋଲି ଶ୍ରୀ ମାର୍ଣ୍ଡି ଦାବି କରିଛନ୍ତି।

## ବିପୁଳ ମାଓ ସାମଗ୍ରୀ ଜବତ

ବାଲିଗୁଡ଼ା,୩।୭(ସମିସ): କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ଥାନା ଅନ୍ତର୍ଗତ ସଲାଗୁଡା ପଞ୍ଚାୟତର କୁମ୍ଭେମିଲା ଜଙ୍ଗଲରୁ ବିପୁଳ ମାଓ ସାମଗ୍ରୀ ଜବତ ହୋଇଛି। ସୂଚନା ଅନୁସାରେ, ଗୁରୁବାର ଦିନ ଗୁଇନ୍ଦା ସୂଚନା ଅନୁଯାୟୀ ବିଏସ୍ଏଫ୍ ୧୩୬ ବାଟାଲିୟନ୍ ପକ୍ଷରୁ ଏକ ସ୍ୱତନ୍ତ୍ର ଅପରେସନ୍ କରାଯାଇଥିଲା। ଅପରେସନ୍ ବେଳେ ଯବାନମାନେ ଏକ ମାଓ କ୍ୟାମ୍ପକୁ ଠାବ କରିଥିଲେ। କ୍ୟାମ୍ପରୁ ଦୁଇଟି ରାଇଫଲ, ଗୋଟଏ ପ୍ୟାକେଟ୍ ଜିଲୋଟିନ୍, ଗୋଟିଏ ଡେଟନେଟର, ଦୁଇଟି ମାଓ ପୁସ୍ତିକା ସହ ଅନ୍ୟାନ୍ୟ ମାଓ ସାମଗ୍ରୀ ଓ ଔଷଧ ଜବତ ହୋଇଥିଲା। ତେବେ ଏଥିରେ କେହି ମାଓବାଦୀ ଗିରଫ ହୋଇନାହାନ୍ତି। ଆଗାମୀ ଦିନରେ ଏଠାରେ ସର୍ଚ୍ଚ ଅପରେସନ୍‌କୁ ଜୋରଦାର କରାଯିବ ବୋଲି ସୂଚନା ମିଳିଛି।

**AFFIDAVIT**

By virtue of an affidavit sworn before Notary public, Bhubaneswar, Dated : 05.06.2025, I, **Narayan Sahoo,** S/o: Prasanna Sahoo, permanent resident of At/PO: Baigunia, PS: Fategarh, Dist: Nayagarh, Odisha - 752077 declare that I have changed the name of my minor son From Satyabrat Sahoo to **Omm Sahoo**. Henceforth, he shall Known as **Omm Sahoo** for all purposes.

Narayan sahoo

**ପୂର୍ବ ତଟ ରେଳପଥ**

ଟେଣ୍ଡର ନଂ. MCSW-BOBRN-REHAB-25-26-11

କାର୍ଯ୍ୟର ନାମ : ରେଳ ଡବା ମରାମତି କାରଖାନା, ମଞ୍ଚେଶ୍ୱରରେ ବୋବରନ (BOBRN) ୱାଗନର ମରାମତି ତଥା ପୁନର୍ବାସ।

ବିଜ୍ଞାପିତ ମୂଲ୍ୟ (₹): 30,50,22,156.00, EMD (₹): 16,75,100.00, ଶେଷ ହେବା ଅବଧି : 24 ମାସ।

ବିଡ୍ ଆରମ୍ଭ ହେବା ତାରିଖ : ତା.14.07.2025ରିଖ,

ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା.28.07.2025 ରିଖ 1500 ଘଣ୍ଟିକାରେ।

ଏହି ଟେଣ୍ଡର ସନ୍ଦର୍ଭରେ ମାନୁଆଲ ଅଫରଗୁଡ଼ିକୁ ଅନୁମତି ଦିଆଯିବ ନାହିଁ ଏବଂ ସେହିଭଳି ପ୍ରାପ୍ତ ଯେକୌଣସି ମାନୁଆଲ ପ୍ରସ୍ତାବକୁ ଗ୍ରହଣ କରାଯିବ ନାହିଁ। ସଂପୂର୍ଣ୍ଣ ବିସ୍ତୃତ ବିବରଣୀ ଏବଂ ଟେଣ୍ଡର ନଥିପତ୍ର http://www.ireps.gov.in ରେ ଉପଲବ୍ଧ ଅଟେ।

ଡେପୁଟି ଚିଫ୍ ମେକାନିକାଲ ଇଞ୍ଜିନିୟର (POH-II), ରେଳ ଡବା ମରାମତି କାରଖାନା/ମଞ୍ଚେଶ୍ୱର

PR-316/Q/25-26

**AFFIDAVIT**

By virtue of an affidavit sworn before the Notary Public, Nabarangpur, no. 4218 / 25, dated 18.06.2025, I Keshpar Mali, S/o. – Astu Mali, resident of Village –Bajargad, PO – Bajargad, PS. Kosagumuda, Dist – Nabarangpur, declared that I have changed my name son's name from Mheghnath Mali to Mahan Mali. Henceforth, my son shall be known as Mahan Mali for all purposes.

Sd/- Keshpar Mali

**AFFIDAVIT**

By virtue of an affidavit sworn before Notary public, Bhubaneswar, Dated: 29.05.2025, I, **Kabiraj Nayak**, S/o.: Lokanath Nayak, permanent resident of At: Balisahi, PO: Madhyakhanda, PS: Daspalla, Dist: Nayagarh, Odisha- 752093 currently residing at Damana Hata Basti, Damana, PO./P.S.: Chandrasekharpur, Bhubaneswar, Dist: Khordha, Odisha-751016 declare that I have changed the name of my minor son from Situn Nayak to **Situnu Nayak**. Henceforth, he shall be Known as **Situnu Nayak** for all purposes.

Kabiraj Nayak

**AFFIDAVIT**

By virtue of an affidavit sworn before the Notary Public, Nabarangpur, no. 4260 / 25, dated 19.06.2025, I Manasai Bhatra, S/o. – Jhitru Bhatra, resident of Village – Santoshpur, PO- Ghodadhanua, PS. Kosagumuda, Dist – Nabarangpur, declared that I have changed my name son's name from Gipikrishna Bhatra to Gipkrish Bhatra. Henceforth, my son shall be known as Gipkrish Bhatra for all purposes.

Sd/- Manasai Bhatra

**AFFIDAVIT**

I, Minakhi Mishra, W/o- Uma Sankar Mohapatra, resident of At- Plot No. 1763, Mohotab Road, VTC: Lingaraj, Bhubaneswar-2, Po- Old Town, Ps- Airfield, Dist- Khurdha, Pin- 751002, Odisha declare by this affidavit No. 18703, dtd- 23/05/2025 that now onwards I shall be known as **MEENAKHI MISHRA** for all future purposes.

**AFFIDAVIT**

I Sri Ram Chandra Bhatra, S/o. Sri Laxman Bhatra, permanent resident of Village – Merai, PO – Kantagaon, PS – Tentulikhunti, Dist – Nabarangpur, Odisha, declare by the Affidavit No. 536, dated 01/07/2025, that myself RAM CHANDRA BHATRA and RAMA CHANDRA BHATRA is one same person, for all future purpose.

**NOTICE**

By virtue of an affidavit sworn before Notary public , Baripada, Sl. No.-10, date-01/05/2025 .I Kaushalya Sethi (New name ) , Adress-Palasbani, Po- Baiganbadia, Ps-Kuliana,Dist- Mayurbhanj, Odisha,pin-757105 declare that I have change my name from Kaushal Ya Sethi ( Old name) to Kaushalya Sethi (New name) . Henceforth,I shall be known as Kaushalya Sethi (New name) for all purposes.

Kaushalya Sethi

**AFFIDAVIT**

By virtue of an affidavit sworn before the Notary Public, Nabarangpur, no. 4050 / 25, dated 10.06.2025, I Temaru Bhatra, S/o. – Dhanar Bhatra, resident of Village – K. Semla, PO – K. Semla, PS. Kodinga, Dist – Nabarangpur, declared that I have changed my name son's name from Ganeswar Bhatra to Gyaneswar Bhatra. Henceforth, my son shall be known as Gyaneswar Bhatra for all purposes.

Sd/- Temaru Bhatra

**ସତ୍ୟପାଠ**

ସତ୍ୟପାଠ ନଂ.୧୩୯୧୨/୨୦୨୫, ମୁଁ ଜସ୍ୱନ୍ତୀ ନାୟକ, ସ୍ୱାମୀ- ପ୍ରଭାସ ରଞ୍ଜନ ନାୟକ, ଗ୍ରାମ- ଭିତରସୋବଳା ପୋଷ୍ଟ - ବାରଡାଙ୍ଗ, ଥାନା -ମହାକାଳପଡ଼ା ଜିଲ୍ଲା- କେନ୍ଦ୍ରାପଡ଼ା ଘୋଷଣା କରୁଛି କି ବିବାହ ପୂର୍ବରୁ ମୋ ନାମ ଜସ୍ୱନ୍ତୀ ସାହୁ ଥିଲା। ବିବାହ ପରେ ଜସ୍ୱନ୍ତୀ ନାୟକ ହୋଇଛି। ଏଣୁ ଜସ୍ୱନ୍ତୀ ନାୟକ ଓ ଜସ୍ୱନ୍ତୀ ସାହୁ ସମାନ ଲୋକ ଅଟେ।

**AFFIDAVIT**

By Virtue Of an Affidavit no. 665 dtd. 23.6.2025 the Executive Magistrate Gania, I Bhabani Sankar Panda S/o- Ananda Chandra Panda At- Nuapada, Po- karadapada, Ps - Gania, Dist- Nayagarh have changed my son's name Subhranshu Sankar Panda to Subhransu Sankar Panda. Henceforth He will be known as Subhransu Sankar Panda for all purposes.

S/d- Bhabani Sankar Panda

**AFFIDAVIT**

By virtue of an affidavit sworn before the Executive Magistrate, Pattamundai on dated- 30/06/2025. I **Anjali Panda,** W/o- Manoj Kumar Panda, resident of Village- Goptira, Po- Chandannagar, P.S.- Pattamundai Rural, Dist. Kendrapada, Odisha, My former name is **Anjali Rout** and after marriage my assumed name is **Anjali Panda**. I declare that my self **Anjali Panda** and **Anjali Rout** is one and same person for all purposes.

Anjali Panda

**AFFIDAVIT**

By virtue of an affidavit no. 664 dtd. 23.6.35 The Executive Magistrate, Gania. I, Sibashankar panda At- Nuapada, Po- Karadapada, Ps- Gania, Dist- Nayagarh have changed my name from Sib Sankar panda to Sibashankar panda . Henceforth I shall be known as **Sibashankar panda** for all purposes .

**ଅଦାଲତ ଗଲେ ବୋଲି କାର୍ଯ୍ୟାନୁଷ୍ଠାନ**

# ବରିଷ୍ଠଙ୍କୁ ବଦଳି କରି କନିଷ୍ଠଙ୍କୁ ଦାୟିତ୍ୱ

ଭୁବନେଶ୍ୱର, ୩।୭(ସମିସ): ବରିଷ୍ଠ ଅଧ୍ୟାପକଙ୍କୁ ଅଧ୍ୟକ୍ଷ କରିବା ପାଇଁ କଲେଜ ପରିଚାଳନା କମିଟି ଅଧ୍ୟକ୍ଷ ତଥା ଉପଜିଲ୍ଲାପାଳ ପ୍ରସ୍ତାବ ଦେବା ସତ୍ତ୍ୱେ ପାଳନ କରାଗଲା ନାହିଁ। ତାଙ୍କ ପରିବର୍ତ୍ତେ ନିଜ ଅନୁଗତ କୁହାଯାଉଥିବା କନିଷ୍ଠ ଅଧ୍ୟାପକଙ୍କୁ କଲେଜରେ ଅଧ୍ୟକ୍ଷ ଭାବରେ ଦାୟିତ୍ୱ ଦିଆଗଲା। ଏହାର ବିରୋଧ କରି ଅଦାଲତର ଦ୍ୱାରସ୍ଥ ହେବା ପରେ ଆକ୍ରୋଶମୂଳକ ଭାବରେ ବରିଷ୍ଠ ଅଧ୍ୟାପକଙ୍କୁ ଅନ୍ୟତ୍ର ବଦଳି କରାଗଲା। ଏପରି ଘଟଣା ଘଟିଛି କଟକ ଜିଲ୍ଲା ବାଙ୍କୀସ୍ଥିତ ଧବଳେଶ୍ୱର ମହାବିଦ୍ୟାଳୟରେ। ଅବସର ପୂର୍ବରୁ ଉଚ୍ଚଶିକ୍ଷା ବିଭାଗର ଜଣେ ବରିଷ୍ଠ ଅଧିକାରୀ ଏପରି ଭାବରେ ସମ୍ପୃକ୍ତ ବରିଷ୍ଠ ଅଧିକାରୀଙ୍କ ଉପରେ ରାଗ ଶୁଝାଇଥିବା ଅଭିଯୋଗ ହୋଇଛି।

**ଅବସର ପୂର୍ବରୁ ରାଗ ସୁଝାଇଲେ ଉଚ୍ଚଶିକ୍ଷା ବିଭାଗର ବରିଷ୍ଠ ଅଧିକାରୀ**

ସୂଚନା ଅନୁଯାୟୀ ଧବଳେଶ୍ୱର ମହାବିଦ୍ୟାଳୟରେ କଲେଜରେ ଓଡ଼ିଆ ଅଧ୍ୟାପକ ଭାବ କାର୍ଯ୍ୟରତ ଥିବା ଡ. ଦିଲ୍ଲୀପ କୁମାର ନାୟକ ବରିଷ୍ଠତା ଦୃଷ୍ଟିରୁ ପ୍ରଥମେ ଥିଲେ। ତେଣୁ ତାଙ୍କୁ ଅଧ୍ୟକ୍ଷ କରିବା ପାଇଁ ପରିଚାଳନା କମିଟି ଅଧ୍ୟକ୍ଷ ତଥା ଉପଜିଲ୍ଲାପାଳ ୨୦୨୪ ଅଗଷ୍ଟ ୩୦ରେ ତତ୍କାଳୀନ ଉଚ୍ଚଶିକ୍ଷା ବିଭାଗର ସ୍ୱତନ୍ତ୍ର ସଚିବ ପ୍ରମୋଦ କୁମାର ମିଶ୍ରଙ୍କୁ ଅବଗତ କରିଥିଲେ। ମାତ୍ର ବିଭାଗ ପକ୍ଷରୁ କୌଣସି ପଦକ୍ଷେପ ନିଆଯାଇ ନଥିଲା; ବରଂ ବରିଷ୍ଠତା ସୂଚୀରେ ଓଡ଼ିଆ ପ୍ରାଧ୍ୟାପକ ଶ୍ରୀ ନାୟକ ୧୫୯ ତମ ସ୍ଥାନରେ ଥିବାବେଳେ ୧୧୩୬ ତମ ସ୍ଥାନରେ ଥିବା ଇଂରାଜୀ ପ୍ରାଧ୍ୟାପକ ପ୍ରଦୀପ କୁମାର ସାହୁଙ୍କୁ ଅଧ୍ୟକ୍ଷ ଭାବେ ଅବସ୍ଥାପିତ କରାଗଲା। ଏହାକୁ ବିରୋଧ କରି ଓଡ଼ିଆ ଅଧ୍ୟାପକ ଶ୍ରୀ ନାୟକ ଉଚ୍ଚ ନ୍ୟାୟାଳୟଙ୍କ ଦ୍ୱାରସ୍ଥ ହେଲେ। ମାତ୍ର ନିଜ ହକ୍ ପାଇଁ ଅଦାଲତ ଯାଇଥିବା ଶ୍ରୀ ନାୟକ ତତ୍କାଳୀନ ସ୍ୱତନ୍ତ୍ର ସଚିବଙ୍କ ଆକ୍ରୋଶର ଶିକାର ହେଲେ। ଅଦାଲତ ରାୟ ଆସିବା ଓ ନିଜ ଅବସର ପୂର୍ବରୁ ଶ୍ରୀ ନାୟକଙ୍କୁ ପୋଲସରା କଲେଜକୁ ବଦଳି କରିଦିଆଗଲା । ଧବଳେଶ୍ୱର ମହାବିଦ୍ୟାଳୟର ଅଧ୍ୟକ୍ଷ ପଦରେ କନିଷ୍ଠ ପ୍ରାଧ୍ୟାପକଙ୍କୁ ବସାଇବାକୁ ଶ୍ରୀ ନାୟକଙ୍କୁ ଅନ୍ୟତ୍ର ବଦଳି କରାଯାଇଥିବା ଅଭିଯୋଗ ହୋଇଛି। ଅନୁରୂପ ଭାବେ ଧବଳେଶ୍ୱର ମହାବିଦ୍ୟାଳୟ ଓଡ଼ିଆ ବିଷୟରେ ମାତ୍ର ୨ଜଣ ପ୍ରାଧ୍ୟାପକ କାର୍ଯ୍ୟରତ ଥିବାବେଳେ ଜଣଙ୍କୁ ବଦଳି କରାଯାଇଛି। ତାଙ୍କ ସ୍ଥାନରେ ଆଉ କାହାକୁ ନିଯୁକ୍ତି ଦିଆଯାଇ ନାହିଁ। ମାତ୍ର ଇଂରାଜୀରେ ୩ଜଣ ପ୍ରାଧ୍ୟାପକ ଥିବାସତ୍ତ୍ୱେ କାହାକୁ ବଦଳି କରାଯାଇ ନାହିଁ। ଯାହାକୁ ନେଇ ସ୍ୱତନ୍ତ୍ର ସଚିବ ଥିବା ଶ୍ରୀ ମିଶ୍ରଙ୍କ କାର୍ଯ୍ୟକଳାପ ଉପରେ ପ୍ରଶ୍ନଚିହ୍ନ ଲଗାଇବା ସହ ମନ୍ଦ ଉଦ୍ଦେଶ୍ୟ ସମ୍ପର୍କରେ ଇଙ୍ଗିତ କରୁଛି। ନିକଟରେ ଶ୍ରୀ ମିଶ୍ର ଅବସର ନେଇଛନ୍ତି, ଏହା ପୂର୍ବରୁ ବଦଳି ନିର୍ଦ୍ଦେଶ ଜାରି କରି ସବୁଦିନ ପାଇଁ ରାସ୍ତାରୁ କଣ୍ଟା ହଟାଇବାରେ ସଫଳ ହୋଇଥିବା ଆଲୋଚନା ହେଉଛି। ହେଲେ ଅଦାଲତରେ ମାମଲା ଥିବାବେଳେ ବିଭାଗ ପକ୍ଷରୁ କିପରି ବଦଳି ପାଇଁ ନିର୍ଦ୍ଦେଶ ଦିଆଗଲା, ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

# ୩ ମାସ ହେବ ଦରମା ପାଇନାହାନ୍ତି ୨୬ ଜିଲ୍ଲାରେ ବିଷୟବସ୍ତୁ ବିଶେଷଜ୍ଞ

ଭୁବନେଶ୍ୱର,୩।୭(ସମିସ): ଓଡ଼ିଶାର ୨୬ ଟି ଜିଲ୍ଲାରେ କାର୍ଯ୍ୟରତ ୫୭ ଜଣ ବିଷୟବସ୍ତୁ ବିଶେଷଜ୍ଞ (ସବ୍‌ଜେକ୍ଟ ମ୍ୟାଟର ଏକ୍ସପର୍ଟ୍ସ)। ଏହି ଅଧିକାରୀମାନେ ଜିଲ୍ଲା ଯୋଜନା ଓ ନିରୀକ୍ଷଣ କେନ୍ଦ୍ର (ଡିପିଏମ୍‌ୟୁ) ରେ କାର୍ଯ୍ୟରତ ଅଛନ୍ତି। ରାଜ୍ୟ ଯୋଜନା ଓ ସଂଯୋଜନ ବିଭାଗ ଅଧିନରେ କାର୍ଯ୍ୟରତ ଏହି ଅଧିକାରୀମାନେ ୨୦୧୪ ମସିହାରୁ କାର୍ଯ୍ୟ କରି ଆସୁଥିଲେ ମଧ୍ୟ ୩୧ ମାର୍ଚ୍ଚ ୨୦୨୫ ପରେ ସେମାନଙ୍କୁ ଆଉ ଦରମା ଦିଆଯାଇ ନ ଥିବା ଜଣାପଡ଼ିଛି। ଯୋଜନା ଓ ସଂଯୋଜନ ବିଭାଗର ମୁଖିଆ ଭାବେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦାୟିତ୍ୱ ନିର୍ବାହ କରୁଛନ୍ତି।

ଖୋଦ୍ ରାଜ୍ୟର ମୁଖିଆଙ୍କ ବିଭାଗରେ କାର୍ଯ୍ୟରତ ଅଧିକାରୀମାନେ ୩ ମାସ ହେବ ବେତନ ବିହୀନ ଅବସ୍ଥାରେ ଥିବାରୁ ସେମାନେ ଅନ୍ୟ କାହାକୁ ଗୁହାରୀ କରିବେ ତାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହି ବିଭାଗରେ କାର୍ଯ୍ୟରତ ଜଣେ ଅଧିକାରୀଙ୍କ କହିବା ଅନୁଯାୟୀ ଗତ ୨୦୧୪ ଓ ୨୦୧୭ ମସିହରେ ଦୁଇଟି ପର୍ଯ୍ୟାୟରେ ରାଜ୍ୟ ସରକାର ୫୭ ଜଣ ବିଷୟବସ୍ତୁ ବିଶେଷଜ୍ଞଙ୍କୁ ନିଯୁକ୍ତି ଦେଇଥିଲେ। ଯୋଜନା ଓ ସଂଯୋଜନ ବିଭାଗ ଦ୍ୱାରା ଏହି ନିଯୁକ୍ତିପତ୍ର ବଣ୍ଟନ ହୋଇଥିଲା। ତେବେ ଏହି ନିଯୁକ୍ତିର ନିୟମ ଅଧାରରେ ପ୍ରତି ବର୍ଷ କର୍ମଚାରୀମାନଙ୍କ ସହ ଚୁକ୍ତି କରାଯାଉଥିଲା। ଓ ପରବର୍ତ୍ତୀ ସମୟରେ ସେମାନଙ୍କୁ ସ୍ଥାୟୀ କରାଯିବ ବୋଲି ବ୍ୟବସ୍ଥା ରହିଥିଲା। ମାତ୍ର ୨୦୨୫ ମାର୍ଚ୍ଚ ଶେଷରେ ବାର୍ଷିକ ଚୁକ୍ତି ଅବଧି ଶେଷ ହେବା ପରେ ଆଉ ଏହି ଅଧିକାରୀମାନଙ୍କ ସହ ଚୁକ୍ତି କରାଯାଇ ନାହିଁ ଓ ୩ ମାସ ହେବ ସେମାନଙ୍କୁ ଦରମା ଦିଆଯାଉ ନାହିଁ। ଏହି କ୍ଷେତ୍ରରେ ୨୮ ଜଣ ବରିଷ୍ଠ ବିଶେଷଜ୍ଞଙ୍କର ୧୧ ବର୍ଷ ଓ ୨୯ ଜଣଙ୍କର ୮ ବର୍ଷରୁ ଅଧିକ ଅଭିଜ୍ଞତା ରହିଥିବା ବେଳେ ସେମାନେ ଏକାଧିକ ଗୁରୁତ୍ୱପୂର୍ଣ୍ଣ ସରକାରୀ ଯୋଜନା ଯଥା ଏମ୍‌ପି ଲ୍ୟାଡ୍, ଏମ୍‌ଏଲ୍‌ଏ ଲ୍ୟାଡ୍, ସିଏମ୍ ସ୍ୱତନ୍ତ୍ର ସହାୟତା, ସିଜିଏଫ୍, ବଜିଜେୱାଇ, କେବିକେ ସ୍କିମ, ବିଜୁ ସେତୁ, ଡିଏମ୍‌ଏଫ୍ ଓ ଆକାଂକ୍ଷୀ ଜିଲ୍ଲା ଓ ବ୍ଲକ୍ ଆଦି ଯୋଜନାରେ କାର୍ଯ୍ୟ କରୁଛନ୍ତି। ମାତ୍ର ଏଭଳି ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟରେ ନିୟୋଜିତ ଅଧିକାରୀ ଦରମା ନ ମିଳୁଥିବାରୁ ଆଗକୁ ଏହି କାର୍ଯ୍ୟରେ ଗୁରୁତର ପ୍ରଭାବ ପଡ଼ିବାର ମଧ୍ୟ ଆଶଙ୍କା ସୃଷ୍ଟି ହୋଇଛି। ଏହି ସମସ୍ୟା ସମ୍ପର୍କରେ ଉନ୍ନୟନ କମିଶନରଙ୍କୁ ଅବଗତ କରାଇବା ସତ୍ତ୍ୱେ ଏହା କୌଣସି ସମାଧାନ ହୋଇ ନ ଥିବାରୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଅଧିକାରୀମାନେ ଲିଖିତ ଭାବେ ଜଣାଇଛନ୍ତି। ଯଦି ତୁରନ୍ତ ଏହି ସମସ୍ୟାର ସମାଧାନ କରା ନଯାଏ ତେବେ ଏହି ଅଧିକାରୀମାନେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଜଣାପଡ଼ିଛି।

# ଭିଜିଲାନ୍ସ ଜାଲରେ ତାଳଚେର ଥାନା ଏଏସ୍ଆଇ

ତାଳଚେର ସହର/ତାଳଚେର ସଦର, ୩।୭(ସମିସ): ଜଣେ ଚୋରା ମଦ ବ୍ୟବସାୟୀଙ୍କୁ ଥାନାରୁ ସିଆର୍‌ପିସି ୪୧ରେ ଜାମିନ କରାଇଦେବା ପାଇଁ ୩ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି ତାଳଚେର ଥାନା ଏଏସ୍ଆଇ ଧରଣୀଧର ନାଥ। ତାଙ୍କଠାରୁ ରାସାୟନିକ ପ୍ରଲେପ ବୋଳା ଲାଞ୍ଚ ଟଙ୍କା ଜବତ କରାଯାଇଛି। ତାଙ୍କୁ ଭିଜିଲାନ୍ସ କାର୍ଯ୍ୟାଳୟକୁ ନିଆଯାଇ ପଚରାଉଚରା କରାଯାଉଛି। ଏଥିସହ ଧରଣୀଧରଙ୍କ ପୈତୃକ ଘର ଚେଣ୍ଡିପଦା ବ୍ଲକ୍ ଖାମର ଗ୍ରାମ ଓ ତାଳଚେର ହାଣ୍ଡିଧୂଆଁସ୍ଥିତ ଭଡ଼ାଘରେ ଖାନତଲାସି ଆରମ୍ଭ ହୋଇଛି। ମିଳିଥିବା ସୂଚନାନୁଯାୟୀ, ଜନ୍ଦାବାହାଲ ଗ୍ରାମର ପ୍ରୀତିରଞ୍ଜନ ଭୁକ୍ତା ଚୋରା ମଦ କାରବାର କରୁଥିବା ବେଳେ ଗତ ଏପ୍ରିଲ ମାସରେ ପୁଲିସ ଚଢ଼ଉ କରି ତାଙ୍କ ପାଖରୁ ୪୦୦୦ ଲିଟର ବିଦେଶୀ ମଦ ଜବତ କରିଥିଲା। ଏହି ମାମଲାରେ ଥାନାରୁ ୪୧ ସିଆର୍‌ପିସିରେ ଜାମିନ କରାଇଦେବା ପାଇଁ ଧରଣୀଧର ପ୍ରୀତିରଞ୍ଜନଙ୍କୁ ୩ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ଏନେଇ ପ୍ରୀତିରଞ୍ଜନ ଅନୁଗୋଳ ଭିଜିଲାନ୍ସର ଦ୍ୱାରସ୍ଥ ହୋଇଥିଲେ। ତେଣୁ ତାଙ୍କୁ ଧରିବା ପାଇଁ ଭିଜିଲାନ୍ସ ଜାଲ ବିଛାଇଥିଲା। ଗୁରୁବାର ଭିଜିଲାନ୍ସର ରାସାୟନିକ ପ୍ରଲେପବୋଳା ଟଙ୍କା ପ୍ରୀତିରଞ୍ଜନଙ୍କ ମାଧ୍ୟମରେ ଧରଣୀଧରଙ୍କୁ ଦିଆଯାଇଥିଲା। ଏହି ସମୟରେ ଭିଜିଲାନ୍ସ ଅଧିକାରୀମାନେ ଚଢ଼ଉ କରି ଧରଣୀଧରଙ୍କ ନିକଟରୁ ଉକ୍ତ ଟଙ୍କା ଜବତ କରିଥିଲେ। ଜଣେ ଡିଏସ୍‌ପି ଓ ତିନିଜଣ ଇନ୍ସପେକ୍ଟର୍‌ଙ୍କ ନେତୃତ୍ୱରେ ଚଢ଼ଉ କରାଯାଇଥିଲା।



# ଅଶୌଚ ଲାଗିଥିଲା; ଶ୍ରୀମନ୍ଦିରରେ ପଶିଲେ ବିଧାୟକ

ପୁରୀ, ୩।୭ (ସମିସ): ଅଶୌଚ ଲାଗିଥିଲା; ହେଲେ ଏହାକୁ ଭୁଲିଗଲେ ବିଧାୟକ। ଦଳୀୟ ନେତା-ମନ୍ତ୍ରୀଙ୍କ ସହ ଶ୍ରୀମନ୍ଦିରକୁ ପ୍ରବେଶ କଲେ। କେବଳ ମନ୍ଦିର ଯେ ଯାଇଛନ୍ତି, ତାହା ନୁହେଁ, ରଥଯାତ୍ରାରେ ଭିଆଇପିଙ୍କ ପାଇଁ ହୋଇଥିବା ସବୁ ବ୍ୟବସ୍ଥାରେ ସାମିଲ ମଧ୍ୟ ହୋଇଛନ୍ତି। ସତ୍ୟବାଦୀ ବିଧାୟକ ଓମ୍‌ପ୍ରକାଶ ମିଶ୍ରଙ୍କର ଏହି ସମୟର ଭିଡିଓ ଏବେ ସୋସିଆଲ ମିଡିଆରେ ଭାଇରାଲ ହେଉଥିବା ବେଳେ ଅନେକ ତାଙ୍କୁ କଟାକ୍ଷ କରିଛନ୍ତି। ହିନ୍ଦୁତ୍ୱର କଥା କହୁଥିବା ଏବଂ ଧର୍ମକୁ ନେଇ ସବୁବେଳେ ରାଜନୀତି କରି ଆସୁଥିବା ବିଜେପିର ଜଣେ ବିଧାୟକ କିପରି ପ୍ରଥା-ପରମ୍ପରା ଭୁଲିଗଲେ; ତାକୁ ନେଇ ପ୍ରଶ୍ନ ଉଠାଇଛନ୍ତି ଆପ୍‌ର ସମୀର ସାମନ୍ତରାୟଙ୍କଠାରୁ ଆରମ୍ଭ କରି ଅନେକ ବ୍ୟକ୍ତି।

**ସୋସିଆଲ ମିଡିଆରେ ବିଧାୟକଙ୍କୁ କଟାକ୍ଷ**

ଘଟଣା ଥିଲା ଏମିତି; ସତ୍ୟବାଦୀ ବିଧାୟକ ଓମ୍‌ପ୍ରକାଶ ଜୁନ୍ ୨୨ ତାରିଖରେ ତାଙ୍କ ଫେସ୍‌ବୁକ ପେଜ୍‌ରେ ଏକ ପୋଷ୍ଟ କରିଥିଲେ। ସେ ଲେଖିଥିଲେ, 'ବଡ଼ଭାଇନା ଗୌତମ ମିଶ୍ରଙ୍କର ପରମପୂଜ୍ୟ ପିତୃଦେବ ମୋର ଦଦେଇ ଦେବବ୍ରତ ମିଶ୍ରଙ୍କ ଆକସ୍ମିକ ବିୟୋଗ ଘଟିଥିବାରୁ ମୁଁ ଗଭୀର ଶୋକ ପ୍ରକାଶ କରିବା ସହ ବ୍ୟକ୍ତିଗତ ଭାବେ ଦୁଃଖିତ ଓ ମର୍ମାହତ'। ଅନ୍ୟପକ୍ଷରେ ବିଧାୟକ ଶ୍ରୀ ମିଶ୍ର ଗତ ୨୭ତାରିଖରେ ପୁରୀ ରଥଯାତ୍ରାରେ ଯୋଗ ଦେଇଥିଲେ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସହ ବିଜେପିର ଅନ୍ୟ ନେତା-ମନ୍ତ୍ରୀଙ୍କ ସହ ଉଦ୍ଦିଷ୍ଟ ମଞ୍ଚରେ ବସିଥିଲେ। ମୁଖ୍ୟମନ୍ତ୍ରୀ ଏବଂ ଅତିଥିଙ୍କ ସହିତ ଶ୍ରୀମନ୍ଦିର ଭିତରକୁ ଯାଇଥିଲେ। ମନ୍ଦିରକୁ ପ୍ରବେଶ କରୁଥିବାର ଭିଡିଓ ଏବେ ସୋସିଆଲ ମିଡିଆରେ ଭାଇରାଲ ହେଉଛି।

ପୁରୀ ଜିଲ୍ଲା ଆପ୍‌ର ସମୀର ସାମନ୍ତରାୟ ଏହି ଭିଡିଓକୁ ପୋଷ୍ଟ କରି କହିଛନ୍ତି, ଯଦି ବିଧାୟକ ଦଦେଇଙ୍କର ଜୁନ୍ ୨୨ରେ ପରଲୋକ ହେଲା, ତେବେ ତାଙ୍କର ଶୁଦ୍ଧିକର୍ମ ସରି ନଥିବା ବେଳେ ଅର୍ଥାତ୍ ଜୁନ୍ ୨୭ ତାରିଖରେ ସେ କିପରି ଶ୍ରୀମନ୍ଦିରକୁ ଭିତରକୁ ପ୍ରବେଶ କଲେ? ହିନ୍ଦୁ ପରମ୍ପରା ଅନୁସାରେ ଅଶୌଚ ପରେ ଶୁଦ୍ଧି ନ ହେବା ପର୍ଯ୍ୟନ୍ତ କୌଣସି ମନ୍ଦିରକୁ ଯିବାର ବିଧି ନାହିଁ। ସାଧାରଣତଃ ଆମ ପରମ୍ପରାରେ ୧୨ଦିନ ପର୍ଯ୍ୟନ୍ତ ଅଶୌଚ ଲାଗିଥାଏ। ହେଲେ ବିଧାୟକ କିପରି ଏହାକୁ ଭୁଲିଗଲେ ବୋଲି ସାଧାରଣରେ ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

■ ଆଇଏଏସ ଅଧିକାରୀ ବିଷ୍ଣୁପଦଙ୍କୁ ହାଇକୋର୍ଟଙ୍କ ଅନ୍ତରୀଣ ସୁରକ୍ଷା

# ଆଗୁଆ ଜାମିନ ଆବେଦନ ଶୁଣାଣି ଜୁଲାଇ ୮ରେ

କଟକ, ୩।୭ (ସମିସ): ବ୍ରିଜ୍ ଆଣ୍ଡ ରୁଫ୍ ଲାଞ୍ଚ କାରବାର ଘଟଣାରେ ବରିଷ୍ଠ ଆଇଏଏସ୍ ଅଧିକାରୀ ବିଷ୍ଣୁପଦ ସେଠୀଙ୍କୁ ହାଇକୋର୍ଟରୁ ସାମୟିକ ଆଶ୍ୱସ୍ତି ମିଳିଛି। ବିଷ୍ଣୁପଦଙ୍କ ପକ୍ଷରୁ ଦାୟର ଆଗୁଆ ଜାମିନ ଆବେଦନର ଶୁଣାଣି କରି ପରବର୍ତ୍ତୀ ଶୁଣାଣି ପର୍ଯ୍ୟନ୍ତ ହାଇକୋର୍ଟ ତାଙ୍କୁ ଅନ୍ତରୀଣ ସୁରକ୍ଷା ପ୍ରଦାନ କରିଛନ୍ତି। ଫଳରେ ଶ୍ରୀ ସେଠୀଙ୍କ ବିରୋଧରେ କୌଣସି କଠୋର୍ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇପାରିବ ନାହିଁ ବୋଲି ହାଇକୋର୍ଟ କହିଛନ୍ତି। ଜଷ୍ଟିସ ଭି. ନରସିଂହ ଏପରି ଅନ୍ତରୀଣ ନିର୍ଦ୍ଦେଶ ପ୍ରଦାନ କରିବା ସହ ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ଜୁଲାଇ ୮ ତାରିଖକୁ ଧାର୍ଯ୍ୟ କରିଛନ୍ତି। ପ୍ରକାଶଥାଉକି ଶ୍ରୀ ସେଠୀଙ୍କ ଘରେ ସିବିଆଇ ଚଢ଼ଉ ତଥା ତାଙ୍କ ବିରୋଧରେ ତଦନ୍ତକୁ ବିରୋଧ କରି ରୁଜୁ ମାମଲାକୁ ହାଇକୋର୍ଟ ପୂର୍ବରୁ ଖାରଜ କରିଦେଇଛନ୍ତି। ପରେ ଶ୍ରୀ ସେଠୀ ଗିରଫଦାରୀ ଏଡ଼ାଇବା ପାଇଁ ଆଗୁଆ ଜାମିନ ପାଇଁ ଆବେଦନ କରିଛନ୍ତି। ମାମଲାରୁ ପ୍ରକାଶ ଯେ ଆଇଏଏସ ବିଷ୍ଣୁପଦ ସେଠୀଙ୍କ ବାସଭବନରେ ବ୍ରିଜ୍ ଆଣ୍ଡ ରୁଫ୍ ଲାଞ୍ଚ କାରବାର ମାମଲାରେ ସିବିଆଇ ଚଢଉ କରିଥିଲା। ତାଙ୍କ ବିରୋଧରେ କୌଣସି ଏତଲା ନଥିବା ବେଳେ ସିବିଆଇ ପକ୍ଷରୁ ତାଙ୍କ ଘରେ ବେଆଇନ ଭାବେ ଚଢ଼ଉକୁ ବିରୋଧ କରି ଶ୍ରୀ ସେଠୀ ଓ ପରିବାର ସଦସ୍ୟ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ।

# ଦଶମ ଶ୍ରେଣୀ ଏକକ ଓଡିଆ ଓ ଉର୍ଦ୍ଦୁ ପରୀକ୍ଷା ଫଳ ପ୍ରକାଶିତ

କଟକ,୩।୭(ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ଦଶମ ଶ୍ରେଣୀ ଓଡ଼ିଆ ଓ ଉର୍ଦ୍ଦୁ ଏକକ ବିଷୟ ପରୀକ୍ଷା ଫଳ ମଧ୍ୟ ପ୍ରକାଶିତ ହୋଇଛି। ମୋଟ ୨୯ଟି କେନ୍ଦ୍ରରେ ୫୧୫୯ଜଣ ପରୀକ୍ଷା ଦେବା ପାଇଁ ପଞ୍ଜିକୃତ ହୋଇଥିବା ବେଳେ ୨୯୦ଜଣ ଅନୁପସ୍ଥିତ ଥିଲେ। ୪୧୯୫ଜଣ ପରୀକ୍ଷାରେ ପାସ କରିଥିବା ବେଳେ ୬୭୪ଜଣ ଫେଲ ହୋଇଥିବା ଜଣାପଡ଼ିଛି। ସେହିଭଳି ଅଷ୍ଟମ ଶ୍ରେଣୀ ଓଡ଼ିଆ ଭାଷା ପରୀକ୍ଷା ଫଳ ପ୍ରକାଶ ପାଇଛି। ପାସ୍ ହାର ୭୯.୨୨ପ୍ରତିଶତ ହୋଇଛି। ଗତ ମେ' ୨୧ ତାରିଖରେ ଏହି ପରୀକ୍ଷା ପାଇଁ ୧୫୨୫ଜଣ ପଞ୍ଜିକୃତ ହୋଇଥିବା ବେଳେ ୭୮ଜଣ ପରୀକ୍ଷାରେ ଅନୁପସ୍ଥିତ ଥିଲେ। ମୋଟ ୧୨୦୮ଜଣ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଥିବା ବେଳେ ୨୩୯ଜଣ ଅକୃତକାର୍ଯ୍ୟ ହୋଇଛନ୍ତି। ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀମାନେ ସେମାନଙ୍କର ଡିଜିଟାଇଜ୍ ପ୍ରମାଣପତ୍ର ବୋର୍ଡ ୱେବ୍‌ସାଇଟ୍‌ରୁ ପାଇପାରିବେ ବୋଲି କୁହାଯାଇଛି।

## ଅବଶିଷ୍ଟାଂଶ

### ଦେଶରେ ଓଡ଼ିଶା...

ପ୍ରକାଶିତ 'ପରଖ' ରିପୋର୍ଟରେ ଓଡ଼ିଶା ଉତ୍ତମ ପ୍ରଦର୍ଶନ କରିଥିବାବେଳେ ପିଜିଆଇ ର୍‍ୟାଙ୍କିଂ ଆଗକୁ ଉତ୍ତମ ପ୍ରଦର୍ଶନ କରିବାକୁ ପ୍ରୋତ୍ସାହିତ କରିବ ବୋଲି ଶିକ୍ଷାବିତ୍‌ମାନେ ମତବ୍ୟକ୍ତ କରିଛନ୍ତି। ସେହିପରି ରାଜ୍ୟର ସଫଳତାକୁ ନେଇ ନବୀନ ପଟ୍ଟନାୟକ କହିଛନ୍ତି ଯେ ପିଜିଆଇ ର୍‍ୟାଙ୍କିଂରେ ୨୦୧୪ ମସିହାରେ ୧୪ତମ ସ୍ଥାନରେ ଥିଲା ଓଡ଼ିଶା। ମାତ୍ର ଶିକ୍ଷା କ୍ଷେତ୍ରରେ ସଂସ୍କାର ଓ ଶୈକ୍ଷିକ ବାତାବରଣ ସୃଷ୍ଟି କ୍ଷେତ୍ରରେ ପ୍ରଗାଢ଼ ଉଦ୍ୟମ ଯୋଗୁଁ ୨୦୨୩-୨୪ ଶିକ୍ଷାବର୍ଷରେ ପଞ୍ଚମ ସ୍ଥାନ ହାସଲ କରିଛି। ଛାତ୍ରଛାତ୍ରୀଙ୍କ ମଧ୍ୟରେ ଉଚ୍ଚାକାଂକ୍ଷା ଏବଂ ନୂତନତ୍ୱ ଆଣିବାକୁ ୫-ଟି ଅଧୀନରେ ବିଦ୍ୟାଳୟର ରୂପାନ୍ତରଣ ସଫଳତା ପାଇଛି। ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ଦକ୍ଷତା ବଢ଼ାଇ ନୂତନ ଓଡ଼ିଶା ଗଠନ କରିବାରେ ସେ ବିଶ୍ୱାସ କରନ୍ତି। ଏଣୁ ତାଙ୍କ ସରକାର ସମୟରେ ରାଜ୍ୟରେ ପ୍ରାୟ ୭ହଜାର ବିଦ୍ୟାଳୟର ରୂପାନ୍ତରଣ କରାଯାଇଛି। ସରକାରୀ ବିଦ୍ୟାଳୟ ଶିକ୍ଷାର ଭିତ୍ତିଭୂମି ଦୃଢ଼ ହୋଇଛି ଏବଂ ଛାତ୍ରଛାତ୍ରୀମାନଙ୍କୁ ଉତ୍କର୍ଷ ହାସଲ କରିବାରେ ସାହାଯ୍ୟ କରୁଛି। ଏହି ବିଶାଳ ପରିବର୍ତ୍ତନ ପାଇଁ ସମସ୍ତ ଶିକ୍ଷକ, ଅଭିଭାବକ, ପ୍ରଶାସକ ଏବଂ ସହଯୋଗ କରିଥିବା ସମସ୍ତ କର୍ମଚାରୀଙ୍କୁ ସେ ଧନ୍ୟବାଦ ଜଣାଇଛନ୍ତି।

### ଓଏଏସ୍ ଆନ୍ଦୋଳନ...

ଜଗନ୍ନାଥଙ୍କ ଗିରଫଦାରୀ ସମ୍ପର୍କରେ ଭୁବନେଶ୍ୱର ଡିସିପି ଜଗମୋହନ ମୀନା ସୂଚନା ଦେଇଛନ୍ତି। ସେ କହିଛନ୍ତି, ଗତ ୩୦ ତାରିଖରେ ବିଏମସି ଅତିରିକ୍ତ କମିସନର ରତ୍ନାକର ସାହୁଙ୍କୁ ଆକ୍ରମଣ ଘଟଣାରେ ପୂର୍ବରୁ ୫ ଜଣଙ୍କୁ ଗିରଫ କରାଯାଇଥିଲା। ଆଜି ଜଗନ୍ନାଥ ପ୍ରଧାନଙ୍କୁ ଗିରଫ କରାଯାଇଛି। ଏଫ୍‌ଆଇଆର୍ ଓ ପୂର୍ବରୁ ଗିରଫ ହୋଇଥିବା ଅଭିଯୁକ୍ତଙ୍କ ବୟାନ, ଅଭିଯୋଗକାରୀ ରତ୍ନାକରଙ୍କ ବୟାନ ଆଧାରରେ ପ୍ରାଥମିକ ତଦନ୍ତରୁ ଜଗନ୍ନାଥ ପ୍ରଧାନଙ୍କ ସଂପୃକ୍ତି ସାମ୍ନାକୁ ଆସିଥିଲା। ଜଗନ୍ନାଥ ଆତ୍ମସମର୍ପଣ ପରେ ତାଙ୍କ ବିରୋଧରେ ଲାଗିଥିବା ଦଫା ଓ ପ୍ରାଥମିକ ପ୍ରମାଣ ବିଷୟରେ ଅବଗତ କରାଯାଇ ତାଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଥିଲା। ଅତିରିକ୍ତ କମିଶନରଙ୍କ ମାଡ଼ ଘଟଣା ପରେ ମୋଟ ଗିରଫଦାରୀ ସଂଖ୍ୟା ୬ରେ ପହଞ୍ଚିଛି। ଜଗନ୍ନାଥଙ୍କ ଗିରଫଦାରୀ ପରେ ୩ ଦିନ ହେବ ସମୂହ ଛୁଟିରେ ଥିବା ରାଜ୍ୟ ଓଏଏସ୍ ସଂଘ ଆନ୍ଦୋଳନକୁ ପ୍ରତ୍ୟାହାର କରିଛି। ଫଳରେ ରାଜ୍ୟରେ ୩ ଦିନ ହେବ ଜାରି ରହିଥିବା ପ୍ରଶାସନିକ ଅଚଳାବସ୍ଥା ସ୍ୱାଭାବିକ ହୋଇଛି। ଗୁରୁବାର ସକାଳେ ଓଏଏସ୍ ସଂଘ ଜଗନ୍ନାଥଙ୍କୁ ଗିରଫ କରା ନ ଯିବା ପର୍ଯ୍ୟନ୍ତ କାର୍ଯ୍ୟରେ ଯୋଗ ଦେବେ ନାହିଁ ବୋଲି ଚେତାବନୀ ଦେଇଥିଲା। ଓଏଏସ୍ ସଂଘର ସମୂହ ଛୁଟି ଯୋଗୁଁ ରାଜଧାନୀ ସହ ରାଜ୍ୟର ବିଭିନ୍ନ ଜିଲ୍ଲା ମୁଖ୍ୟାଳୟ, ଉପଖଣ୍ଡ ଓ ବ୍ଲକ୍ କାର୍ଯ୍ୟାଳୟରେ ଅଚଳାବସ୍ଥା ଦେଖାଦେଇଥିଲା। ରାଜ୍ୟ ସରକାର ଓଏଏସ୍ ସଂଘକୁ ବୁଝାଶୁଝା କରି କାମ ମେଣ୍ଟାଇବାକୁ ଉଦ୍ୟମ କରିଥିଲେ ହେଁ ତାହା ସଫଳ ହୋଇ ନ ଥିଲା। ଗୁରୁବାର ଅପରାହ୍ନରେ ମୁଖ୍ୟମନ୍ତ୍ରୀଙ୍କ ପରାମର୍ଶଦାତା ପ୍ରକାଶ ମିଶ୍ର ବିଜେପି ପାର୍ଟି ଅଫିସରେ ପହଞ୍ଚି ଦଳର ସଭାପତି ଓ ଅନ୍ୟମାନଙ୍କ ସହ ଆଲୋଚନା କରିଥିଲେ। ଜଗନ୍ନାଥ ପ୍ରଧାନଙ୍କ ମାମଲାର ଆଇନଗତ ଦିଗକୁ ନେଇ ସେଠାରେ ଦୀର୍ଘ ଆଲୋଚନା ହୋଇଥିଲା।

ଅନ୍ୟପଟେ ଏହି ଘଟଣାରେ ଗୁରୁବାର କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆଇନଠାରୁ କେହି ଉର୍ଦ୍ଧ୍ୱରେ ନୁହନ୍ତି ବୋଲି କହିଥିଲେ ଓ ରାଜ୍ୟ ସରକାର ସଠିକ୍ ପଦକ୍ଷେପ ନେବେ ବୋଲି ମୋର ବିଶ୍ୱାସ ରହିଛି ବୋଲି ମନ୍ତବ୍ୟ ଦେଇଥିଲେ। ସମ୍ଭବତଃ ଏହାପରେ ଜଗନ୍ନାଥଙ୍କ ଗିରଫଦାରୀ ପଥ ପରିଷ୍କାର ହୋଇ ଯାଇଥିଲା। ଗୁରୁବାର ରାତି ପ୍ରାୟ ୯ ଟା ୪୫ ରେ ଜଗନ୍ନାଥ ଡିସିପି କାର୍ଯ୍ୟାଳୟରେ ପହଞ୍ଚିଥିଲେ। ଓଏଏସ୍ ସଂଘର ଆନ୍ଦୋଳନ ଫଳରେ ବନ୍ୟାଞ୍ଚଳର ଦୁର୍ଗତିରେ ଥିବା ଲୋକମାନଙ୍କ ସେବା ଓ କ୍ଷୟକ୍ଷତିର ଆକଳନ ଓ କ୍ଷତିପୂରଣ ଆବଣ୍ଟନ ପ୍ରଭାବିତ ହେବା ସହ ବାହୁଡ଼ା ଯାତ୍ରା ଓ ମହାପ୍ରଭୁଙ୍କ ସୁନାବେଶ ମଧ୍ୟ ପ୍ରଭାବିତ ହୋଇପାରେ। ତେଣୁ ଦଳ ଓ ସରକାରଙ୍କ ସମ୍ମାନ ଦୃଷ୍ଟିରୁ ତଦନ୍ତରେ ସହଯୋଗ କରିବାକୁ ଘୋଷଣା କରି ଆତ୍ମ ସମର୍ପଣ କରିଥିଲେ।

**KALYANPUR DEGREE COLLEGE**

KALYANPUR, DELANG, PURI-752015

Email: degreecollegekalyanpur@gmail.com, contact No. 8895300485

Invited sealed quotation from interested firms having OEM Authorization for upgrading IT infrastructure of the college by supplying Desktop Computers, UPS, MFM Printer, 65 inch LED TV, AC & Wireless Mice & Camera for Virtual Meeting. The tender must be received by the undersigned within 07 days from the date of publication. For details go through the website - www.kalyanpur.in

Sd/- Principal



# ଭୁବନେଶ୍ବର ସିଟି

## ଜଗାଙ୍କ ଗିରଫଦାରୀ
# ରାସ୍ତା ବନ୍ଦ କଲେ ବିଜେପି କର୍ମୀ

■ ଅଟକିଲା ଶତାଧିକ ଗାଡ଼ି
■ ବାଦ୍ ପଡ଼ିଲାନି ଆମ୍ବୁଲାନ୍ସ

ଭୁବନେଶ୍ବର, ୩।୭(ସମିସ): ଗୁରୁବାର ସନ୍ଧ୍ୟାରେ ବିଜେପି ନେତା ଜଗନ୍ନାଥ ପ୍ରଧାନ ଡିସିପି ଅଫିସରେ ଯାଇ ଆତ୍ମସମର୍ପଣ କରିବା ନେଇ ଚର୍ଚ୍ଚା ହୋଇଥିଲା। ଏହାର କିଛି ସମୟ ମଧ୍ୟରେ ଜଗାଙ୍କ ଶତାଧିକ ସମର୍ଥକ ବାଣୀବିହାରସ୍ଥିତ ଡିସିପି ଅଫିସରେ ପହଞ୍ଚି ଯାଇଥିଲେ। ରାତି ପ୍ରାୟ ସାଢ଼େ ୯ଟା ବେଳେ ଜଗନ୍ନାଥ ପ୍ରଧାନ ଡିସିପି ଅଫିସରେ ପହଞ୍ଚିବା ପରେ ଗଣମାଧ୍ୟମକୁ ବିବୃତି ଦେଇ ଭିତରକୁ ଯାଇଥିଲେ। ଏହାପରେ ସମର୍ଥକଙ୍କ ମଧ୍ୟରେ ଅସନ୍ତୋଷ ଦେଖା ଦେଇଥିଲା। ସମର୍ଥକମାନେ ଜଗାଙ୍କ ଗିରଫଦାରୀକୁ ବିରୋଧ କରିବା ସହିତ ନାରାବାଜି ଦେଇଥିଲେ। ପ୍ରଥମେ ଡିସିପି ଅଫିସରେ ଧାରଣା ଦେଇଥିବା ବେଳେ ଏହାର କିଛି ସମୟ ପରେ ହଠାତ୍ ରାସ୍ତା ଅବରୋଧ କରିଥିଲେ। ବାଣୀବିହାର ଛକରେ ଧାରଣା ଦେବାରୁ ଜାତୀୟ ରାଜପଥରେ ଶତାଧିକ ଗାଡ଼ି ଅଟକି ରହିଥିଲା। ବାଣୀବିହାର - ଜୟଦେବ ବିହାର ଓ ବାଣୀବିହାର - ମାଷ୍ଟର କ୍ୟାଣ୍ଟିନ ରାସ୍ତାରେ ଗାଡ଼ି ଚଳାଚଳ ସମ୍ପୂର୍ଣ୍ଣ ବାଧାପ୍ରାପ୍ତ ହୋଇଥିଲା। ବିଜେପି କର୍ମୀଙ୍କ ଏଭଳି କାରନାମା ଯୋଗୁଁ ସାଧାରଣ ଲୋକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହୋଇଥିଲେ।



ଗନ୍ତବ୍ୟସ୍ଥଳକୁ ଯିବା ପରିବର୍ତ୍ତେ ସେହି ସ୍ଥାନରେ ଅଟକି ରହିଥିଲେ। ଏମିତିକି ଏକାଧିକ ଆମ୍ବୁଲାନ୍ସ ମଧ୍ୟ ଭିଡ଼ରେ ଫସିଥିବା ଦେଖା ଯାଇଥିଲା। ଜଗନ୍ନାଥ ପ୍ରଧାନ ନିଜେ ଡିସିପି ଅଫିସକୁ ଆସି ଆତ୍ମସମର୍ପଣ କରିବା ପରେ ପୁଲିସ ତାଙ୍କୁ ଗିରଫ କରିଥିଲା। କିନ୍ତୁ ସମର୍ଥକ ମାନେ ନାଟକ ବାଜି କରି ଗିରଫଦାରୀକୁ ବିରୋଧ କରିଥିଲେ। ଡାକ୍ତରଖାନା, ରେଳ ଷ୍ଟେସନ, ବସଷ୍ଟାଣ୍ଡ ଯାଉଥିବା ଅନେକ ଗାଡ଼ି ଅଟକି ରହିଥିଲା। ଅନେକ ଲୋକ ନିର୍ଦ୍ଧାରିତ ସମୟରେ ପହଞ୍ଚି ନପାରିବାରୁ ଟ୍ରେନ୍, ବସ ଧରି ପାରିନଥିଲେ। ପୁଲିସ ଅଧିକାରୀ ଓ କର୍ମଚାରୀମାନେ ପହଞ୍ଚି ବୁଝାସୁଝା କରୁଥିବା ବେଳେ ସମର୍ଥକମାନେ ଯୁକ୍ତି କରିଥିଲେ। ଏମିତିକି ସେଠାରେ ପୁଲିସ ସହ ଧସ୍ତାଧସ୍ତି ପରିସ୍ଥିତି ଉପୁଜିଥିଲା। ପ୍ରାୟ ଦୁଇ ଘଣ୍ଟା ଧରି ଜଗାଙ୍କ ସମର୍ଥକମାନେ ରାସ୍ତା ଅବରୋଧ କରିଥିଲେ। ରାତି ପ୍ରାୟ ୧୧ଟା ବେଳକୁ ପରିସ୍ଥିତି ସ୍ୱାଭାବିକ ହେବା ସହିତ ଗାଡ଼ି ଚଳାଚଳ କରିଥିଲା।



ଚଳିତ ମାସ ୧୧ ତାରିଖରେ ଲୋକସଭା ବିରୋଧୀଦଳ ନେତା ରାହୁଲ ଗାନ୍ଧୀଙ୍କ ଭୁବନେଶ୍ବର ବରମୁଣ୍ଡା ଠାରେ ଓଡ଼ିଶା ବାସୀଙ୍କୁ ଉଦବୋଧନ ଦେବା ସ୍ଥଳକୁ ବୁଲି ଦେଖିବା ସହ ସୁରକ୍ଷା ବ୍ୟବସ୍ଥା ନେଇ ଓଡ଼ିଶା ପ୍ରଭାରୀ ଅଜୟ କୁମାର ଲଲ୍ଲୁଙ୍କ ଉପସ୍ଥିତିରେ ପିସିସି ସଭାପତି ଭକ୍ତ ଚରଣ ଦାସ ବରିଷ୍ଠ ପୋଲିସ ଅଧିକାରୀଙ୍କ ସହିତ ଆଲୋଚନା କରୁଛନ୍ତି।

# ଟ୍ରକ୍ ଧକ୍କାରେ ମହିଳା ହୋମଗାର୍ଡଙ୍କ ମୃତ୍ୟୁ

## ଟ୍ରକ ଜବତ୍, ୨ ଅଟକ ଏବଂ ଡ୍ରାଇଭର ଫେରାର

କଟକ, ୩।୭(ସମିସ)

ଟ୍ରକ ଧକ୍କାରେ ଜଣେ କାର୍ଯ୍ୟରତ ମହିଳା ହୋମଗାର୍ଡଙ୍କର ମୃତ୍ୟୁ ହୋଇଛି। ମୃତା ହୋମଗାର୍ଡ ଜଣକ ହେଲେ ରାଉସପାଟଣାରେ ରହୁଥିବା ନିଶ୍ଚିନ୍ତକୋଇଲି ନିକଟ ଅଶ୍ବରେଶ୍ବର ଅଞ୍ଚଳର ମନୋରମା ପଣ୍ଡା(୫୬)। ସେ ଥାନାକୁ ଯାଉଥିବା ସମୟରେ ତାଳଦଣ୍ଡା କେନାଲ ରାସ୍ତାରେ ଏକ ଟ୍ରକ ତାଙ୍କୁ ଧକ୍କା ଦେଇଥିଲା। ଏହି ଘଟଣାରେ ଧକ୍କା ଦେଇଥିବା ଟ୍ରକ୍‌ର ଡ୍ରାଇଭର ଫେରାର୍ ହୋଇଯାଇଥିବା ବେଳେ ହେଲପର ଓ ଟ୍ରକରେ ବସିଥିବା ଜଣେ ବ୍ୟକ୍ତିଙ୍କୁ ଅଟକ ରଖାଯାଇଛି। ଏହାକୁ ମିଶାଇ ଗତ ୩ ଦିନରେ ସଡକ ଦୁର୍ଘଟଣାରେ ୪ ଜଣଙ୍କ ମୃତ୍ୟୁ ଘଟିଲାଣି। ଯାହାକୁ ନେଇ ସହରବାସୀଙ୍କ ମଧ୍ୟରେ ଭୟର ବାତାବରଣ ସୃଷ୍ଟି ହୋଇଛି।

ପୁଲିସ ସୂଚନା ଅନୁସାରେ, ମନୋରମା ୨୦୧୮ ମସିହାରୁ ମାଲଗୋଦାମ ଥାନାରେ ହୋମଗାର୍ଡ ଭାବେ ନିୟୋଜିତ ହୋଇଥିଲେ। ଆଜ ସକାଳେ ସେ ଅର୍ବାନ ହାଟରେ ଡ୍ୟୁଟି କରିଥିଲେ। ସକାଳ ପ୍ରାୟ ୧୦ଟା ବେଳେ ସେ ଛତ୍ରବଜାର ଓ ମାଲଗୋଦାମ ଅଞ୍ଚଳ ବୁଲି ପୁଣି ଥାନାକୁ ଫେରୁଥିଲେ। ମାଲଗୋଦାମର ପଛପଟେ ତାଳଦଣ୍ଡା କେନାଲକୁ ଏକ ରାସ୍ତା ରହିଛି। ଏହି ରାସ୍ତା ସଂଯୋଗ ହେଉଥିବା ନୂଆ ବ୍ରିଜରୁ ଏକ ଖାଲି ଟ୍ରକ ଅଧିକ ବେଗରେ ଆସୁଥିଲା। ଏତିକିବେଳେ ଟ୍ରକ ଆଗରେ ଥିବା ଏକ ବାଇକ ଚାଳକ ହଡବଡେଇ ଯାଇଥିଲେ। ଉକ୍ତ ବାଇକ ଚାଳକଙ୍କୁ ରକ୍ଷା କରିବାକୁ ଗଲାବେଳେ ସାମ୍ନାରୁ ସାଇକେଲରେ ଆସୁଥିବା ମନୋରମାଙ୍କୁ ଟ୍ରକଟି ଧକ୍କା ଦେଇଥିଲା। ଟ୍ରକ୍‌ର ସମ୍ମୁଖ ଚକା ମନୋରମାଙ୍କ ଉପରେ ଚଢ଼ିଯାଇଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ଘଟିଥିଲା। ଖବର ପାଇ ଡିସିପି ଖିଲାରି ଋଷିକେଶ ଦ୍ୟାନଦେଓ, ଏସିପି ଅଶୋକ ଗିରି, ଏସିପି ଗିରିଜାଶଙ୍କର ଚକ୍ରବର୍ତ୍ତୀ, ମାଲଗୋଦାମ ଥାନା ଅଧିକାରୀ ରଜନୀକାନ୍ତ ଦାସ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚିଥିଲେ। ମୃତଦେହକୁ ଉଦ୍ଧାର କରାଯାଇ ଏସସିବିରେ ବ୍ୟବଚ୍ଛେଦ କରାଯାଇଥିଲା। ଏହା ପରେ ମରଶରୀର ମାଲଗୋଦାମ ଥାନାକୁ ନିଆଯାଇଥିଲା। ସେଠାରେ ବରିଷ୍ଠ ପୁଲିସ ଅଧିକାରୀ ଓ ଥାନା କର୍ମଚାରୀ ଶେଷଦର୍ଶନ କରିଥିଲେ। ପୁରୀ ସ୍ବର୍ଗଦ୍ୱାରରେ ମନୋରମାଙ୍କ ଶେଷକୃତ୍ୟ ସମ୍ପନ୍ନ ହୋଇଥିବା ସୂଚନା ମିଳିଛି। ମାଲଗୋଦାମ ଥାନା ପୁଲିସ ଦୁର୍ଘଟଣା ଘଟାଇଥିବା ଟ୍ରକ(ଓଡି-୦୪-ପି-୪୦୩୨)କୁ ଜବତ କରିଛି। ଏହି ଗାଡିଟି ଅନୁଗୁଳରୁ ମାଲ ନେଇ ଆସିଥିବା କୁହାଯାଉଛି।

# ରାଜ୍ୟପାଳଙ୍କୁ ସାକ୍ଷାତ କଲେ ମୋଣ୍ଟାନା ପ୍ରତିନିଧି

ଭୁବନେଶ୍ବର, ୩।୭(ସମିସ): ଯୁକ୍ତରାଷ୍ଟ୍ର ଆମେରିକାର ମୋଣ୍ଟାନାରୁ ଆସିଥିବା ଏକ ୧୦ ଜଣିଆ ପ୍ରତିନିଧିମଣ୍ଡଳୀ ଗୁରୁବାର ଓଡ଼ିଶାର ମାନ୍ୟବର ରାଜ୍ୟପାଳ ଡ. ହରିବାବୁ କମ୍ପମ୍ପାଟିଙ୍କୁ ରାଜଭବନରେ ସାକ୍ଷାତ କରିଥିଲେ। ଇଣ୍ଡିଆ ଟ୍ରେକ୍-୨୦୨୫ କାର୍ଯ୍ୟକ୍ରମରେ ପ୍ରତିନିଧିମଣ୍ଡଳୀ ବର୍ତ୍ତମାନ ଭାରତ ଗସ୍ତରେ ଅଛନ୍ତି। ପ୍ରତିନିଧିମଣ୍ଡଳୀଙ୍କୁ ସ୍ବାଗତ ଜଣାଇ ରାଜ୍ୟପାଳ ଓଡ଼ିଶାର ସମୃଦ୍ଧ ସଂସ୍କୃତି, କଳା ଏବଂ ସାମାଜିକ ପ୍ରଗତି ବିଷୟରେ ଅବଗତ କରାଇଥିଲେ। ପ୍ରତିନିଧିମଣ୍ଡଳୀ ଭାରତର ବିବିଧତା ଅନୁସନ୍ଧାନ କରିବାକୁ ରାଜ୍ୟପାଳ ଗୁରୁତ୍ୱାରୋପ କରି ଏପରି ପରିଦର୍ଶନ ବିଭିନ୍ନ ଦେଶର ଲୋକଙ୍କ ମଧ୍ୟରେ ଉତ୍ତମ ବୁଝାମଣା ପ୍ରତିଷ୍ଠା କରିବାରେ ସହାୟକ ହେବ ବୋଲି କହିଥିଲେ। ପ୍ରତିନିଧିମଣ୍ଡଳୀର ସଦସ୍ୟମାନେ ରାଜଭବନ ପରିସର ପରିଦର୍ଶନ କରିଥିଲେ ଏବଂ ସେମାନଙ୍କ ଗସ୍ତ ସମୟରେ ସେମାନଙ୍କୁ ମିଳିଥିବା ଭବ୍ୟ ସ୍ବାଗତକୁ ପ୍ରଶଂସା କରିଥିଲେ।




# ୧୨ ରେ ମୁକୁନ୍ଦ ବରାଳ କ୍ରୀଡ଼ା ପ୍ରତିଭା ସମ୍ମାନ

ଭୁବନେଶ୍ବର, ୪।୭(ସମିସ): ଜୁଲାଇ ୧୨ ତାରିଖ ଶନିବାର ସନ୍ଧ୍ୟା ରେ ଜୟଦେବ ଭବନଠାରେ ଦଶମ ମୁକୁନ୍ଦ ବରାଳ ସ୍ମାରକୀ କ୍ରୀଡା ପ୍ରତିଭା ଓ କ୍ରୀଡାଗୁରୁ ସମ୍ମାନ ପ୍ରଦାନ କରାଯିବ। ଏହି କାର୍ଯ୍ୟକ୍ରମରେ ଛତିଶଗଡ଼ର ପ୍ରାକ୍ତନ ରାଜ୍ୟପାଳ ବିଶ୍ୱଭୂଷଣ ହରିଚନ୍ଦନ, ରାଜ୍ୟ କ୍ରୀଡାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ, ଓଡ଼ିଶା ଅଲମ୍ପିକ ଆସୋସିଏସନ ସଭାପତି ସମୀର ମହାନ୍ତି, ଓଡ଼ିଶା କ୍ରିକେଟ ଆସୋସିଏସନ ସଭାପତି ପଙ୍କଜ ଲୋଚନ ମହାନ୍ତି ଅତିଥି ଭାବେ ଯୋଗ ଦେବେ।

# ବିଡିଏର ଉପ-ବିଭାଗ ଅଧିକାରୀଙ୍କୁ ବିଦାୟ ସମ୍ବର୍ଦ୍ଧନା



ଭୁବନେଶ୍ବର, ୩।୭(ସମିସ): ବିଡିଏର ଜଣେ ଉପ ବିଭାଗ ଅଧିକାରୀ ମାନସ ରଞ୍ଜନ ରାଉତଙ୍କୁ ବିଡିଏ କର୍ମଚାରୀ ୟୁନାଇଟେଡ୍ ଫୋରମ୍ ପକ୍ଷରୁ ବିଦାୟକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଶ୍ରୀ ରାଉତ କର୍ମଚାରୀ ଭାବେ ଜଣେ କର୍ମତତ୍ପର, ମିଷ୍ଟଭାଷୀ, ସଂଗଠକ। ବିଡିଏ କ୍ରିକେଟ ଦଳର ଭଲ ଖେଳାଳି ଭାବେ ବେଶ୍ ପରିଚିତ ଥିଲେ। ସେ ତାଙ୍କ ଚାକିରି କାଳ ମଧ୍ୟରେ ବିଡିଏର ବହୁ ବିଭାଗରେ କାମ କରି ସୁନାମ ଅର୍ଜନ କରିଛନ୍ତି। ତାଙ୍କର ଅବସରକାଳୀନ ସମୟ ଖୁସିରେ କଟୁ ବୋଲି ଫୋରମ୍‌ର ସଂଯୋଜକ ଶୁଭ୍ରାଂଶୁ ଶେଖର ମହାନ୍ତି ଓ ଅନ୍ୟ କର୍ମକର୍ତ୍ତାମାନେ କହିଥିଲେ।

## ନାଟ୍ୟଧାରାର ନାଟକ ପରିକ୍ରମା
# ଉଦ୍‌ଯାପନୀ ସନ୍ଧ୍ୟାରେ 'ଉଦ୍‌ଘାଟନ'

ଭୁବନେଶ୍ବର, ୩।୭(ସମିସ): ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ, ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ଓ ଓଡ଼ିଶା ନାଟ୍ୟ ସଂଘର ମିଳିତ ଆନୁକୂଲ୍ୟରେ ଭଞ୍ଜକଳାମଣ୍ଡପରେ ନାଟ୍ୟଧାରାର ତୃତୀୟ ଅର୍ଥାତ୍ ଉଦ୍‌ଯାପନୀ ସନ୍ଧ୍ୟାରେ ନାଟକ 'ଉଦ୍‌ଘାଟନ' ମଞ୍ଚସ୍ଥ ହୋଇଯାଇଛି। ବ୍ରହ୍ମପୁର, ଗଞ୍ଜାମ କଳା ପରିଷଦ ପକ୍ଷରୁ ପରିବେଷିତ ଏହି ନାଟକର ରଚନା ଡ. ମିହିର କୁମାର ତ୍ରିପାଠୀ କରିଥିବା ବେଳେ ନିର୍ଦ୍ଦେଶନା ଦେଇଛନ୍ତି ଇଂ ଅପୂର୍ବ କୁମାର ପଟ୍ଟନାୟକ। ନାଟକର କାହାଣୀ ଅନୁସାରେ, ଆମ ଦେଶ ଭାରତବର୍ଷ, ସାରା ପୃଥିବୀରେ ବିକାଶର ଡିଣ୍ଡିମ ପିଟି ଚାଲିଛି। ଆମ ସମ୍ବିଧାନର ମହାନତା ବିଶ୍ୱବିଦିତ। ଚନ୍ଦ୍ରପୃଷ୍ଠରେ ଅବତରଣ, ସୂର୍ଯ୍ୟ ଗବେଷଣା ଠାରୁ ଆରମ୍ଭ କରି ବିଶାଳକାୟ ରାମମନ୍ଦିର, ପୃଥିବୀର ସର୍ବବୃହତ୍ କ୍ରିକେଟ୍ ଷ୍ଟାଡିୟମ୍ ଇତ୍ୟାଦି ରହିଛି। ହେଲେ ଖଟିଖିଆ ମଜୁରିଆ ଦି'ଓଳା ଦି ମୁଠା ଖାଇବାକୁ ନପାଇ ଉପାସରେ ଶୋଉଛି ତ, ମନ୍ତ୍ରୀ ଅଫିସରମାନେ ଭୋଗ ବିଳାସରେ ମାତାଲ। କାହାକୁ କେତେ କହିବା? କିଏ ଶୁଣିବ ଆମ କଥା? ଏଠି ତେଲିଆ ମୁଣ୍ଡରେ ତେଲ, ଆଉ ମଳିମୁଣ୍ଡିଆ ମାନେ ଧନୀ, ଟାଉଟର ଓ କୁଜିନେତାମାନେଙ୍କ ଶାସନ କଳରେ ପେଶି ହୋଇ ଜୀବନ ଲୋଭରେ ଛଟପଟ ହେଉଛନ୍ତି। ଏଭଳି କିଛି ଘଟଣାକୁ ନିଖୁଣ ଭାବେ ନାଟକରେ ଦର୍ଶାଇଛନ୍ତି କଳାକାରମାନେ। ଏଥିରେ ବିଭିନ୍ନ ଭୂମିକାରେ ଗୋକୁଳ ପଣ୍ଡା, ଇଂ ମନୋଜ ଦଣ୍ଡପାଟ, ଗିରିଜା ଶଙ୍କର ଦାସ, ନଳିନୀ କାନ୍ତ ଗୌଡ଼ ପ୍ରମୁଖ ଅଭିନୟ କରିଥିଲେ।



# ପଞ୍ଚମୁଖୀ ହନୁମାନ ମନ୍ଦିରର ପ୍ରତିଷ୍ଠା ଉତ୍ସବ



ଭୁବନେଶ୍ବର, ୩।୭(ସମିସ): ଜୟଦେବ ବିହାର ବିକାଶ ପରିଷଦ ପକ୍ଷରୁ ସ୍ଥାନୀୟ ଜୟଦେବ ବିହାର ଲେନ୍ ନମ୍ବର-୫ ଠାରେ ପଞ୍ଚମୁଖୀ ହନୁମାନ ମନ୍ଦିରର ତୃତୀୟ ବାର୍ଷିକ ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପରିଷଦର ସଭାପତି ମିହିର ରଞ୍ଜନ ରଥ, ସାଧାରଣ ସମ୍ପାଦକ ରବୀନ୍ଦ୍ର କୁମାର ପଲେଇଙ୍କ ଆବାହକତ୍ୱରେ ଆୟୋଜିତ ଏହି ଉତ୍ସବରେ ବୃନ୍ଦାବନରୁ ଆସିଥିବା ଆଜନ୍ମ ବ୍ରହ୍ମଚାରୀ ବାବା ବନମାଳି ଦାସ ଓ ମୁଖ୍ୟ ପୂଜକ ଧୀରେନ୍ଦ୍ର ମିଶ୍ରଙ୍କ ତତ୍ତ୍ୱାବଧାନରେ ପୂଜକ ବିଜୟ ଦାଶ ପୂଜାର୍ଚ୍ଚନା କରିଥିଲେ। ଏଥିରେ ଭୁବନେଶ୍ବର ଉତ୍ତର ବିଧାୟକ ସୁଶାନ୍ତ ରାଉତ, ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର, ବିକାଶ ପରିଷଦର ବରିଷ୍ଠ ଉପଦେଷ୍ଟା ତଥା ସାପ୍ତାହିକ ସମ୍ବାଦପତ୍ର 'ଉନ୍ନତି ପଥେ'ର ସମ୍ପାଦକ ପ୍ରଦ୍ୟୁମ୍ନ କୁମାର ମହାନ୍ତି ପ୍ରମୁଖ ଯୋଗଦେଇଥିଲେ। ଏଥିରେ ଆଖପାଖ ଅଞ୍ଚଳରୁ ପ୍ରାୟ ୩ ହଜାରରୁ ଉର୍ଦ୍ଧ୍ୱ ଲୋକଙ୍କୁ ପଣା ବଣ୍ଟନ କରାଯିବା ସହିତ ପ୍ରସାଦ ସେବନ କରାଯାଇଥିଲା। ଏହି ଅବସରରେ ତୁଳସୀ ଭଜନ ସନ୍ଧ୍ୟା ପକ୍ଷରୁ ସଙ୍ଗୀତ ନିର୍ଦ୍ଦେଶକ ଆଶ ମୁକୁଳ ବାରିକଙ୍କ ନେତୃତ୍ୱରେ କଣ୍ଠଶିଳ୍ପୀ ଗୋପାଳକୃଷ୍ଣ, ଇତିଶ୍ରୀ, ସୁଜାତା ଓ ସ୍ନେହାଶ୍ରୀ ପ୍ରମୁଖ ଭଜନ ପରିବେଷଣ କରିଥିଲେ।

# ୩ ସାଙ୍ଗଠନିକ ଜିଲ୍ଲା ପାଇଁ ଷ୍ଟିଅରିଂ କମିଟି ଗଠନ କଲା କଂଗ୍ରେସ

ଭୁବନେଶ୍ବର,୩।୭(ସମିସ): ବଲାଙ୍ଗିର, ନବରଙ୍ଗପୁର ଓ ଗଞ୍ଜାମ (ପୂର୍ବ) ସାଙ୍ଗଠନିକ ଜିଲ୍ଲାରେ ଜିଲ୍ଲା ସଂଯୋଜକ ନିଯୁକ୍ତି ହୋଇ ନଥିବାରୁ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ୩ଟି ପୃଥକ ଷ୍ଟିଅରିଂ କମିଟି ଗଠନ କରିଛି। ବଲାଙ୍ଗିର ଜିଲ୍ଲା ଷ୍ଟିଅରି କମିଟିରେ ଅନିଲ ମେହେର ଆବାହାକ ଭାବେ ରହିଥିବା ବେଳେ ସମରେନ୍ଦ୍ର ମିଶ୍ର, ଅଶୋକ ନନ୍ଦ, ରାଧାକାନ୍ତ ନାୟକ, ନରେନ୍ଦ୍ର ମେହେର, ସନ୍ତକ ବହିଦାର ଓ ବିରେନ୍ଦ୍ର ବାଗ ସଦସ୍ୟ ଭାବରେ ରହିଛନ୍ତି ଏବଂ ସନ୍ତୋଷ ସିଂ ସାଲୁଜା, ଅରବିନ୍ଦ ଦାସ, ଗଣେଷ ସାହୁ ଓ ଆକବର ଖାନ୍ ନିମନ୍ତ୍ରିତ ସଦସ୍ୟ ଭାବେ ରହିଛନ୍ତି। ସେହିପରି ନବରଙ୍ଗପୁର ଜିଲ୍ଲା ଷ୍ଟିଅରିଂ କମିଟିରେ ସଦନ ନାୟକ ଆବାହାକ ଭାବେ ରହିଥିବା ବେଳେ ଭୁଜବଳ ମାଝୀ, ମନୋରଞ୍ଜନ ତ୍ରିପାଠୀ, ସନରାଜ ଗଣ୍ଡ, ଅଖିଳ ଭତ୍ରା, ଦ୍ୱାରିକା ମହାପାତ୍ର, ଲିପିକା ମାଝୀ, ଅର୍ଜୁନ ସମର୍ଥ, ସବଲମ୍ ସାଉଁତା, ଦିଲ୍ଲୀପ ବେହେରା, ମନସା ତ୍ରିପାଠୀ, ଟି ନାଗରତ୍ନମ୍, ବୃନ୍ଦାବନ ତ୍ରିପାଠୀ, ବଂଶି ମାଝୀ, ଧରମ ସିଂ ମଙ୍ଗଳାମାଝୀ ଓ କ୍ଷମରାଜ ବାଗ୍ ସଦସ୍ୟ ଭାବରେ ରହିଛନ୍ତି। ଅନୁରୂପ ଭାବରେ ଗଞ୍ଜାମ (ପୂର୍ବ) ସାଂଗଠନିକ ଜିଲ୍ଲା ଷ୍ଟିଅରିଂ କମିଟିରେ ଡଃ ତ୍ରିନାଥ ବେହେରା ଆବାହାକ ରହିଥିବା ବେଳେ ରଶ୍ମିରଞ୍ଜନ ପଟ୍ଟନାୟକ ସହ ଆବାହକ ରହିଛନ୍ତି। ଶାକା ସୁଜିତ କୁମାର, ଗଣପତି ବାରିକ, ଶ୍ୟାମ ସୁନ୍ଦର ସାହୁ ଓ ବିକାଶ ନାୟକ ସଦସ୍ୟ ଭାବରେ ରହିଛନ୍ତି ବୋଲି ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରୁ ଏକ ପ୍ରେସ ବିଜ୍ଞପ୍ତିରେ ପ୍ରକାଶ କରାଯାଇଛି।

## ନୀଳାଦ୍ରୀଶ ଜଗନ୍ନାଥଙ୍କ ଲୀଳା ଜଗତକଲ୍ୟାଣର ଆଧାର
# କୋଏଲନଗରର ଶ୍ରୀଜଗନ୍ନାଥ ମନ୍ଦିର ନ୍ୟାସକୁ 'ଭଞ୍ଜଭାରତୀ ସାଂସ୍କୃତିକ ସମ୍ମାନ'

ଭୁବନେଶ୍ବର, ୩।୭(ସମିସ): ସାରସ୍ୱତ ଅନୁଷ୍ଠାନ ଭୁବନେଶ୍ବର ଭଞ୍ଜ ଭାରତୀ ପକ୍ଷରୁ ଶ୍ରୀଜଗନ୍ନାଥ ଚେତନା ଆଧାରିତ ସ୍ୱତନ୍ତ୍ର ଭାକ୍ତିମୟ ସତ୍ର 'ଲୀଳାମୟ ନୀଳାଦ୍ରିଶ' ଜୟଦେବ ଭବନରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବରେ ଜାତୀୟ ମାନବାଧିକାର ଆୟୋଗର ସଦସ୍ୟ ନ୍ୟାୟମୂର୍ତ୍ତି ଡ. ବିଦ୍ୟୁତ୍ ରଞ୍ଜନ ଷଡ଼ଙ୍ଗୀ ଯୋଗ ଦେଇ ଶ୍ରୀଜଗନ୍ନାଥ ସଂସ୍କୃତିର ଉଚ୍ଚାଙ୍ଗ ଆଦର୍ଶଗତ ମହନୀୟତା ସମ୍ପର୍କରେ ଆଲୋଚନା କରି ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସଂସ୍କୃତିର ଉଦାର-ସାମାଜିକ-ପରମ୍ପରା ଉପରେ ବକ୍ତବ୍ୟ ରଖିଥିଲେ। ରାଜ୍ୟ ଶ୍ରମ ଆୟୁକ୍ତ ଇନ୍ଦ୍ରମଣି ତ୍ରିପାଠୀ ଯୋଗଦେଇ ଜଗନ୍ନାଥ ଚେତନା କିପରି ବିଶ୍ୱଜୀବନର ମଧୁମୟୀ ବାର୍ତ୍ତା ପ୍ରଦାନ କରେ ସେ ବିଷୟରେ କହିଥିବା ବେଳେ ତିରୁପତିସ୍ଥିତ ରାଷ୍ଟ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟର ସହକାରୀ ପ୍ରାଧ୍ୟାପକ ଡ. ଭାରତଭୂଷଣ ରଥ ଶ୍ରୀଜଗନ୍ନାଥ ସଂସ୍କୃତିରେ ନୀଳମାଧବତତ୍ତ୍ୱ ଉପରେ ବକ୍ତବ୍ୟ ରଖିଥିଲେ। ଅନୁଷ୍ଠାନର ସଭାପତି ତଥା ବିଶିଷ୍ଟ ଜଗନ୍ନାଥଚେତନା ପ୍ରବକ୍ତା ଡ. କୃଷ୍ଣକେଶବ ଷଡଙ୍ଗୀ କଳାମୟ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ନାମ-ରୂପ-ଲୀଳା-ଧାମର ଯଥାର୍ଥ ତାତ୍ପର୍ଯ୍ୟ ଓ ଲୋକଶିକ୍ଷା ସମ୍ପର୍କରେ ବିସ୍ତୃତଭାବେ ଆଲୋଚନା କରିଥିଲେ। ଏହି ଅବସରରେ ରାଉରକେଲାର କୋଏଲ ନଗରସ୍ଥିତ ଶ୍ରୀଜଗନ୍ନାଥ ଓ ବାବା ଆଖଣ୍ଡଳମଣି ମନ୍ଦିର ନ୍ୟାସକୁ 'ଭଞ୍ଜଭାରତୀ ସାଂସ୍କୃତିକ ସମ୍ମାନ-୨୦୨୫' ପ୍ରଦାନ କରାଯାଇଥିଲା। ପ୍ରାରମ୍ଭରେ 'ନାଦବ୍ରହ୍ମ' ଅନୁଷ୍ଠାନ ପକ୍ଷରୁ ଶ୍ରୀଗୀତଗୋବିନ୍ଦ ଏବଂ ଶ୍ରୀଜଗନ୍ନାଥ ଜଣାଣ ପରିବେଷିତ ହୋଇଥିଲା। କାର୍ଯ୍ୟକ୍ରମକୁ ଭଞ୍ଜଭାରତୀର କୋଷାଧକ୍ଷା ଶୈଳଜା ମିଶ୍ର ସଂଯୋଜନା କରିଥିବା ବେଳେ ସଦସ୍ୟ ଗିରିଜା ପ୍ରସାଦ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।




# ପ୍ରକାଶ ପାଇବ ବିଏଡ୍ ପ୍ରୋଭିଜିନାଲ୍ ଆନସାର୍ କି'

■ ୮ରୁ ୧୦ ମଧ୍ୟରେ ଆପତ୍ତି କରିପାରିବେ ପରୀକ୍ଷାର୍ଥୀ
■ ଜାଲିଆତିର ଭିଜିଲାନ୍ସ ତଦନ୍ତ ଦାବି କଲା ଛାତ୍ର କଂଗ୍ରେସ୍

ସକାଳ ପ୍ରଭାବ

ଭୁବନେଶ୍ବର, ୩।୭(ସମିସ): ବିଏଡ୍ ପ୍ରବେଶିକା ପରୀକ୍ଷାରେ ଆଶାଜନକ ନମ୍ବର ନ ମିଳିବା ଏବଂ ୮ଜଣ ପରୀକ୍ଷାର୍ଥୀଙ୍କ ନମ୍ବର ବଢ଼ିବା ପରେ ବିବାଦ ବଢ଼ିଥିଲା। ପରୀକ୍ଷା ପରିଚାଳନା କରିଥିବା ରାଜ୍ୟ ପ୍ରବରଣ ମଣ୍ଡଳୀ (ଏସ୍‌ଏସ୍‌ବି) ପକ୍ଷରୁ ପ୍ରୋଭିଜିନାଲ୍ ଆନସାର୍ କି' ପ୍ରକାଶ ନ କରି ଜାଲିଆତି କରାଯାଉଥିବା ପରୀକ୍ଷାର୍ଥୀମାନେ ଅଭିଯୋଗ କରିଥିଲେ। ଏହାକୁ ନେଇ ଦୈନିକ 'ସକାଳ'ରେ କ୍ରମାଗତ ଭାବେ ଖବର ପ୍ରସାରଣ ପରେ ଗୁରୁବାର ପ୍ରୋଭିଜିନାଲ୍ ଆନସାର୍ କି' ପ୍ରକାଶ ପାଇବ ବୋଲି ଏସ୍‌ଏସ୍‌ବି ପକ୍ଷରୁ ସୂଚନା ଦିଆଯାଇଛି। ଆସନ୍ତା ୭ ତାରିଖ ଦିନ ୧୧ଟାରେ ଏସ୍‌ଏସ୍‌ବି ୱେବସାଇଟ୍ https://ssbodisha.ac.in ରେ ପ୍ରୋଭିଜିନାଲ୍ ଆନସାର୍ କି' ପ୍ରକାଶ ପାଇବ। କୌଣସି ଉତ୍ତରକୁ ନେଇ ପରୀକ୍ଷାର୍ଥୀଙ୍କ ଦ୍ୱନ୍ଦ୍ୱ ଥିଲେ ୮ରୁ ୧୦ ତାରିଖ ମଧ୍ୟରେ ନିଜର ସାମସ୍ ଲଗ୍‌ଇନ୍‌କୁ ଯାଇ ଆପତ୍ତି କରିପାରିବେ। ପ୍ରତି ପ୍ରଶ୍ନର ଆବେଦନ ପାଇଁ ପରୀକ୍ଷାର୍ଥୀଙ୍କୁ ୨ଶହ ଟଙ୍କା ଦେବାକୁ ପଡ଼ିବ। ଏହା ଫେରସ୍ତ କରାଯିବ ନାହିଁ ବୋଲି ଏସ୍‌ଏସ୍‌ବି ଅଧ୍ୟକ୍ଷ କାଳୀପ୍ରସନ୍ନ ମହାପାତ୍ର କହିଛନ୍ତି।

ଅପରପକ୍ଷରେ ବିଏଡ୍ ପରୀକ୍ଷାରେ ଅନିୟମିତତାକୁ ନେଇ ଏସ୍‌ଏସ୍‌ବି ଓ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛି ପ୍ରଦେଶ ଛାତ୍ର କଂଗ୍ରେସ। ଛାତ୍ର କଂଗ୍ରେସ ସଭାପତି ଉଦିତ୍ ନାରାୟଣ ପ୍ରଧାନ ପ୍ରଶ୍ନ କରିଛନ୍ତି ଯେ ପ୍ରୋଭିଜିନାଲ୍ ଆନସାର୍ କି' ପ୍ରକାଶ କରିବାକୁ କିଏ ନିଷ୍ପତ୍ତି ନେଇଥିଲା? କୋଡ଼ିଂ ଭୁଲ ହୋଇଥିବା ଏସ୍‌ଏସ୍‌ବି ସ୍ୱୀକାର କରିବା ଓ ଫାର୍ମର ତ୍ରୁଟି ରହିଥିବା ଦର୍ଶାଇଥିଲେ ମଧ୍ୟ ସମ୍ପୃକ୍ତ ଫାର୍ମକୁ କଳା ତାଲିକାଭୁକ୍ତ କରାଯାଇ ନାହିଁ କାହିଁକି? ସେହିପରି କେବଳ ୮ ଜଣଙ୍କ କୋଡିଂ ଭୁଲ୍ ହୋଇଥିବା ଏସ୍‌ଏସ୍‌ବି ସଚିବ କିପରି ଜାଣିଲେ? ଅଧିକ ପରୀକ୍ଷାର୍ଥୀଙ୍କ କୋଡିଂ ଭୁଲ୍ ହେବାର ଆଶଙ୍କାକୁ ଏଡ଼ାଇ ଦିଆଯାଇ ନ ପାରେ। ଏଣୁ କୋଡିଂ ନାମରେ ସିଟ୍ ବିକ୍ରି ପାଇଁ ମସୁଧା ଚାଲିଥିବା ସେ ଅଭିଯୋଗ କରିବା ସହ ଘଟଣାର ଭିଜିଲାନ୍ସ ତଦନ୍ତ ଦାବି କରିଛନ୍ତି। ଅବିଳମ୍ବେ ପ୍ରୋଭିଜିନାଲ୍ ଆନସାର୍ କି' ପ୍ରକାଶ କରିବା ସହ ପିଲାଙ୍କୁ ଅଭିଯୋଗ କରିବା ପାଇଁ ସୁଯୋଗ ଦେବାକୁ ଦାବି କରିବାର କିଛି ସମୟ ମଧ୍ୟରେ ଏସ୍‌ଏସ୍‌ବି ପକ୍ଷରୁ ଏହାକୁ ଗ୍ରହଣ କରାଯାଇଛି। ହେଲେ ଗୋଟିଏ ଆପତ୍ତି ପାଇଁ ୨ଶହ ଟଙ୍କା ଫି' କୁ ସେ ବିରୋଧ କରିଛନ୍ତି। ଯଦି ଆବେଦନକାରୀଙ୍କ ଆପତ୍ତି ସଠିକ୍ ସାବ୍ୟସ୍ତ ହେଲା, ତାହେଲେ ସେହି ଫି' ଫେରସ୍ତ କରିବାକୁ ଶ୍ରୀ ପ୍ରଧାନ ଦାବି କରିଛନ୍ତି।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୫.୭୧ ● ପାଉଣ୍ଡ ୧୧୬.୩୭
- ୟୁରୋ ୧୦୧.୮୧ ● ୟେନ୍ ୦.୫୯

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)

- ସୁନା: ୯୧,୦୫୦ (ନୂଆଦିଲ୍ଲୀ)
- ରୁପା : ୧,୦୭,୭୪୮ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)

- ସେନ୍‌ସେକ୍ସ ୮୩,୨୩୯.୦୦
- ନିଫ୍ଟି ୨୫,୪୦୩.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



---

ପାରିବାରିକ ଉପଯୋଗିତା ବ୍ୟୟ ସର୍ଭେ ରିପୋର୍ଟ

# ସହରୀ ଲୋକ କମ୍ ଡାଲି ଖାଉଛନ୍ତି

### ଅଣ୍ଡା, ମାଛ, ମାଂସରେ ବୁଡ଼ି ରହିଛନ୍ତି

### କ୍ଷୀର, ଛେନା, ପନୀର ବ୍ୟବହାର ଢେର ବଢ଼ିଛି

ନୂଆଦିଲ୍ଲୀ,୩।୭ (ଏଜେନ୍ସି)



ଗୋଟିଏ ପଟେ ସାରା ଦେଶରେ କେନ୍ଦ୍ର ସରକାର ମେଦ ବହୁଳତା ବିରୋଧରେ ଏକ ଅଭିଯାନ ଆରମ୍ଭ କରିଛନ୍ତି। ଅନ୍ୟପକ୍ଷରେ ଏକ ରିପୋର୍ଟରେ ଆଶ୍ଚର୍ଯ୍ୟଜନକ ଖୁଲାସା ହୋଇଛି। ସଦ୍ୟତମ ପାରିବାରିକ ଉପଯୋଗିତା ବ୍ୟୟ ସର୍ଭେ ରିପୋର୍ଟରୁ ଜଣାପଡିଛି ଯେ ଦେଶର ସହରାଞ୍ଚଳ ହେଉ କି ଗ୍ରାମାଞ୍ଚଳ, ସବୁଠି ଲୋକେ ପ୍ରଚୁର ପରିମାଣରେ ଚର୍ବି ଜାତୀୟ ଖାଦ୍ୟ ଖାଉଛନ୍ତି। ଏହି କାରଣରୁ ଦେଶର ଲୋକମାନେ ମୋଟାପଣ ବା ମେଦବହୁଳତାର ଶିକାର ହେଉଛନ୍ତି। ରିପୋର୍ଟ ଅନୁଯାୟୀ, ଭାରତରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟର ବ୍ୟବହାର ଦ୍ରୁତ ଗତିରେ ବୃଦ୍ଧି ପାଉଛି, କିନ୍ତୁ ଏହି ଲୋକଙ୍କ ମଧ୍ୟରୁ ଅଧିକାଂଶ ଲୋକ ଚର୍ବିଜାତୀୟ ଖାଦ୍ୟ ଖାଉଛନ୍ତି। ରିପୋର୍ଟରୁ ଜଣାପଡିଛି ଯେ ୫ଟି ପ୍ରମୁଖ ଖାଦ୍ୟ ମଧ୍ୟରେ ଡାଲି ଏବେ ବି ପ୍ରୋଟିନର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଉତ୍ସ ରହିଛି। ହେଲେ ଦେଶର ସହରାଞ୍ଚଳରେ ବସବାସ କରୁଥିବା ଲୋକେ କମ୍ ଡାଲି ଖାଉଛନ୍ତି। ସେମାନେ ଅଣ୍ଡା, ମାଛ ଓ ମାଂସରେ ଧୂମ୍ ପଇସା ଖର୍ଚ୍ଚ କରୁଛନ୍ତି। ଆହୁରିମଧ୍ୟ ପରିବାରଗୁଡ଼ିକରେ କ୍ଷୀର, ଛେନା ଓ ପନିର ଭଳି ଚର୍ବି ଜାତୀୟ ଖାଦ୍ୟର ବ୍ୟବହାର ବହୁତ ବଢ଼ିଯାଇଛି।

ଗତ କିଛି ବର୍ଷ ମଧ୍ୟରେ ସାରା ଦେଶରେ ଚର୍ବି ଜାତୀୟ ଖାଦ୍ୟର ବ୍ୟବହାର ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଗ୍ରାମୀଣ ହେଉ କି ସହରାଞ୍ଚଳ, ସବୁଠୁ ଲୋକେ ପ୍ରଚୁର ଚର୍ବିଯୁକ୍ତ ଖାଦ୍ୟ ଖାଇବାରେ ବ୍ୟସ୍ତ। ୨୦୨୨ରେ ଗ୍ରାମାଞ୍ଚଳରେ ଲୋକେ ଦୈନିକ ୫୯ ଗ୍ରାମର ଚର୍ବିଯୁକ୍ତ ବ୍ୟବହାର କରୁଥିବାବେଳେ, ୨୦୨୪ରେ ଏଥିରେ ବୃଦ୍ଧି ଘଟି ତାହା ୬୫ ଗ୍ରାମ ହୋଇଛି। ଅନ୍ୟପକ୍ଷରେ, ଯଦି ଆମେ ସହରାଞ୍ଚଳ ବିଷୟରେ କଥା ହେବା, ତେବେ ଗତ ୩ ବର୍ଷ ମଧ୍ୟରେ ଏଥିରେ ୭ ଗ୍ରାମ ବୃଦ୍ଧି ହୋଇଛି। ୨୦୨୨ରେ ଏହା ୭୦.୫ ଗ୍ରାମ ଥିଲା, ଯାହା ୨୦୨୪ରେ ବୃଦ୍ଧି ଘଟି ୭୭.୦ ଗ୍ରାମରେ ପହଞ୍ଚିଛି। ପ୍ରୋଟିନ୍ ବିଷୟରେ କହିବାକୁ ଗଲେ, ଗ୍ରାମାଞ୍ଚଳର ଲୋକମାନେ ୨୦୨୨ ପର୍ଯ୍ୟନ୍ତ ପ୍ରତିଦିନ ପ୍ରାୟ ୬୨ ଗ୍ରାମ ପ୍ରୋଟିନ୍ ଖାଦ୍ୟ ନେଉଥିଲେ। ଯାହା ଏବେ ୬୬ ଗ୍ରାମରୁ ଅଧିକ ହୋଇଛି। ସହରାଞ୍ଚଳରେ ଏହା ପ୍ରାୟ ୭ ଗ୍ରାମ ବୃଦ୍ଧି ପାଇଛି। ୨୦୨୨ରେ ଏହା ୬୩.୨ ଗ୍ରାମ ଥିଲା, ଯେତେବେଳେ କି ୨୦୨୩-୨୪ରେ ଏହା ୬୯.୯ ଗ୍ରାମକୁ ବୃଦ୍ଧି ହୋଇଛି। ଭାରତୀୟମାନେ କ୍ୟାଲୋରୀ ଯୁକ୍ତ ଖାଦ୍ୟ ଗ୍ରହଣ କରିବାରେ ମଧ୍ୟ ପଛରେ ନାହାନ୍ତି। ୨୦୨୨-୨୩ ପର୍ଯ୍ୟନ୍ତ, ଭାରତୀୟମାନେ ଗ୍ରାମାଞ୍ଚଳରେ ପ୍ରତିଦିନ ୨୨୩୩ କିଲୋ କ୍ୟାଲୋରିର ଖାଦ୍ୟ ଗ୍ରହଣ କରୁଥିଲେ, ଯାହାର ଚାହିଦା ୨୦୨୩-୨୪ରେ ୨୪୭୨ କିଲୋ କ୍ୟାଲୋରିକୁ ବୃଦ୍ଧି ପାଇଛି। ଏହି ପରିମାଣ ପ୍ରାୟ ପ୍ରତିଦିନ ବୃଦ୍ଧି ପାଉଛି।


କେନ୍ଦ୍ରୀୟ ପରିସଂଖ୍ୟାନ କାର୍ଯ୍ୟାଳୟ (ସିଏସ୍‌ଓ) ଦ୍ୱାରା ପ୍ରକାଶିତ ତଥ୍ୟ ଦର୍ଶାଉଛି ଯେ ୨୦୦୯-୧୦ ପରଠାରୁ ଗ୍ରାମାଞ୍ଚଳ ଏବଂ ସହରାଞ୍ଚଳରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ଗ୍ରହଣ ବୃଦ୍ଧି ପାଇଛି। ତଥାପି, ରାଜସ୍ଥାନ, ହରିୟାଣା, ମହାରାଷ୍ଟ୍ର ଏବଂ ୟୁପିରେ ହାରାହାରି ପ୍ରୋଟିନ୍ ଗ୍ରହଣରେ ସାମାନ୍ୟ ହ୍ରାସ ପରିଲକ୍ଷିତ ହୋଇଛି। ସହରାଞ୍ଚଳରେ, ୨୦୦୯-୧୦ରେ ୫୮.୮ ଗ୍ରାମରୁ ୨୦୨୩-୨୪ରେ ପ୍ରତିଦିନ ପ୍ରତି ମୁଣ୍ଡପିଛା ପ୍ରୋଟିନ୍ ଯୁକ୍ତ ଖାଦ୍ୟ ଗ୍ରହଣ ହାର ୬୩.୪ ଗ୍ରାମକୁ ବୃଦ୍ଧି ପାଇଛି। ସାରା ଦେଶରେ ଲୋକେ ଅଣ୍ଡା, ମାଂସ ଏବଂ ମାଛକୁ ପ୍ରୋଟିନ୍ ପାଇବାର ସହଜ ଉପାୟ ବୋଲି ମାନିଥାନ୍ତି। ଏହି କାରଣରୁ ସହରାଞ୍ଚଳରେ ଡାଲିର ବ୍ୟବହାର ହ୍ରାସ ପାଇଛି। ସେହି ସମୟରେ, ଅଣ୍ଡା, ମାଂସ ଏବଂ ମାଛର ବ୍ୟବହାରରେ ସର୍ବାଧିକ ବୃଦ୍ଧି ଦେଖାଯାଇଛି।

---

## ଜୟଆଲୁକ୍କାସ୍‌ରେ ବର୍ଷର ସବୁଠାରୁ ବଡ଼ ଅଳଙ୍କାର ବିକ୍ରି ଜୁଲାଇ ୧୩ରେ ଶେଷ ହେଉଛି

ଭୁବନେଶ୍ୱର,୩।୭ (ସମିସ): ଅଳଙ୍କାର ବ୍ରାଣ୍ଡ ଜୟଆଲୁକ୍କାସ୍ ଜୁଲାଇ ୧୩ରେ ଏହାର ସବୁଠାରୁ ପ୍ରସିଦ୍ଧ ଓ ଲୋକପ୍ରିୟ ସପିଂ ଇଭେଣ୍ଟ 'ବର୍ଷର ସବୁଠାରୁ ବଡ଼ ଅଳଙ୍କାର ବିକ୍ରି' ଶେଷ କରିବାକୁ ଯାଉଛି। ଏଥିରେ ଗ୍ରାହକମାନେ ଏବେ ଅଳଙ୍କାରର ଏକ ଚମତ୍କାର କଲେକ୍‌ସନ୍‌ରେ ମେକିଂ ଚାର୍ଜ ଉପରେ ଫ୍ଲାଟ ୫୦% ରିଆତି ପାଇବା ପାଇଁ ଆଉ ମାତ୍ର କିଛି ଦିନ ବାକି ଅଛି। ଏହି ମେଗା ସେଲ୍ ରେ ସୁନା, ହୀରା (କଟ ଏବଂ ଅନକଟ), ପ୍ଲାଟିନମ୍, ରୁପା ଏବଂ ମୂଲ୍ୟବାନ ପଥରରେ ଉତ୍କୃଷ୍ଟ ଡିଜାଇନର ଏକ ବିସ୍ତୃତ ପରିସର ରହିଛି। ପାରମ୍ପରିକ କଳାକୃତିକୁ ଆଧୁନିକ ସ୍ୱାଦ ସହିତ ମିଶ୍ରଣ କରୁଥିବା ୧୦ ଲକ୍ଷରୁ ଅଧିକ




ହସ୍ତନିର୍ମିତ ସ୍ୱତନ୍ତ୍ର ଅଳଙ୍କାର ସହିତ, ଜୟଆଲୁକ୍କାସ୍ ଶୋ'ରୁମ୍‌ଗୁଡ଼ିକ ଏହି ସମୟରେ ନିଶ୍ଚିତ ପରିଦର୍ଶନ ଯୋଗ୍ୟ ସ୍ଥାନ ଭାବରେ ପରିଣତ ହୋଇପାରିଛି। ଅଭିଯାନର ଶେଷ ଦିନରେ ଜୟଆଲୁକ୍କାସ୍ ଗ୍ରୁପ୍‌ର ଅଧ୍ୟକ୍ଷ ଡ. ଜୟ ଆଲୁକ୍କାସ୍ କହିଛନ୍ତି, ଏହି ବର୍ଷର ବିକ୍ରି ଏବଂ ଗ୍ରାହକମାନଙ୍କର ଉତ୍କଣ୍ଠା ଦେଖି ଆମେ ଅଭିଭୂତ। ସୀମିତ ସମୟର ରିଆତି ସହିତ ଗ୍ରାହକମାନେ ପ୍ରତ୍ୟେକ କ୍ରୟ ଉପରେ ମାଗଣା ଆଜୀବନ ରକ୍ଷଣାବେକ୍ଷଣ, ଗୋଟିଏ ବର୍ଷର ମାଗଣା ବୀମା ଏବଂ ୧୦୦% ବାଏବ୍ୟାକ୍ ନିଶ୍ଚିତତା ମଧ୍ୟ ଲାଭ କରିଥାନ୍ତି , ଯାହା ଏହାକୁ ପ୍ରକୃତରେ ଏକ ଅଭିନବ ସମ୍ମାନସ୍ୱଦ ଅଭିଜ୍ଞତାରେ ପରିଣତ କରିଥାଏ।

---

## ରଥ ଶିଳ୍ପୀଙ୍କୁ ସମ୍ମାନିତ କଲା ଡାଲ୍‌ମିଆ ଭାରତ



ପୁରୀ,୩।୭ (ସମିସ)

ପ୍ରମୁଖ ସିମେଣ୍ଟ ଉତ୍ପାଦନକାରୀ ଡାଲମିଆ ଭାରତ ଲିମିଟେଡ୍ (ଡିବିଏଲ୍) ପକ୍ଷରୁ ଡିଏସ୍‌ପି ଏକ୍ସପର୍ଟ ରଥ ଶିଳ୍ପକାର ସମ୍ମାନର ୪ର୍ଥ ସଂସ୍କରଣ ଗୁରୁବାର ଗୁଣ୍ଡିଚା ମନ୍ଦିର ନାକଚଣା ଦ୍ୱାରରେ ଦଣ୍ଡାୟମାନ ତିନିରଥ ସମ୍ମୁଖରେ ଅନୁଷ୍ଠିତ ହୋଇଯାଇଛି। କମ୍ପାନୀର ପ୍ରମୁଖ ଅଭିଯାନ 'ସାଲ୍ୟୁଟିଙ୍ଗ୍ ଦି ଏକ୍ସପର୍ଟ'ର ଏକ ପ୍ରମୁଖ ଅଂଶ ଭାବେ ମହାପ୍ରଭୁଙ୍କ ତିନିରଥ ନିର୍ମାଣରେ ନିୟୋଜିତ ଶ୍ରେଷ୍ଠ ଶିଳ୍ପୀଙ୍କୁ ଏହି ଅବସରରେ ସମ୍ମାନିତ କରାଯାଇଛି। ଓଡ଼ିଶା ଓ ଏହାର ସମୃଦ୍ଧ ସାଂସ୍କୃତିକ ଐତିହ୍ୟ ପ୍ରତି ନିଜର ଦୀର୍ଘକାଳୀନ ପ୍ରତିବଦ୍ଧତାକୁ ବଜାୟ ରଖି ଏ ବର୍ଷ ଡାଲମିଆ ଭାରତ ପକ୍ଷରୁ ୪ ଜଣ ବିଶିଷ୍ଟ ଶିଳ୍ପକାର ରଘୁନାଥ ସୁବୁଦ୍ଧି, ରମେଶ ମହାପାତ୍ର, ବାବନା ମହାରଣା ଓ କାର୍ତ୍ତିକ ଭୋଇଙ୍କୁ ତାଙ୍କର ଚମତ୍କାର କାରିଗରୀ ଓ ଏହି ପବିତ୍ର ପରମ୍ପରା ପ୍ରତି ଅତୁଳନୀୟ ଅବଦାନ ପାଇଁ ସମ୍ମାନିତ କରାଯାଇଛି। ତିନିରଥର ମୁଖ୍ୟ ବିଶ୍ୱକର୍ମା ପ୍ରମୁଖଙ୍କୁ ନେଇ ଗଠିତ ବିଚାରକମଣ୍ଡଳୀ ଏହି ଦକ୍ଷ ଶିଳ୍ପୀଙ୍କୁ ଚୟନ କରାଯାଇଥିଲା। ଏହି ବିଚାରକମଣ୍ଡଳୀରେ ନନ୍ଦିଘୋଷ ରଥର ମୁଖ୍ୟ ବିଶ୍ୱକର୍ମା ବିଜୟ ମହାପାତ୍ର, ତାଳଧ୍ୱଜ ରଥର ମୁଖ୍ୟ ବିଶ୍ୱକର୍ମା ନରସିଂହ ମହାପାତ୍ର ଓ ଦର୍ପଦଳନ ରଥର ମୁଖ୍ୟ ବିଶ୍ୱକର୍ମା ନାରାୟଣ ମହାରଣା ସାମିଲ ଥିଲେ, ଯେଉଁମାନେ ସବୁଠୁ ଯୋଗ୍ୟ କାରିଗର ଓ ଶିଳ୍ପର ପ୍ରକୃତ ସଂରକ୍ଷକମାନଙ୍କୁ ଚୟନ କରିଥିଲେ।

ଚଳିତବର୍ଷ ସଂସ୍କରଣର ଏକ ପ୍ରମୁଖ ଆକର୍ଷଣ ଥିଲା ଡିଲର ଓ ଚ୍ୟାନେଲ ପାର୍ଟନରଙ୍କ ପିଲାମାନଙ୍କୁ ପ୍ରାୟ ୧୦୦୦ କ୍ଷୁଦ୍ର ରଥ ପ୍ରତିକୃତି ଆବଣ୍ଟନ, ଯାହା ଯୁବପିଢ଼ିଙ୍କ ମଧ୍ୟରେ ସାଂସ୍କୃତିକ ଐତିହ୍ୟକୁ ନେଇ ସଚେତନତା ଓ ସମ୍ମାନ ବିସ୍ତାର କରିଛି। ଅନ୍ୟପକ୍ଷରେ ଡାଲମିଆ ସିମେଣ୍ଟ ଏକମାତ୍ର ବ୍ରାଣ୍ଡ ଭାବେ ପବିତ୍ର ରଥ ସମ୍ମୁଖରେ ଶିଳ୍ପୀମାନଙ୍କୁ ସମ୍ମାନିତ କରିଛି।

---

## ଭାରତୀୟ ଆଇଫୋନ୍ ପ୍ଲାଣ୍ଟରୁ ଚୀନ୍ କର୍ମଚାରୀଙ୍କୁ ଫେରାଇନେଲା ଫକ୍ସକନ୍

ନୂଆଦିଲ୍ଲୀ,୩।୭ (ଏଜେନ୍ସି): ଆପଲର ସବୁଠାରୁ ବଡ଼ ଆଇଫୋନ ନିର୍ମାତା ଫକ୍ସକନ ଏହାର ଭାରତୀୟ ଉତ୍ପାଦନ ୟୁନିଟ୍‌ରୁ କାର୍ଯ୍ୟରତ ଚୀନ୍‌ର କର୍ମଚାରୀଙ୍କୁ ହଟାଇଦେଇଛି। କମ୍ପାନୀ କେବଳ ୩୦୦ ରୁ ଅଧିକ ଚୀନ୍ ଇଞ୍ଜିନିୟର ଏବଂ ଟେକ୍ନିସିଆନଙ୍କୁ ଭାରତରୁ ଫେରାଇଦେଇଛି। ବ୍ଲୁମବର୍ଗ ପକ୍ଷରୁ ପ୍ରକାଶିତ ଏକ ରିପୋର୍ଟରେ ଏ ସମ୍ପର୍କରେ କୁହାଯାଇଛି। ଆପଲ ଭାରତରେ ତା'ର ଆଇଫୋନ-୧୭ର ନିର୍ମାଣ ପାଇଁ ପ୍ରସ୍ତୁତ ହେଉଥିବାବେଳେ ଫକ୍ସକନର ଏହି ପଦକ୍ଷେପ ବଡ଼ ପ୍ରତିବନ୍ଧକ ସୃଷ୍ଟି କରିପାରେ। ବିଶ୍ୱ ଭୂ-ରାଜନୈତିକ ପରିସ୍ଥିତି ପରିପ୍ରେକ୍ଷୀରେ କମ୍ପାନୀ କାହିଁକି ଏ ନିଷ୍ପତ୍ତି ନେଇଛି ସେ ନେଇ ଏବେ ପ୍ରଶ୍ନ ଉଠିଛି।

---

## ପୁରୀ ରଥଯାତ୍ରାରେ ଗୌତମ ଆଦାନୀଙ୍କ 'ପ୍ରସାଦ ସେବା'

ପୁରୀ, ୩।୭ (ସମିସ)



ପୁରୀ ରଥଯାତ୍ରାରେ ଶ୍ରଦ୍ଧାଳୁମାନଙ୍କ ପାଇଁ ଆଦାନୀ ଗ୍ରୁପ ଅଧ୍ୟକ୍ଷ ଗୌତମ ଆଦାନୀଙ୍କ 'ପ୍ରସାଦ ସେବା' ଶ୍ରଦ୍ଧାଳୁଙ୍କ ମନରେ ଧାର୍ମିକ ଚେତନା ଜାଗ୍ରତ କରିଛି। 'ଜୟ ଜଗନ୍ନାଥ' ଧ୍ୱନୀ ସହିତ ଶ୍ରୀ ଆଦାନୀ ଇସ୍କନ ରୋଷଶାଳାରେ ସ୍ୱେଚ୍ଛାକୃତ ଭାବେ ପ୍ରସାଦ ପ୍ରସ୍ତୁତ କରାଯାଉଛି। ରୋଷଶାଳାରେ ସମଗ୍ର ଦେଶରୁ ସ୍ୱେଚ୍ଛାସେବୀମାନେ ଆସି ଭୋଜନ ପ୍ରସ୍ତୁତ କରୁଥିବାବେଳେ ଶ୍ରୀ ଆଦାନୀ ସ୍ୱଇଚ୍ଛାରେ ରୋଷଇ କାର୍ଯ୍ୟରେ ସେମାନଙ୍କୁ ସାହାଯ୍ୟ କରିବା ସହିତ ସେମାନଙ୍କୁ ଉତ୍ସାହିତ କରିଥିଲେ। ଆଦାନୀ ଓ ତାଙ୍କ ପରିବାର ମହାପ୍ରଭୁଙ୍କୁ ଦର୍ଶନ କରିବା ସହ ରଥଯାତ୍ରାରୁ ଆରମ୍ଭ ହୋଇଥିବା ଏହି ସେବା କାର୍ଯ୍ୟରେ ସକ୍ରିୟ ଭାବେ ଅଂଶ ଗ୍ରହଣ କରିଥିଲେ। ଇସ୍କନ ସ୍ୱେଚ୍ଛାସେବୀମାନଙ୍କ ଦ୍ୱାରା ପ୍ରସାଦ ବଣ୍ଟନ ସମୟରେ ଶ୍ରୀ ଆଦାନୀ ସେଠାରେ ଉପସ୍ଥିତ ରହି ଶ୍ରଦ୍ଧାଳୁଙ୍କୁ ହସ ହସ ବଦନରେ କଥାବାର୍ତ୍ତା କରିଥିଲେ। ଶ୍ରଦ୍ଧାଳୁମାନଙ୍କୁ ନିରନ୍ତର ସେବା ଯୋଗାଇବା ପାଇଁ ସହକର୍ମୀମାନଙ୍କୁ ସମର୍ଥନ କରିଥିଲେ। ଏହା ପୂର୍ବରୁ ପ୍ରୟାଗରାଜରେ ଆୟୋଜିତ ମହାକୁମ୍ଭ ମେଳାରେ ଶ୍ରୀ ଆଦାନୀ ଏବଂ ତାଙ୍କ ସହକର୍ମୀମାନେ ଶ୍ରଦ୍ଧାଳୁମାନଙ୍କୁ ଖାଦ୍ୟ ପ୍ରସ୍ତୁତ କରିଥିଲେ। ପୁରୀରେ ଏହାର ସ୍ତର ଥିଲା ଭିନ୍ନ କିନ୍ତୁ ଉଦ୍ଦେଶ୍ୟ ଥିଲା ସମାନ। ମିଳିତ ପ୍ରୟାସ, ସାଂସ୍କୃତିକ ସମ୍ଭାବନା ଏବଂ ମର୍ଯ୍ୟାଦାର ସହ ଲୋକଙ୍କ ସେବା ଏହାର ମୁଖ୍ୟ ଉଦ୍ଦେଶ୍ୟ। ରଥଯାତ୍ରାର ବହୁ ପୂର୍ବରୁ ଆଦାନୀ ଫାଉଣ୍ଡେସନ ପକ୍ଷରୁ ରୋଷଶାଳା ପାଇଁ ଆବଶ୍ୟକ ପରିମାଣର ଖାଦ୍ୟ, ପାଣି, ସ୍ୱଚ୍ଛତା, ସ୍ୱେଚ୍ଛାସେବୀଙ୍କ ସିଫ୍ଟ ଆଦିର ବ୍ୟବସ୍ଥା କରାଯାଇଥିଲା।

---

## ମର୍ସିଡିଜ୍ ବେଞ୍ଜ୍‌ର ଗ୍ରାହକ ସେବାକୁ ନେଇ ଅସନ୍ତୋଷ

### ଗାଡ଼ିର ଗୁଣବତ୍ତା ଉପରେ ଉଠିଲା ପ୍ରଶ୍ନ

ଭୁବନେଶ୍ୱର,୩।୭ (ସମିସ): ଜର୍ମାନୀ ଭିତ୍ତିକ ଲକ୍‌ଜୁ୍ୟରୀ ଅଟୋମୋଟିଭ୍ ବ୍ରାଣ୍ଡ ମର୍ସିଡିଜ୍ ବେଞ୍ଜ୍ କାରର ଗୁଣବତ୍ତାକୁ ନେଇ ଉଠିଛି ପ୍ରଶ୍ନ। କାର କିଣିବା ପରେ ଗ୍ରାହକ ସେବାକୁ ନେଇ ଘୋର ସମସ୍ୟାର ସମ୍ମୁଖୀନ ହୋଇଛନ୍ତି ଗ୍ରାହକ। ସୂଚନାଯୋଗ୍ୟ ଯେ ଡ୍ରିମ୍ସ ବିଶ୍ୱବିଦ୍ୟାଳୟର ଅଧ୍ୟକ୍ଷ ତଥା ଶ୍ରୀ ଦୁର୍ଗା କନ୍‌ଡେଭ୍ ପ୍ରାଇଭେଟ୍ ଲିମିଟେଡ୍‌ର ପରିଚାଳନା ନିର୍ଦ୍ଦେଶକ ଡ. ପ୍ରମୋଦ ଚନ୍ଦ୍ର ରଥ ୨୦୨୩ ଡିସେମ୍ବର ୨୮ରେ କଟକରୁ ଏକ ମର୍ସିଡିଜ୍ ବେଞ୍ଜ୍ ଜିଏଲ୍‌ଇ ୩୦୦ଡି ୪ ମେଟିକ୍ ଏଲ୍‌ଡବ୍ଲ୍ୟୁବି ମଡେଲ କାର କିଣିଥିଲେ। କିନ୍ତୁ ଏହି ଦାମୀ କାରଟିରେ ବିଭିନ୍ନ ସମୟରେ ବୈଷୟିକ ତ୍ରୁଟି ପରିଲକ୍ଷିତ ହୋଇଥିଲା। ଏପରିକି ଏହାକୁ ସୁଧାରିବାକୁ ବାରମ୍ବାର କମ୍ପାନୀର ଅଧିକୃତ ସର୍ଭିସ୍ ସେଣ୍ଟରର ଦ୍ୱାରସ୍ଥ ହେବା ସତ୍ତ୍ୱେ ତାହାର କୌଣସି ସ୍ଥାୟୀ ସମାଧାନ ହୋଇପାରି ନ ଥିଲା। ଡ. ରଥଙ୍କ କହିବାନୁସାରେ, ଚଳିତବର୍ଷ ଜୁନ୍ ୭ରେ ସେ କାରର ସର୍ଭିସିଂ କରାଇଥିଲେ। ହେଲେ ଜୁଲାଇ ୨ରେ ଭୁବନେଶ୍ୱରରୁ ଫେରିବା ବାଟରେ ତାଙ୍କ ଗାଡ଼ି ହଠାତ୍ ଅଚଳ ହୋଇଯାଇ ସତର୍କ ସୂଚନା ଦେଖାଇଥିଲା। ଏହାପରେ ଗାଡ଼ିର ଗିଅର ଏବଂ ଏକ୍ସିଲେଟର କାମ କରି ନ ଥିଲା ବୋଲି ସେ ଅଭିଯୋଗ କରିଛନ୍ତି। ଏହାପୂର୍ବରୁ ମଧ୍ୟ କାରର ଜର୍କ, ପ୍ରିମ୍ୟାଚ୍ୟୁଅର ଇଞ୍ଜିନ୍ ଅଏଲ୍ ଏବଂ ସଫ୍ଟୱେର ତ୍ରୁଟି ଭଳି ସମସ୍ୟା ବାବଦରେ କମ୍ପାନୀକୁ ସେ ଅବଗତ କରାଇଛନ୍ତି। କିନ୍ତୁ, କ୍ରମାଗତ ଭାବେ କାରର ଏହି ସମସ୍ୟାଗୁଡ଼ିକରେ କୌଣସି ସୁଧାର ନ ଆସିବା ହେତୁ କାରର ନିରାପତ୍ତା ଏବଂ ବିଶ୍ୱସନୀୟତାକୁ ନେଇ ଡ. ରଥ ପ୍ରଶ୍ନ ଉଠାଇଛନ୍ତି। ଅନ୍ୟପକ୍ଷରେ ଏହି ଘଟଣାରେ ତୀବ୍ର ଅସନ୍ତୋଷ ପ୍ରକାଶ କରି ଡ. ରଥ କାରର ଅକାମୀ ଯନ୍ତ୍ରାଂଶ କିମ୍ବା ସମ୍ପୂର୍ଣ୍ଣ ଗାଡ଼ି ବଦଳାଇବାକୁ ଅନୁରୋଧ କରି କମ୍ପାନୀର ଡିଲର ଟି ଆଣ୍ଡ ଟି ମୋଟର୍ସ ପ୍ରାଇଭେଟ୍ ଲିମିଟେଡ୍‌କୁ ଏକ ପତ୍ର ଲେଖିଛନ୍ତି। ଯଦି ଏହାର ତୁରନ୍ତ କୌଣସି ସ୍ଥାୟୀ ସମାଧାନ କରା ନ ଯାଏ ତେବେ ସେ ଅଦାଲତଙ୍କ ଆଶ୍ରୟ ନେବେ ବୋଲି କହିଛନ୍ତି।

---


କେୟାରଏଜ୍ ରିପୋର୍ଟ

## ଧିମା ପଡ଼ିଲାଣି ବ୍ୟାଙ୍କ ଅଭିବୃଦ୍ଧି; ଋଣ ଓ ଜମା ମନ୍ଥର

### କାମ ଦେଲାନି ରେପୋ ହାରରେ ହ୍ରାସ ଯୋଜନା

ନୂଆଦିଲ୍ଲୀ,୩।୭ (ଏଜେନ୍ସି): ମନ୍ଥର ହୋଇଛି ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ)ର ଋଣ ଯୋଗାଣ ଓ ଜମା ଅଭିବୃଦ୍ଧି ଗତି। ପ୍ରମୁଖ ସୁଧ ହାର ବା ରେପୋ ହାରରେ ହ୍ରାସ ପରେ ବି ସୁଧୁରୁନି ଭାରତୀୟ ବ୍ୟାଙ୍କଗୁଡିକ ସ୍ଥିତି। ବ୍ୟାଙ୍କଗୁଡ଼ିକ ଦ୍ୱାରା ଲୋକଙ୍କୁ, କମ୍ପାନୀ କିମ୍ବା ସରକାରଙ୍କୁ ଦିଆଯାଇଥିବା ମୋଟ ଋଣ ପରିମାଣରେ ବୃଦ୍ଧି ସ୍ଥିତି ବେଶ ଖରାପ ରହିଛି। ଏ ସମ୍ପର୍କରେ କେୟାରଏଜ୍ ପକ୍ଷରୁ ଏକ ରିପୋର୍ଟରେ କୁହାଯାଇଛି।

ଚଳିତବର୍ଷ ଫେବୃଆରୀ ପରଠାରୁ ରିଜର୍ଭ ବ୍ୟାଙ୍କ ଏହାର ରେପୋ ହାରରେ ୧୦୦ ବେସିସ୍ ପଏଣ୍ଟ ହ୍ରାସ କରିଛି। ରିପୋର୍ଟ ଅନୁଯାୟୀ, ସୁଧ ହାରରେ ଏଭଳି ହ୍ରାସ ସତ୍ତ୍ୱେ ଋଣ ଯୋଗାଣ ଅପେକ୍ଷା ଜମା ଅଭିବୃଦ୍ଧି ଅଧିକ ରହିଛି। ଏଥିରେ କୁହାଯାଇଛି ଯେ ଜମା ରାଶିରେ ୦.୪୪ ପ୍ରତିଶତ ହ୍ରାସ ପାଇଛି। ଏହା ଜୁନ୍ ୧୩ ସୁଦ୍ଧା ୨୩୦.୭ ଲକ୍ଷ କୋଟି ଟଙ୍କାରେ ପହଞ୍ଚିଛି। ଗତ ବର୍ଷ ସମାନ ସମୟରେ ଜମା ଅଭିବୃଦ୍ଧି ହାର ୧୨.୧ ପ୍ରତିଶତ ଥିଲା (ମିଶ୍ରଣ ପ୍ରଭାବକୁ ବାଦ ଦେଇ)। ଏହି ହ୍ରାସ ମୁଖ୍ୟତଃ ବ୍ୟାଙ୍କଗୁଡ଼ିକ ସେମାନଙ୍କର ଆର୍ଥିକ ଆବଶ୍ୟକତା ପୂରଣ କରିବା ପାଇଁ ଜମା ପ୍ରମାଣପତ୍ର ଉପରେ ନିର୍ଭରଶୀଳତା ବୃଦ୍ଧି କରିବା ଏବଂ ପାଇକାରୀ ଜମା କ୍ଷେତ୍ରରେ ପ୍ରତିଯୋଗିତା ବଢ଼ିବା ଜମା ଅଭିବୃଦ୍ଧିରେ ହ୍ରାସ ଯୋଗୁଁ ହୋଇଥିଲା।




ଏହା ବ୍ୟତୀତ, ଋଣ ଯୋଗାଣ ବାର୍ଷିକ ୯.୬ ପ୍ରତିଶତ ବୃଦ୍ଧି ପାଇ ୧୮୩.୧ ଲକ୍ଷ କୋଟି ଟଙ୍କାରେ ପହଞ୍ଚିଛି। ତଥାପି, ଏହା ଗତ ବର୍ଷର ୧୫.୫ ପ୍ରତିଶତ ହାର ତୁଳନାରେ ବହୁତ କମ୍। ରିପୋର୍ଟ ଅନୁଯାୟୀ, ମାନ୍ଦାବସ୍ଥା ଏବଂ ଖୁଚୁରା ସମେତ ବିଭିନ୍ନ କ୍ଷେତ୍ରରେ ଦୁର୍ବଳ ଚାହିଦା ଯୋଗୁଁ ଏହି ହ୍ରାସ ଦେଖାଯାଇଛି। କେୟାରଏଜ୍ ରିପୋର୍ଟରେ କୁହାଯାଇଛି ଯେ ମୋଟ ସରକାରୀ ନିବେଶ ୬୬.୯ ଲକ୍ଷ କୋଟି ଟଙ୍କା, ଯାହା ବର୍ଷସାରା ୭.୪ ପ୍ରତିଶତ ବୃଦ୍ଧି ଦର୍ଶାଉଛି, କିନ୍ତୁ ଏହା ପୂର୍ବ ଅବଧି ତୁଳନାରେ ୦.୨ ପ୍ରତିଶତ କମ୍। ଜୁନ୍ ୧୩ ଶେଷ ଦୁଇ ସପ୍ତାହ ମଧ୍ୟରେ ମୋଟ ସମ୍ପତ୍ତି ଅନୁପାତରେ ଋଣ ୬୯.୪ ପ୍ରତିଶତକୁ ହ୍ରାସ ପାଇଛି, ଯେତେବେଳେ କି ମୋଟ ସମ୍ପତ୍ତି ଅନୁପାତରେ ସରକାରୀ ନିବେଶ ୨୫.୩ ପ୍ରତିଶତକୁ ହ୍ରାସ ଘଟିଛି। କ୍ରେଡିଟ୍-ଟୁ-ମୋଟ ସମ୍ପତ୍ତି ଅନୁପାତ ହେଉଛି ଏକ ଆର୍ଥିକ ଅନୁପାତ ଯାହା ଦର୍ଶାଏ ଯେ ଏକ ବ୍ୟାଙ୍କ କିମ୍ବା ଆର୍ଥିକ ପ୍ରତିଷ୍ଠାନର ମୋଟ ସମ୍ପତ୍ତିର କେତେ ଅଂଶ ଋଣ ଭାବରେ ଦିଆଯାଇଛି। ସେହି ସମୟରେ, ସରକାରୀ ନିବେଶ-ଟୁ-ମୋଟ ସମ୍ପତ୍ତି ଅନୁପାତ ଦର୍ଶାଏ ଯେ ସରକାରଙ୍କ ମୋଟ ସମ୍ପତ୍ତିର କେତେ ଅଂଶ ବିଭିନ୍ନ ନିବେଶରେ ବିନିଯୋଗ କରାଯାଇଛି।

---

## 'ସିଫୁଡ୍ ଏକ୍ସପୋ ଭାରତ-୨୦୨୫'ରେ ଏକ୍ରିକ୍, ଓଡ଼ିଶାକୁ ପ୍ରଥମ ପୁରସ୍କାର




ଭୁବନେଶ୍ୱର, ୩।୭ (ସମିସ): ଚେନ୍ନାଇ ବ୍ୟବସାୟିକ କେନ୍ଦ୍ର (ଟ୍ରେଡ୍ ସେଣ୍ଟର) ରେ ଅନୁଷ୍ଠିତ 'ସିଫୁଡ୍ ଏକ୍ସପୋ ଭାରତ-୨୦୨୫ (ଏସଇବି-୨୫)'ରେ ଓଡ଼ିଶାର ଇସିଆରଆଇସିସି (ଏକ୍ରିକ୍) ପ୍ରକଳ୍ପ ସରକାରୀ କ୍ଷେତ୍ର ବିଭାଗରେ ପ୍ରଥମ ସ୍ଥାନ ଅଧିକାର କରି ପୁରସ୍କୃତ ହୋଇଛି। ଜଳବାୟୁ ସହନଶୀଳ ବୃଦ୍ଧି ପରିପ୍ରେକ୍ଷୀରେ ଓଡ଼ିଶାରେ କାର୍ଯ୍ୟକାରୀ ଭାରତର କୋଷ୍ଟାଲ୍ କମ୍ୟୁନିଟିମାନଙ୍କ ଏକ୍ରିକ୍ ପ୍ରକଳ୍ପ ଏହି ସମ୍ମାନଜନକ ପୁରସ୍କାର ଲାଭ କରିଥିବା ବେଳେ ଏଥିରେ ଓଡ଼ିଶାରେ ଜଳବାୟୁ ସହନଶୀଳ କଙ୍କଡ଼ା ଚାଷ ସମ୍ପର୍କରେ ଉପସ୍ଥାପନ କରାଯାଇଥିଲା।

ଭାରତ ସରକାରଙ୍କ ବାଣିଜ୍ୟ ଓ ଶିଳ୍ପ ମନ୍ତ୍ରାଳୟ ଅଧୀନରେ ସାମୁଦ୍ରିକ ଉତ୍ପାଦ ଉନ୍ନୟନ କର୍ତ୍ତୃପକ୍ଷ (ଏମପିଇଡିଏ) ଦ୍ୱାରା ଆୟୋଜିତ ଏହି ଏକ୍ସପୋରେ ଏକ୍ରିକ୍, ଓଡ଼ିଶା ନିର୍ଦ୍ଦିଷ୍ଟ ଷ୍ଟଲରେ ଏହାର ସାମୁଦ୍ରିକ ଖାଦ୍ୟ ବ୍ୟବସାୟ, ଚିଙ୍ଗୁଡ଼ି ଚାଷ, ଏହାର ଉତ୍ପାଦନ କୌଶଳ, ମୂଲ୍ୟଯୁକ୍ତ ଉତ୍ପାଦ ଓ ଏହାର ସଫଳତାକୁ ପ୍ରଦର୍ଶିତ କରିଥିଲା। ପୋଖରୀ-ଭିତ୍ତିକ ମଡ୍ କ୍ରାବ୍ ଆକ୍ୱାକଲଚର୍‌ର ଲାଇଭ୍ ଉପସ୍ଥାପନ ଏହି ଷ୍ଟଲର ଏକ ପ୍ରମୁଖ ଆକର୍ଷଣ ଥିଲା। ଓଡ଼ିଶାରୁ ରାଜ୍ୟ ଏବଂ ଜିଲ୍ଲା ପ୍ରକଳ୍ପ ପରିଚାଳନା ୟୁନିଟ୍‌ର ଅଧିକାରୀ, ଜଳବାୟୁ ଚାମ୍ପିଅନ୍, କଙ୍କଡ଼ା ଚାଷୀ ହିତାଧିକାରୀଙ୍କ ସମେତ ୧୪ ଜଣିଆ ପ୍ରତିନିଧି ଏଥିରେ ଅଂଶଗ୍ରହଣ କରିଥିଲେ। ଏକ୍ରିକ୍, ଓଡ଼ିଶା ଷ୍ଟଲକୁ କୋଷ୍ଟାଲ୍ ଆକ୍ୱାକଲ୍‌ଚର୍ ଅଥରିଟି (ସିଏଏ)ର ସଚିବ, ସ୍ପେନ୍ ଦୂତାବାସ (ନୂଆଦିଲ୍ଲୀ)ର କୃଷି, ମତ୍ସ୍ୟ ପାଳନ ଏବଂ ଖାଦ୍ୟ ପରାମର୍ଶଦାତା ଏବଂ ଜାତୀୟ ମତ୍ସ୍ୟ ଉନ୍ନୟନ ପରିଷଦ (ଏନ୍‌ଏଫ୍‌ଡିବି), ହାଇଦ୍ରାବାଦର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ପରିଦର୍ଶନ କରିଥିଲେ।

---

## ସିବିଆଇ ମାମଲାରେ ଇଡି ଉପନିର୍ଦ୍ଦେଶକ ଚିନ୍ତନ ରଘୁବଂଶୀଙ୍କୁ ଅନ୍ତରୀଣ ଜାମିନ

କଟକ, ୩।୭ (ସମିସ): ସିବିଆଇ ମାମଲାରେ ଗିରଫ ହୋଇଥିବା ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି)ର ଉପନିର୍ଦ୍ଦେଶକ ଚିନ୍ତନ ରଘୁବଂଶୀଙ୍କୁ ହାଇକୋର୍ଟ ୧୦ଦିନ ପାଇଁ ଅନ୍ତରୀଣ ଜାମିନ ପ୍ରଦାନ କରିଛନ୍ତି। ପତ୍ନୀଙ୍କ ପ୍ରସବ ଓ ନବଜାତ ଶିଶୁକୁ ଦେଖିବା ପାଇଁ କାରଣ ଦର୍ଶାଇ ଶ୍ରୀ ରଘୁବଂଶୀ ହାଇକୋର୍ଟରେ ଅନ୍ତରୀଣ ଜାମିନ ଆବେଦନ ଦାୟର କରିଥିଲେ। ନିମ୍ନ ଅଦାଲତ ଆବଶ୍ୟକ ଜାମିନ ସର୍ତ୍ତ ଧାର୍ଯ୍ୟ କରି ପାରିବେ। ତେବେ ଅନ୍ତରୀଣ ଜାମିନ ଅବଧି ଶେଷ ହେବା ପରେ ଆବେଦନକାରୀ ତୁରନ୍ତ ଆତ୍ମସମର୍ପଣ କରିବେ ବୋଲି ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଜଷ୍ଟିସ୍ ଗୌରୀଶଙ୍କର ଶତପଥୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ମାମଲାରୁ ପ୍ରକାଶ, ବେଆଇନ ଖଣି ମାମଲାକୁ ରଫାଦଫା କରିବା ପାଇଁ ଲାଞ୍ଚ ଗ୍ରହଣ ଅଭିଯୋଗରେ ଭକ୍ତି ବିନୋଦ ବେହେରାଙ୍କୁ ସିବିଆଇ ଗିରଫ କରିଥିଲା। ଏହି ଘଟଣାରେ ସଂପୃକ୍ତି ଅଭିଯୋଗରେ ଭୁବନେଶ୍ୱର ଇଡିର ଉପ ନିର୍ଦ୍ଦେଶକ ଶ୍ରୀ ରଘୁବଂଶୀଙ୍କୁ ମଧ୍ୟ ସିବିଆଇ ଗିରଫ କରି କୋର୍ଟଚାଲାଣ କରିଥିଲା। ନିମ୍ନ ଅଦାଲତରେ ଜାମିନ ଖାରଜ ହେବା ପରେ ଶ୍ରୀ ରଘୁବଂଶୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ତେବେ ତାଙ୍କର ମୂଳ ଜାମିନ ଆବେଦନ ବିଚାରାଧୀନ ରହିଛି।

---

■ କଟକର ବର୍ଷା ଜଳ ନିଷ୍କାସନ ଅବ୍ୟବସ୍ଥା ନେଇ ହାଇକୋର୍ଟଙ୍କ ଉଦ୍‌ବେଗ

## ଦୁଇ ସଚିବ, ମୁଖ୍ୟଯନ୍ତ୍ରୀଙ୍କ ସମେତ ଅନ୍ୟ ବିଭାଗୀୟ ପଦାଧିକାରୀଙ୍କୁ ଭର୍ଚୁଆଲରେ ହାଜର ପାଇଁ ନିର୍ଦ୍ଦେଶ

କଟକ,୩।୭ (ସମିସ): କଟକ ସହର ସମସ୍ୟାକୁ ହାଇକୋର୍ଟଙ୍କ ସ୍ୱତନ୍ତ୍ର ଖଣ୍ଡପୀଠ ନିୟମିତ ଶୁଣାଣି କରିଆସୁଥିବା ବେଳେ ଆଜି ସହରର ବର୍ଷା ଜଳ ନିଷ୍କାସନ ଅବ୍ୟବସ୍ଥା ପ୍ରସଙ୍ଗରେ ହାଇକୋର୍ଟ ଗଭୀର ଉଦ୍‌ବେଗ ପ୍ରକାଶ କରିଛନ୍ତି। ଜଷ୍ଟିସ୍ ସଂଗମ କୁମାର ସାହୁ ଓ ଜଷ୍ଟିସ ଭି.ନରସିଂହଙ୍କୁ ନେଇ ଗଠିତ ଖଣ୍ଡପୀଠ ମାମଲାର ଶୁଣାଣି କରି ନଗର ଉନ୍ନୟନ ବିଭାଗ ସଚିବ ,ପୂର୍ତ୍ତ ବିଭାଗର ସଚିବ ,ଜଳସମ୍ପଦ ବିଭାଗର ମୁଖ୍ୟ ଯନ୍ତ୍ରୀ, ପୂର୍ତ୍ତ ବିଭାଗର ମୁଖ୍ୟ ଯନ୍ତ୍ରୀ, କଟକ ଜିଲ୍ଲାପାଳ, କଟକ ମହାନଗର ନିଗମ କମିସନର, ୱାଟକୋର ଏମଡିଙ୍କ ସମେତ ଗେଲ୍, ଟିପିସିଓଡିଏଲ ଆଦି ବିଭାଗର କର୍ତ୍ତୃପକ୍ଷ ଭର୍ଚୁଆଲ ଜରିଆରେ ଉପସ୍ଥିତ ରହିବାକୁ ନିର୍ଦ୍ଦେଶ ଦେଇଛନ୍ତି। ପରବର୍ତ୍ତୀ ଶୁଣାଣି ସମୟରେ ଉପରୋକ୍ତ ଅଧିକାରୀ ମାନେ ଉପସ୍ଥିତ ରହି ସହରର ବର୍ଷା ଜଳ ନିଷ୍କାସନ ପ୍ରସଂଗରେ ସ୍ୱତନ୍ତ୍ର ଯୋଜନା ପ୍ରସ୍ତୁତ କରିବେ ବୋଲି ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ବିଶେଷକରି ସାମାନ୍ୟ ବର୍ଷାରେ ସହର ଜଳମଗ୍ନ ହୋଇପଡୁଛି। ଏପରିକି, ନିକଟରେ ହୋଇଥିବା ବର୍ଷା ପାଇଁ ହାଇକୋର୍ଟ ପରିସରରେ ମଧ୍ୟ ବର୍ଷା ଜଳ ଲହଡ଼ି ମାରିଥିଲା। ମହାନଗର ନିଗମ ପକ୍ଷରୁ ଚିରାଚରିତ ଭାବେ ପମ୍ପ ଲଗାଇ ଜଳ ନିଷ୍କାସନ କରାଯାଉଥିବା କୁହାଯାଉଥିଲେ ମଧ୍ୟ ଏହା ଫଳପ୍ରସୂ ହୋଇପାରୁନଥିବା ନେଇ ହାଇକୋର୍ଟଙ୍କୁ ଅବଗତ କରାଇଥିଲେ ଆମିକସକ୍ୟୁରୀ ଙ୍କ ଏନ.କେ. ମହାନ୍ତି ଓ ବିଜୟ ଦାଶ। ଛତ୍ରବଜାରରୁ ମାତୃଭବନ ବକ୍ସ ଡ୍ରେନ ଦେଇ ଉଦବୃତ୍ତ ଜଳ ଖାନନଗର ପର୍ଯ୍ୟନ୍ତ ଆସୁଥିଲେ ମଧ୍ୟ ଏଠାରୁ ମଉଗଜପୁର ପର୍ଯ୍ୟନ୍ତ ଯାଇପାରୁନି। ଖାନନଗର ନିକଟ ରେଳପଥ ପାଇଁ ସମସ୍ୟା ଉପୁଜୁଥିବା କୁହାଯାଇଛି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ଜୁଲାଇ ୨୪କୁ ଧାର୍ଯ୍ୟ କରାଯାଇଛି।

# ଜାପାନ: ୧୪ ଦିନରେ ଏକ ହଜାର ଭୂକମ୍ପ



ଟୋକିଓ, ୩।୭(ଏଜେନ୍ସି): ଜାପାନର ଟୋକାରା ଦ୍ୱୀପ ଓ ତାର ଆଖପାଖ ଅଞ୍ଚଳରେ ଗତ ଦୁଇ ସପ୍ତାହରେ ୧୦୦୦ରୁ ଊର୍ଦ୍ଧ୍ୱ ଭୂକମ୍ପ ହୋଇଛି। ଜୁନ୍ ୨୧ରୁ ଆରମ୍ଭ ହୋଇଥିବା ଏହି ଭୂକମ୍ପର ପ୍ରକ୍ରିୟା ଏପର୍ଯ୍ୟନ୍ତ ଜାରି ରହିଛି। ବୁଧବାର ରାତି ୩ଟାରେ ୫.୫ ତୀବ୍ରତାରେ ଭୂକମ୍ପ ଆସିଥିଲା। ଆଗକୁ ଆହୁରି ଭୂକମ୍ପର ଝଟ୍କା ଆସିବ ବୋଲି ଚେତାବନୀ ଦିଆଯାଇଛି। ଲୋକଙ୍କୁ ସୁରକ୍ଷିତ ଜାଗାକୁ ଯିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ତେବେ ଏହି ଦ୍ୱୀପରେ ଏତେ ସଂଖ୍ୟାରେ ଭୂକମ୍ପ କାହିଁକି ଆସିଛି ତାହା ଜଣାପଡ଼ିନାହିଁ। ଭୂକମ୍ପରେ କେହି ମୃତାହତ ହୋଇ ନାହାନ୍ତି ବୋଲି କୁହାଯାଇଛି। ଜାପାନ ବିଶ୍ୱର ସବୁଠାରୁ ଭୂକମ୍ପ ପ୍ରବଣ ଦେଶ ଭାବେ ପରିଚିତ। ଏହି ଦ୍ୱୀପ ୪ଟି ଟେକ୍ଟୋନିକ୍ ପ୍ଲେଟ୍ ଉପରେ ଅବସ୍ଥିତ ଓ ଏହା ପ୍ରଶାନ୍ତ ମହାସାଗରର 'ରିଙ୍ଗ ଅଫ୍ ଫାୟାର'ର ଅଂଶବିଶେଷ। ପ୍ରତିବର୍ଷ ଏଠାରେ ୧୫୦୦ ଭୂକମ୍ପ ଆସିଥାଏ। ଅବଶ୍ୟ ଏଥିମଧ୍ୟରୁ ଅଧିକାଂଶ ହାଲକା ଭାବେ ଅନୁଭୂତ ହୋଇଥାଏ। ଟୋକାରାରେ ଜୁନ୍ ୨୧ରୁ ୩୦ ପର୍ଯ୍ୟନ୍ତ ୭୪୦ଟି ଭୂକମ୍ପ ଦେଖିବାକୁ ମିଳିଥିଲା। ଏଥିରୁ ଅଧିକାଂଶ ୫ କିମ୍ବା ତା'ଠାରୁ ଅଧିକ ତୀବ୍ର ଥିଲା। ଟୋକାରା ୧୨ଟି ଦ୍ୱୀପରୁ ୭ଟିରେ ମୋଟ୍ ଉପରେ ୭୦୦ ଲୋକ ରହିଥାନ୍ତି। କେବଳ ଜୁନ୍ ୨୩ରେ ୧୮୩ଟି ଭୂକମ୍ପ ଆସିଥିଲା। ଗୋଟିଏ ଦିନରେ ଏହା ସର୍ବାଧିକ ଭୂକମ୍ପର ରେକର୍ଡ କରିଛି। ଆଗାମୀ ୩୦ ବର୍ଷ ଅର୍ଥାତ ୩ ଦଶନ୍ଧି ମଧ୍ୟରେ ୨ ଲକ୍ଷ ୯୮ ହଜାର ଲୋକ ଭୂକମ୍ପରେ ପ୍ରାଣ ହରାଇବେ ବୋଲି ଆଶଙ୍କା କରାଯାଉଛି। ଉଲ୍ଲେଖଥାଉ କି, ୨୦୧୧ରେ ୯.୦ ତୀବ୍ରତାର ଭୂକମ୍ପ ଆସିବା ପରେ ସୁନାମୀରେ ୧୮ ହଜାର ଲୋକ ପ୍ରାଣ ହରାଇଥିଲେ। ଆଗାମୀ ୩୦ ବର୍ଷରେ ୭୫ରୁ ୮୨ ପ୍ରତିଶତ ଭୂକମ୍ପ ତୀବ୍ର ହେବ ବୋଲି ଜାପାନ ସରକାର ଚେତାବନୀ ଦେଇଛନ୍ତି।

# ବ୍ରହ୍ମୋସକୁ ଦେଖି ଡରିଯାଇଥିଲୁ: ପାକ୍ ନେତା




ଇସଲାମାବାଦ, ୩।୭(ଏଜେନ୍ସି): ଅପରେସନ ସିନ୍ଦୂର ବେଳେ ପାକିସ୍ତାନରେ କେମିତି ଆତଙ୍କ ସୃଷ୍ଟି କରିଥିଲା ଭାରତୀୟ କ୍ଷେପଣାସ୍ତ୍ର ବ୍ରହ୍ମୋସ ସେସଂପର୍କରେ ବର୍ଣ୍ଣନା କରିଛନ୍ତି ପାକିସ୍ତାନର ଆଉ ଜଣେ ସରକାରୀ ନେତା। ସେ କହିଛନ୍ତି ଯେ ଏହି କ୍ଷେପଣାସ୍ତ୍ରରେ ପରମାଣୁ ବୋମା ଥାଇପାରେ ବୋଲି ଆମେ ଡରିଯାଇଥିଲୁ। ଏଭଳି ହୋଇଥିଲେ ଭାରତ ଓ ପାକିସ୍ତାନ ମଧ୍ୟରେ ପରମାଣୁ ଯୁଦ୍ଧ ନିଶ୍ଚିତ ହୋଇଥାଆନ୍ତା ଏବଂ ଏହା ବିଶ୍ୱ ପାଇଁ ବିନାଶକାରୀ ସାବ୍ୟସ୍ତ ହୋଇଥାଆନ୍ତା।

ରାଜଧାନୀ ଇସଲାମାବାଦ୍ ନିକଟସ୍ଥ ନୂର ଖାନ୍ ପାକିସ୍ତାନର ବାୟୁସେନା ଘାଟୀ ଉପରେ ବ୍ରହ୍ମୋସ କ୍ଷେପଣାସ୍ତ୍ର ମାଡ଼ ନେଇ ପାକିସ୍ତାନର ଆଉ ଜଣେ ନେତା ମୁହଁ ଖୋଲିଛନ୍ତି। ଏହି କ୍ଷେପଣାସ୍ତ୍ର ଭୟଙ୍କର ଥିଲା ବୋଲି ସ୍ୱୀକାର କରିଛନ୍ତି ପାକିସ୍ତାନ ପ୍ରଧାନମନ୍ତ୍ରୀ ଶେହାବାଜ ସରିଫ୍‌ଙ୍କ ସ୍ୱତନ୍ତ୍ର ଉପଦେଷ୍ଟା ରାଣା ସନାଉଲ୍ଲା। ସେ କହିଛନ୍ତି ଯେତେବେଳେ କ୍ଷେପଣାସ୍ତ୍ର ଆସିଥିଲା ସମସ୍ତେ ଡରିଯାଇଥିଲେ। ଏଥିରେ ପରମାଣୁ ଅସ୍ତ୍ର ଥିଲା କି ନାହିଁ ସେ ନେଇ କେହି ଅବଗତ ନଥିଲେ। ଏଥିରେ ପରମାଣୁ ଅସ୍ତ୍ର ଅଛି କି ନାହିଁ ସେସଂପର୍କାରେ ନିଶ୍ଚିତ ହେବାକୁ ପାକିସ୍ତାନ ପାଖରେ ମାତ୍ର ୩୦ରୁ ୪୫ ସେକେଣ୍ଡ ସମୟ ଥିଲା। ଏତେ କମ ସମୟରେ ନିଷ୍ପତ୍ତି ନେବା ନିଶ୍ଚିତ ଭାବେ କଷ୍ଟକର ଥିଲା।

ଯଦି ପାକିସ୍ତାନ ଭୁଲ୍‌ରେ ଭାରତ ପରମାଣୁ ଅସ୍ତ୍ର ମାଡ କରିଛି ବୋଲି ଭାବି ନେଇଥାନ୍ତା, ତାହେଲେ ଏହା ଏକ ଭୟଙ୍କର ପରମାଣୁ ଯୁଦ୍ଧରେ ପରିଣତ ହୋଇଥାନ୍ତା। ଏଥିରେ ଧ୍ୱଂସର ତାଣ୍ଡବଲୀଳା ଦେଖିବାକୁ ମିଳିଥାନ୍ତା ବୋଲି ସେ କହିଛନ୍ତି। ତେବେ ଏହି ଛୋଟିଆ ଯୁଦ୍ଧକୁ ରୋକିବା ପାଇଁ ଘୋଷିତ ଅସ୍ତ୍ରବିରତିର ଶ୍ରେୟ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ସେ ଦେଇଛନ୍ତି। ସେ କହିଛନ୍ତି ଯେ ତାଙ୍କ ଯୋଗୁଁ ବିନାଶରୁ ବର୍ତ୍ତିଗଲା ବିଶ୍ୱ। ଏଥିପାଇଁ ତାଙ୍କ ଦେଶ ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ଦେବାକୁ ଦାବି କରୁଛି।

# ବ୍ରିଟେନ ବିମାନକୁ ନେଇ ସସ୍‌ପେନ୍ସ



ନୂଆଦିଲ୍ଲୀ, ୩।୭(ଏଜେନ୍ସି): କେରଳର ଥିରୁବନନ୍ତପୁରମ ଆନ୍ତର୍ଜାତିକ ବିମାନବନ୍ଦରରେ ଗତ ୨୦ ଦିନ ଧରି ଅଟକି ରହିଥିବା ବ୍ରିଟିଶ ରୟାଲ ନେଭିର ଏଫ୍-୩୫ ଲଢୁଆ ବିମାନକୁ ନେଇ ସସପେନ୍ସ ବଢ଼ି ଚାଲିଛି। ଏହି ବିମାନକୁ ହାଙ୍ଗର ଭିତରକୁ ନନେବା ଏବଂ ଏହାକୁ ସ୍ପର୍ଶ କରିବା ଲାଗି କୌଣସି ଭାରତୀୟଙ୍କୁ ଅନୁମତି ନଦେବା ଭଳି ଘଟଣା ଯୋଗୁଁ ସନ୍ଦେହ ହେବା ସ୍ୱାଭାବିକ। ବିଶ୍ୱର ସବୁଠାରୁ ଅତ୍ୟାଧୁନିକ ଲଢୁଆ ବିମାନ କୁହାଯାଉଥିବା ଏଫ୍-୩୫ରେ ଏଭଳି ଜ୍ଞାନକୌଶଳ ଖଞ୍ଜି ହୋଇରହିଛି, ଯାହାକି ଏବେ ବି ଚୀନ ଓ ରୁଷର ପହଞ୍ଚ ବାହାରେ। ଭାରତୀୟ ଇଞ୍ଜିନିୟର ଏଥିରେ ପ୍ରବେଶ କଲେ କାଳେ ଏହି ଟେକନୋଲୋଜି ଲିକ୍ ହୋଇଯିବ, ସେହି ଭୟରେ ଏଥିରେ ବାହାର ଲୋକଙ୍କୁ ହାତ ମାରିବାକୁ ଦିଆଯାଉ ନାହିଁ।

ଗତମାସ ୧୪ ତାରିଖରେ ଆରବ ସାଗରରେ ଭାରତ ଓ ବ୍ରିଟେନର ମିଳିତ ସମରାଭ୍ୟାସ ସମୟରେ ଭାରତୀୟ ଉପକୂଳରୁ ୧୦୦ ମାଇଲ ଦୂର ବ୍ରିଟେନର ଜାହାଜରୁ ଏହି ଏଫ୍-୩୫ ଲଢୁଆ ବିମାନ ଉଡ଼ାଣ ଆରମ୍ଭ କରିଥିଲା। କିନ୍ତୁ ଯାନ୍ତ୍ରିକ ତ୍ରୁଟି ଯୋଗୁଁ ଏହା ଥିରୁବନନ୍ତପୁରମ ବିମାନବନ୍ଦରରେ ଜରୁରୀ ଅବତରଣ କରିଥିଲା। କୁହାଯାଉଛି ଯେ ଏହାର ହାଇଡ୍ରୋଲିକ ବ୍ୟବସ୍ଥା ଖରାପ ହୋଇଯାଇଛି। ଏଭଳି ପରିସ୍ଥିତିରେ ବିମାନର ଉଡ଼ାଣ ଏବଂ ଅବତରଣରେ ଅସୁବିଧା ହୋଇପାରେ। ସେହିଦିନ ଠାରୁ ଏହା ବିମାନବନ୍ଦରରେ ଅଟକି ରହିଛି। ଏହାର ମରାମତି ଲାଗି କେତେକ ବ୍ରିଟିଶ ଇଞ୍ଜିନିୟର ଆସିଥିଲେ ମଧ୍ୟ ସଫଳ ହୋଇନାହାନ୍ତି। ମରାମତିରେ ସହାୟତା ପାଇଁ ଭାରତୀୟ ବାୟୁସେନା ପ୍ରସ୍ତାବ ଦେଇଥିଲେ ମଧ୍ୟ ବ୍ରିଟେନ ଏହାକୁ ପ୍ରତ୍ୟାଖ୍ୟାନ କରିଦେଇଛି। ତେବେ ଶୁଣାଯାଉଛି ଯେ ବ୍ରିଟେନରୁ ଏକ ୪୦ ଜଣିଆ ବିଶେଷଜ୍ଞ ଟିମ୍ ଆସୁଛନ୍ତି। ସେମାନେ ମରାମତି ପାଇଁ ଉଦ୍ୟମ କରିବେ। ବିଫଳ ହେଲେ ଏହି ଜେଟ୍ ବିମାନକୁ ପରିବହନ ବିମାନରେ ଫେରାଇନେବେ।

ତେବେ ପ୍ରଶ୍ନ ଉଠୁଛି ଏହି ବିମାନରେ ଏମିତି କଣ ଅଛି ଯେ ଭାରତରେ ଏହାକୁ କାହାକୁ ସ୍ପର୍ଶ କରିବାକୁ ଦିଆଯାଉ ନାହିଁ। ଆମେରିକାର ଏକ କଂପାନୀ ଦ୍ୱାରା ନିର୍ମିତ ଏହି ବିମାନର ମୂଲ୍ୟ ହେଉଛି ଏକ ହଜାର କୋଟି ଟଙ୍କା। ଏହା ହେଉଛି ସବୁଠାରୁ ଅତ୍ୟାଧୁନିକ ଲଢୁଆ ବିମାନ। ଏଥିରେ ଏମିତି ଜ୍ଞାନକୌଶଳ ଖଞ୍ଜାଯାଇଛି ଯେ ଶତ୍ରୁ ପକ୍ଷ ଏହାର ଟେର୍ ବି ପାଇବେ ନାହିଁ। ଶତ୍ରୁ ଦେଶର ଆକାଶ ସୀମାରେ ଥିଲେ ମଧ୍ୟ ଏହାର କେହି କ୍ଷତି କରିପାରିବେ ନାହିଁ। ରଡାରରେ ଏହାକୁ ଠାବ କରିବା କ୍ଷଣି ସେହି ସୀମାରୁ ଏହା ଉଭାନ ହୋଇଯିବ। ବ୍ରିଟେନ ନୌସେନା ଏହାର ବ୍ୟବହାର କରୁଥିଲେ ମଧ୍ୟ ରକ୍ଷଣାବେକ୍ଷଣ ଏବଂ ମରାମତି ଦାୟିତ୍ୱ ଆମେରିକା କଂପାନୀ ହାତରେ ରହିଛି। ତେଣୁ ଆମେରିକା ଛଡ଼ା ଅନ୍ୟ କୌଣସି ଦେଶର ଇଞ୍ଜିନିୟରମାନଙ୍କୁ ହାତ ମାରିବାକୁ ଦିଆଯାଉ ନାହିଁ। ଦୀର୍ଘ ଦିନ ଧରି ବିମାନଟି ବାହାରେ ପ୍ରବଳ ବର୍ଷାରେ ଠିଆ ହୋଇଥିଲେ ମଧ୍ୟ ହାଙ୍ଗର ମଧ୍ୟକୁ ନେବାଲାଗି ବ୍ରିଟେନ ଅନୁମତି ଦେଉନଥିଲା। ତେବେ ବ୍ରିଟେନ ନୌସେନାର କେତେକ ବିଶେଷଜ୍ଞ ଆସିବା ପରେ ସେମାନଙ୍କ ଉପସ୍ଥିତିରେ ଏହାକୁ ହାଙ୍ଗର ଭିତରକୁ ନିଆଯାଇଛି।

ଆଉ ଏକ ସୂତ୍ରରୁ ପ୍ରକାଶ ଯେ ଏହି ଏଫ୍-୩୫ ବିମାନ ଜରିଆରେ ବ୍ରିଟେନ ଗୁଇନ୍ଦା ତଥ୍ୟ ହାସଲ କରିପାରିବ। ଏହି ବିମାନକୁ ଠାବ କରିବାରେ ଶତ୍ରୁ ପକ୍ଷର ରଡାର ସମର୍ଥ କି ନୁହେଁ, ଠାବ କରିବା ପରେ କେତେ ସମୟ ମଧ୍ୟରେ ଶତ୍ରୁ ପକ୍ଷ କ୍ଷେପଣାସ୍ତ୍ର ମାଡ଼ କରିପାରିବ ଏବଂ ଏହି ବିମାନର ସଫଟୱେୟାର ଜାମ୍ କରିବା ଲାଗି ଶତ୍ରୁ ପାଖରେ ଇଲେକ୍ଟ୍ରୋନିକ୍ ୱାରଫେୟାର ଅଛି କି ନାହିଁ? ଭାରତୀୟ ବାୟୁ ସେନାର ଏଭଳି ଦକ୍ଷତାକୁ ମାପିବା ଲାଗି ଏଫ୍-୩୫ ନିୟୋଜିତ ହୋଇଥାଇପାରେ ବୋଲି କୁହାଯାଉଛି। ତେବେ ସରକାରୀ ଭାବେ କେହି କିଛି କହୁନାହାନ୍ତି। ଏହା ହିଁ ସମଗ୍ର ଘଟଣାକୁ ରହସ୍ୟମୟ କରି ରଖିଛି।

# ୟୁକ୍ରେନ୍ ଆକ୍ରମଣରେ ରୁଷ୍‌ର ନୌସେନା କମାଣ୍ଡର ମୃତ

ମସ୍କୋ, ୩।୭(ଏଜେନ୍ସି): ରୁଷିଆର ଜଣେ ଆଗଧାଡିର ମେଜର ଜେନେରାଲ ମିଖାଇଲ୍ ଗୁଦ୍‌କୋଭ ୟୁକ୍ରେନ ସୀମାରେ ମୃତ୍ୟୁବରଣ କରିଛନ୍ତି। ରୁଷୀୟ ନୈସେନାରେ ସେ ଉପ-ମୁଖ୍ୟ ଭାବେ ଦାୟିତ୍ୱରେ ଥିଲେ। ୟୁକ୍ରେନ ତରଫରୁ ହୋଇଥିବା ଆକ୍ରମଣରେ ଗୁଦ୍‌କୋଭଙ୍କ ସମେତ ୧୦ଜଣ ରୁଷ୍ ସୈନିକ ପ୍ରାଣ ହରାଇଛନ୍ତି। ୟୁକ୍ରେନ ସୀମବର୍ତ୍ତୀ କୁର୍ସ୍କ ଅଞ୍ଚଳର କୋରେନେବୋଠାରେ ଏକ କମାଣ୍ଡ ପୋଷ୍ଟରେ ସେ ନିୟୋଜିତ ଥିଲେ ଓ ସେ ନିଜ ଟ୍ରୁପ୍‌ର ନୀରିକ୍ଷଣ କରିବାକୁ ଯାଇଥିଲେ। ସେ ୟୁକ୍ରେନର ଏକ ମିସାଇଲ ମାଡରେ ପ୍ରାଣ ହରାଇଛନ୍ତି ବୋଲି କୁହାଯାଉଛି। ରାଷ୍ଟ୍ରପତି ପୁଟିନ ତାଙ୍କୁ ନୈସେନାର ଡେପୁଟି ଇନ୍ ଚିଫ୍ ବନାଇଥିଲେ। ସେ ପୁଟିନଙ୍କର ସେ ପ୍ରିୟଥିଲେ ଓ ତାଙ୍କୁ ହିରୋ ଅଫ୍ ଦି ରୁଷିଆନ ଫେଡେରେସନ ଉପାଧିରେ ଭୁସିତ କରାଯାଇଥିଲା। ସାଢେ ୩ ବର୍ଷରେ ଏହି ଯୁଦ୍ଧରେ ଏପର୍ଯ୍ୟନ୍ତ ରୁଷିଆର ୧୦ ଜଣ ଜେନେରାଲ ପ୍ରାଣ ହରାଇଛନ୍ତି।

# ଅମରନାଥ ଯାତ୍ରାରେ ପ୍ରଥମ ଆଳତି

ପହଲଗାମ୍, ୩।୭(ଏଜେନ୍ସି): ଗୁରୁବାରଠାରୁ ଅମରନାଥ ଯାତ୍ରା ଆରମ୍ଭ ହୋଇଛି। ସକାଳେ ଅମରନାଥଙ୍କ ପ୍ରଥମ ଆଳତି ହୋଇଛି। ଯାତ୍ରୀମାନଙ୍କୁ ନେଇ ପ୍ରଥମ ବସ୍ ଅମରନାଥ ଯାଇଛି। ଶ୍ରଦ୍ଧାଳୁ ତଥା ଭକ୍ତମାନେ 'ହର ହର ମହାଦେବ' ଓ 'ବମ୍ ବମ୍ ଭୋଲେ' ବୋଲି ଜୟକାର କରୁଥିବାର ଦେଖାଯାଇଥିଲା। ପ୍ରଥମ ପର୍ଯ୍ୟାୟ ଯାତ୍ରୀଙ୍କ ମଧ୍ୟରେ କେନ୍ଦ୍ରମନ୍ତ୍ରୀ ଶୋଭା କରନ୍ଦଲାଜେ ସାମିଲ ଅଛନ୍ତି। କଡ଼ା ସୁରକ୍ଷା ବଳୟ ଭିତରେ ବୁଧବାର ପ୍ରଥମ ପର୍ଯ୍ୟାୟରେ ୫, ୮୯୨ ଯାତ୍ରୀ ସାମିଲ ରହିଛନ୍ତି। ସେହିପରି ଗୁରୁବାର ଦ୍ୱିତୀୟ ପର୍ଯ୍ୟାୟରେ ୫,୨୦୦ ଯାତ୍ରୀ ଜମ୍ମୁର ବେସ୍ କ୍ୟାମ୍ପରୁ ଯାତ୍ରା ଆରମ୍ଭ କରିଛନ୍ତି। ଉପ- ରାଜ୍ୟପାଳ ମନୋଜ ସିହ୍ନା ଜମ୍ମୁର ଭଗବତୀ ନଗର ଶିବିରରୁ ଯାତ୍ରା ଆରମ୍ଭ କରିଛନ୍ତି। ୩୮ ଦିନଧରି ଚାଲିବାକୁ ଥିବା ଅମରନାଥ ଯାତ୍ରା ପହଲଗାମ୍ ଓ ବାଲଟାଲ ଦୁଇଟି ପଥ ଦେଇ ଚାଲୁ ରହିବ। ଅଗଷ୍ଟ ୯ରେ ରକ୍ଷାବନ୍ଧନ ଦିନ ଯାତ୍ରା ଶେଷ ହେବ। ଗତବର୍ଷ ୫୨ ଦିନ ଧରି ଯାତ୍ରା ଚାଲୁ ରହିଥିଲା ଓ ମୋଟ୍ ୫ ଲକ୍ଷ ଶ୍ରଦ୍ଧାଳୁ ଏହି ପବିତ୍ର ଗୁମ୍ଫାର ଦର୍ଶନ କରିଥିଲେ।

# ବାଲି ଦ୍ୱୀପରେ ଜାହାଜ ବୁଡ଼ିଲା: ୫ ମୃତ, ୩୧ ନିଖୋଜ

ଜାକର୍ତ୍ତା, ୩।୭(ଏଜେନ୍ସି): ଇଣ୍ଡୋନେସିଆର ବାଲି ରିସୋର୍ଟ ଦ୍ୱୀପ ନିକଟରେ ଏକ ବଡ଼ ଅଘଟଣା ଘଟିଛି। ୬୫ ଜଣ ଲୋକଙ୍କୁ ନେଇ ଯାଉଥିବା ଏକ ଜାହାଜ ସମୁଦ୍ରରେ ବୁଡିଯାଇଛି। ଫଳରେ ୫ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୩୧ ଜଣ ଲୋକ ନିଖୋଜ ହୋଇଛନ୍ତି ବୋଲି କୁହାଯାଇଛି। କେଏମ୍‌ପି ଟୁନୁ ପ୍ରତାମା ନାମକ ଏହି ଜାହାଜ ପୂର୍ବ ଜାଭାର କୋତାପାଙ୍ଗ ବନ୍ଦରରୁ ୫୦ କିମି ଦୂରରେ ଥିବା ବାଲିର ଗିଲିମାନୁକ ବନ୍ଦରକୁ ଯାଉଥିଲା। ଯାତ୍ରା ଆରମ୍ଭ କରିବାର ମାତ୍ର ୩୦ ମିନିଟ୍ ପରେ ହିଁ ଜାହାଜ ବୁଡି ଯାଇଥିଲା। ଏଥିରେ ୫୩ ଜଣ ଯାତ୍ରୀ ଓ ୧୨ ଚାଳକ ରହିଥିଲେ। ଜାହାଜରେ ୨୨ଟି ବାହନ ଥିଲା ଓ ଏଗୁଡିକ ମଧ୍ୟରୁ କେତୋଟି ଟ୍ରକ୍ ମଧ୍ୟ ଥିଲା।

# ଥାଇଲାଣ୍ଡରେ ଦୁଇ ଦିନରେ ଦୁଇ ପ୍ରଧାନମନ୍ତ୍ରୀ

ବ୍ୟାଙ୍କକ୍, ୩।୭(ଏଜେନ୍ସି): ଗତ ଦୁଇଦିନ ମଧ୍ୟରେ ଥାଇଲାଣ୍ଡରେ ଦୁଇଜଣ ପ୍ରଧାନମନ୍ତ୍ରୀଙ୍କୁ ଦେଖିବାକୁ ମିଳିଛି। ଗୃହମନ୍ତ୍ରୀ ଫୁମ୍‌ଥମ ବେଚାୟାଚାଇ ଗୁରୁବାର କାମଚଳା ପ୍ରଧାନମନ୍ତ୍ରୀ ଭାବେ ଦାୟିତ୍ୱ ନେଇଛନ୍ତି। ଏହାପୂର୍ବରୁ ସୂର୍ଯ୍ୟା ଜୁଙ୍ଗରୁଙ୍ଗ୍‌ରେଙ୍ଗକିଟ୍ ୨୪ ଘଣ୍ଟା ପାଇଁ ପ୍ରଧାନମନ୍ତ୍ରୀ ଦାୟିତ୍ୱରେ ରହିଥିଲେ। ସୂର୍ଯ୍ୟାଙ୍କୁ ବୁଧବାର କାର୍ଯ୍ୟବାହକ ପ୍ରଧାନମନ୍ତ୍ରୀ ଭାବେ ନିଯୁକ୍ତି ଦିଆଯାଇଥିଲା। ୭୦ ବର୍ଷୀୟ ସୂର୍ଯ୍ୟା ନିଲମ୍ବିତ ପ୍ରଧାନମନ୍ତ୍ରୀ ପାଇତୋଙ୍ଗତାର୍ଣ୍ଣ ଶିନାୱାତ୍ରାଙ୍କ ସ୍ଥାନରେ ଦାୟିତ୍ୱ ସମ୍ଭାଳିଥିଲେ। ଶିନାୱାତ୍ରାଙ୍କୁ ଜୁନ୍ ୧ରେ ପଦରୁ ବହିଷ୍କାର କରାଯାଇଥିଲା। ପଡୋଶୀ କାମ୍ବୋଡିଆର ଜଣେ ବଡ଼ ନେତା ତଥା ପୂର୍ବତନ ପ୍ରଧାନମନ୍ତ୍ରୀ ହୁନ ସେନ୍‌ଙ୍କ ସହ ଫୋନ୍‌ରେ କଥା ହୋଇଥିଲେ ଶିନାୱାତ୍ରା। ଏହି ଫୋନ୍ କଲ୍ ଲିକ୍ ହୋଇଥିଲା। ଏଥିରେ ଶନାୱାତ୍ରା ତାଙ୍କୁ ଅଙ୍କଲ ବୋଲି କହି ସମ୍ବୋଧନ କରିଥିଲେ ଓ ନିଜ ଦେଶର ସେନାଧ୍ୟକ୍ଷଙ୍କୁ ସମାଲୋଚନା କରିଥିଲେ।

# ଆମେରିକା ଶରଣରେ ପାକିସ୍ତାନ

## ଅପରେସନ ସିନ୍ଦୂରରେ ଚାଇନା ଅସ୍ତ୍ର ଫ୍ଲପ୍


## ମୁନିରଙ୍କ ପରେ ପାକ୍ ବାୟୁସେନା ମୁଖ୍ୟ ଆମେରିକାରେ



ନୂଆଦିଲ୍ଲୀ, ୩।୭(ଏଜେନ୍ସି): ଅପରେସନ ସିନ୍ଦୂର ପ୍ରହାରରେ ଶୋଚନୀୟ ଭାବେ ପରାସ୍ତ ହୋଇଥିବା ପାକିସ୍ତାନ ଏବେ ଆମେରିକାର ଦ୍ୱାରସ୍ଥ ହୋଇଛି। ଭାରତ ସହିତ ଏହି ୪ ଦିନର ଯୁଦ୍ଧରେ ଚୀନ୍ ନିର୍ମିତ ଅସ୍ତ୍ରଶସ୍ତ୍ର ପାକିସ୍ତାନ ବ୍ୟବହାର କରିଥିଲା। କିନ୍ତୁ ଏହା ଭାରତର ମୁକାବିଲାରେ ବିଫଳ ହୋଇଥିଲା। ଏହାକୁ ।।ନେଇ ପାକିସ୍ତାନର ଚିନ୍ତା ବଢ଼ିଯାଇଛି। ଚୀନ ବଦଳରେ ଆମେରିକା ଅସ୍ତ୍ର ନେବାକୁ ପାକିସ୍ତାନ ଉଦ୍ୟମ ଆରମ୍ଭ କରିଛି। ଏସଂପର୍କରେ ଆମେରିକା ସହ ଆଲୋଚନା ପାଇଁ ପାକିସ୍ତାନ ସେନାଧ୍ୟକ୍ଷ ଅସିମ ମୁନିର ୱାସିଂଟନ ଯାଇଥିଲେ। ଏବେ ବାୟୁସେନା ମୁଖ୍ୟ ଜାହିର ଅହମ୍ମଦ ବାବର ସିଦ୍ଧୁ ଆମେରିକା ଯାତ୍ରା କରିଛନ୍ତି। ଆମେରିକା ସହ ଦ୍ୱିପାକ୍ଷିକ ପ୍ରତିରକ୍ଷା ସହଯୋଗ ପାଇଁ ପାକିସ୍ତାନ ପ୍ରୟାସ ଆରମ୍ଭ କରିଛି। ଦୀର୍ଘ ଏକ ଦଶନ୍ଧି ପରେ କୌଣସି ପାକ୍ ବାୟୁସେନା ମୁଖ୍ୟ ଆମେରିକା ଯାତ୍ରା କରିଛନ୍ତି। ଚୀନ୍ ଅସ୍ତ୍ରଶସ୍ତ୍ରର ବିଶ୍ୱସନୀୟତା ନେଇ ପାକିସ୍ତାନ ଚିନ୍ତିତ ରହିଛି। ପାକିସ୍ତାନ ଏବେ ତା'ର ବାୟୁସେନାକୁ ଆହୁରି ଦୃଢ଼ କରିବାକୁ ଆମେରିକା ସହ ଆଲୋଚନା କରିବ। ଫଳରେ ପାକିସ୍ତାନ ଏଫ୍-୧୬ ବିମାନ ସମେତ ବ୍ଲାକ ୭୦ ଲଢୁଆ ଜେଟ୍ ଓ ଏୟାର ଡିଫେନ୍ସ ସିଷ୍ଟମ ଓ ଅନ୍ୟ କେତେକ ଉପକରଣ ପାଇବ। ଭାରତ ସହ ଯୁଦ୍ଧ ପରେ ଚୀନ୍ ଉପରେ ପାକିସ୍ତାନ ଆଉ ଭରସା କରିବାକୁ ଚାହୁଁନାହିଁ ବୋଲି ଜଣେ ପାକିସ୍ତାନୀ ପ୍ରତିରକ୍ଷା ଅଧିକାରୀ କହିଛନ୍ତି।

# ଉତ୍ତରାଧିକାରୀ ନିଷ୍ପତ୍ତି ଦଲାଇଲାମା ହିଁ ନେବେ: ଭାରତ

ନୂଆଦିଲ୍ଲୀ, ୩।୭(ଏଜେନ୍ସି): ବୌଦ୍ଧ ଧର୍ମର ଧର୍ମଗୁରୁ ଦଲାଇଲାମାଙ୍କ ଉତ୍ତରାଧିକାରୀ ଚୟନ ପ୍ରକ୍ରିୟା ଏବେ ନୂଆ ମୋଡ ନେଇଛି। ଏ ନେଇ ଭାରତ ଓ ଚୀନ୍ ମଧ୍ୟରେ ମୁହାଁମୁହିଁ ସ୍ଥିତି ଉପୁଜିଛି। ଦଲାଇଲାମାଙ୍କ ଉତ୍ତରାଧିକାରୀ ଚୟନ ନିଷ୍ପତ୍ତି ଚୀନ୍ ନେବ ବୋଲି କହୁଥିବା ବେଳେ ଭାରତ ଏହାକୁ ବିରୋଧ କରିଛି। ଏ ସଂକ୍ରାନ୍ତରେ କେବଳ ଦଲାଇଲାମା ହିଁ ନିଷ୍ପତ୍ତି ନେଇପାରି।।ବେ ବୋଲି ଭାରତ ସ୍ପଷ୍ଟ କରିଛି। ନିଜ ଜୀବନକାଳ ମଧ୍ୟରେ ପରବର୍ତ୍ତୀ ଦଲାଇଲାମା ଘୋଷଣା କରାଯିବ ବୋଲି ୧୪ତମ ତୀବ୍ବତୀୟ ଧର୍ମଗୁରୁ ଦଲାଇଲାମା ଘୋଷଣା କରିବା ପରେ ଏଭଳି ସ୍ଥିତି ଉପୁଜିଛି। ଏ ସଂକ୍ରାନ୍ତରେ କେବଳ ଦଲାଇଲାମା



ହିଁ ନିଷ୍ପତ୍ତି ନେବେ। ଆଉ କାହାର ଏ ନେଇ ଅଧିକାର ନାହିଁ ବୋଲି କେନ୍ଦ୍ର ସଂଖ୍ୟାଲଘୁ ବ୍ୟାପାର ମନ୍ତ୍ରୀ କିରେନ ରିଜିଜୁ କହିଛନ୍ତି। ଦଲାଇଲାମା ପଦ ସବୁଠାର ମହତ୍ତ୍ୱପୂର୍ଣ୍ଣ। କେବଳ ତିବତ୍ତୀୟଙ୍କର ନୁହଁ ସବୁ ଧର୍ମ ଉପାସକଙ୍କ ପାଇଁ ସେ ସର୍ବୋପରି ବୋଲି ରିଜିଜୁ କହିଛନ୍ତି।

ଉଲ୍ଲେଖଥାଉ କି, କିଛିଦିନ ତଳେ ଦଲାଇଲାମା ତାଙ୍କର ୯୦ତମ ଜନ୍ମ ଦିବସ ପାଳନ କରିଥିଲେ। ୧୯୫୯ରେ ତୀବ୍ବତକୁ ଚୀନ ଦଖଲ କରିବା ପରେ ଦଲାଇଲାମା ଭାରତରେ ଆଶ୍ରୟ ନେଇଛନ୍ତି ଓ ସେ ଧର୍ମଶାଳାରେ ରହୁଛନ୍ତି। ରିଜିଜୁ ଓ ଜନତା ଦଳ ୟୁନାଇଟେଡ ନେତା ଲଲନ ସିଂ ଦଲାଇଲାମାଙ୍କ ୯୦ତମ ଜନ୍ମ ଦିବସ ପାଳନ ଉତ୍ସବରେ ଯୋଗ ଦେବାକୁ ଧର୍ମଶାଳା ଯାଇଥିଲେ ଓ ଏହା ଏକ ସମ୍ପୂର୍ଣ୍ଣ ଧାର୍ମିକ ଗସ୍ତ ଥିଲା ବୋଲି କୁହାଯାଇଥିଲା। ଦଲାଇଲାମା ଇତିମଧ୍ୟରେ ନିଜ ଉତ୍ତରାଧିକାରୀ ଚୟନର ଦାୟିତ୍ୱ ଗୋଦେନ ଫୋଡରଙ୍ଗ ଟ୍ରଷ୍ଟକୁ ପ୍ରଦାନ କରିଛନ୍ତି। ଏହି ଟ୍ରଷ୍ଟ ହିଁ ପରବର୍ତ୍ତୀ ଦଲାଇଲାମା ଚିହ୍ନଟ ଓ ମାନ୍ୟତା ପ୍ରକ୍ରିୟାର ସଞ୍ଚାଳନ କରିବ ବୋଲି ସେ ସ୍ପଷ୍ଟ କରିଥିଲେ।

# ଦିଲ୍ଲୀ ସରକାରଙ୍କ ୟୁଟର୍ଣ୍ଣ; ଚାଲିବ ପୁରୁଣା ଗାଡ଼ି

■ ଉଠିଲା ତେଲ କଟକଣା

■ ନୂଆ ଗାଇଡଲାଇନ୍ସ ଆଣିବେ ସରକାର

ନୂଆଦିଲ୍ଲୀ, ୩।୭(ଏଜେନ୍ସି): ଦିଲ୍ଲୀରେ ପୁରୁଣା ଗାଡି ଉପରେ କଟକଣା ଲଗାଇଥିବା ଦିଲ୍ଲୀ ସରକାର ୟୁଟର୍ଣ୍ଣ ନେଇଛନ୍ତି। ପୁରୁଣା ଗାଡ଼ି ମାଲିକଙ୍କ ଚାପ ଆଗରେ ମୁଣ୍ଡ ନୁଆଁଇ ଏହି କଟକଣାକୁ ହଟାଇ।।ନେଇଛନ୍ତି। ସରକାର ଏହା ବଦଳରେ ନୂଆ ଗାଇଡଲାଇନ୍ସ ଆଣିବେ ବୋଲି କହିଛନ୍ତି। ପୂର୍ବରୁ ୧୦ ବର୍ଷ ପୁରୁଣା ଡିଜେଲ ଗାଡି ଓ ୧୫ ବର୍ଷ ପୁରୁଣା ପେଟ୍ରୋଲ ଗାଡିକୁ ପେଟ୍ରୋଲ କି ଡିଜେଲ ଦେବାକୁ ସରକାର ବାରଣ କରିଥିଲେ। କିନ୍ତୁ ସରକାର ଏବେ ତାଙ୍କ ମତ ବଦଳାଇଛନ୍ତି। ଏହି କଟକଣା ଲାଗୁ କରିବାର ସମୟ ଆସିନାହିଁ ବୋଲି ସରକାର କହିଛନ୍ତି। ଏନେଇ ଥିବା କେତୋଟି ଟେକନିକାଲ ଚ୍ୟାଲେଞ୍ଜ କାରଣରୁ ଏବେ ଏହି ନିୟମକୁ ଲାଗୁ କରିବା ଠିକ ହେବ ନାହିଁ ବୋଲି ଦିଲ୍ଲୀ ପରିବେଶ ମନ୍ତ୍ରୀ ମନଜିନ୍ଦର ସିଂହ ସିରସା କହିଛନ୍ତି। କଟକଣାକୁ ନେଇ ଲୋକଙ୍କ ମଧ୍ୟରେ ପ୍ରବଳ ଅସନ୍ତୋଷ ଦେଖାଯାଇଥିଲା। ଜୁଲାଇ ପହିଲାରୁ ଏହି ନିୟମ ଲାଗୁ ହୋଇଥିଲା। ଫଳରେ ୬୦ ଲକ୍ଷ ଗାଡ଼ି ଅଚଳ ହୋଇପଡ଼ିଥିଲା। ଗତ ମାର୍ଚ୍ଚରେ ସରକାର ତେଲ କଟକଣା ନେଇ ନୂଆ ନିୟମର ଘୋଷଣା କରିଥିଲେ।



# ବିହାରରେ ଏକାକୀ ନିର୍ବାଚନ ଲଢିବ ଆପ୍: କେଜ୍ରିୱାଲ୍

ଅହମଦାବାଦ୍, ୩।୭(ଏଜେନ୍ସି): ଆଗାମୀ ବିହାର ବିଧାନସଭା ନିର୍ବାଚନରେ ଆମ୍ ଆଦମୀ ପାର୍ଟି (ଆପ୍) ଏକାକୀ ନିର୍ବାଚନ ଲଢିବ। ପାର୍ଟି ମୁଖିଆ ଅରବିନ୍ଦ କେଜ୍ରିୱାଲ୍ ଗୁରୁବାର ଅହମଦାବାଦ୍‌ରେ ଗୁରୁବାର ଘୋଷଣା କରିଛନ୍ତି। କେବଳ ଲୋକସଭା ନିର୍ବାଚନ ପାଇଁ ଇଣ୍ଡିଆ ମେଣ୍ଟ ସହ ଆପ୍ ମିଶିଥିଲା। ଏବେ ଆପ୍ କୌଣସି ପାର୍ଟି ସହ ମେଣ୍ଟ କରିବ ନାହିଁ ବୋଲି କେଜ୍ରିୱାଲ କହିଛନ୍ତି।

କେଜ୍ରିୱାଲ ଗୁଜରାଟକୁ ଦୁଇ ଦିନିଆ ଗସ୍ତ କରି ଅହମଦାବାଦରେ ପହଞ୍ଚିଛନ୍ତି। ସେଠାରେ ସେ ପାର୍ଟିର ସଦସ୍ୟତା ନେଇ ଅଭିଯାନ ଆରମ୍ଭ କରିଛନ୍ତି। ସେ କହିଲେ, ଗୁଜରାଟର ବିସାବଦର ଉପନିର୍ବାଚନରେ ଆମେ କଂଗ୍ରେସଠାରୁ ଅଲଗା ହୋଇ ନିର୍ବାଚନ ଲଢିଥିଲୁ ଓ ୩ ଗୁଣା ଅଧିକ ଭୋଟ ହାସଲ କରିଥିଲୁ। ଏବେ ଦେଶରେ ଆପ୍ ବିକଳ୍ପ ପାର୍ଟି ଭାବେ ଉଭା ହୋଇଛି ବୋଲି ଏହି ଉପ- ନିର୍ବାଚନ ଫଳାଫଳରୁ ସ୍ପଷ୍ଟ ହୋଇଛି। ଆଗକୁ ଆମେ ଗୁଜରାଟ୍‌ରେ ମଧ୍ୟ ନିର୍ବାଚନ ଲଢିବୁ ଓ ବିଜୟ ହସଲ କରିବୁ। ଦିଲ୍ଲୀ ପରାଜୟରେ ଦଳକୁ ଝଟ୍‌କା ଲାଗିଛି ବୋଲି ସେ ସ୍ୱୀକାର କରିଛନ୍ତି। ଦଳ ଏବେ ପଞ୍ଜାବରେ ଦ୍ୱିତୀୟଥର ପାଇଁ ସରକାର ଗଠନ କରିବ। ୩୦ ବର୍ଷ କଂଗ୍ରେସ ଓ ୩୦ ବର୍ଷ ବିଜେପି ଶାସନ କରିଛି। ଏବେ ସମୟଚକ୍ର ପୂରା ଘୂରିଛି। ତେଣୁ ଏବେ ବିଜେପି ଯିବାର ସମୟ ଆସି ଉପନୀତ ହୋଇଛି ବୋଲି ସେ କହିଛନ୍ତି। ଏବେ ଆପ୍‌କୁ ଲୋକେ ବିକଳ୍ପ ଭାବେ ଦେଖୁଛନ୍ତି। ତେଣୁ ଆଗାମୀ ନିର୍ବାଚନ ଗୁଡିକରେ ଆପ୍ ପୂରା ଶକ୍ତି ଓ ସାମର୍ଥ୍ୟ ସହ ନିର୍ବାଚନରେ ଅବତୀର୍ଣ୍ଣ ହେବ ବୋଲି ସେ ସ୍ପଷ୍ଟ କରିଛନ୍ତି।



## ଆଜିର ରାଶିଫଳ

**ମେଷ:** ଦିନଟି ଭଲରେ କଟିବ। ପରିବାରର ସହଯୋଗ ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଘରେ ପୂଜାପାଠର ଆୟୋଜନ ହୋଇପାରେ। ବାହନ ସୁଖ ପ୍ରାପ୍ତ ହେବ। ବିଦ୍ୟାର୍ଥୀମାନେ କୃତକାର୍ଯ୍ୟ ହେବେ।

**ବୃଷ:** ଜମିବାଡ଼ି କିଣିବା ଯୋଗ ଅଛି। ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। କୌଣସି ଶୁଭ ସମାଚାର ପ୍ରାପ୍ତ ହେବ। ଅଯଥା ଖର୍ଚ୍ଚ କରନ୍ତୁନି। କଳା ଓ ସାହିତ୍ୟ କ୍ଷେତ୍ରରେ ସଫଳତା ମିଳିବ।

**ମିଥୁନ:** ଛାତ୍ରଛାତ୍ରୀ ପଢ଼ାରେ ମନଯୋଗ ଦେବେ। ବ୍ୟବସାୟରେ ପରିବର୍ତ୍ତନ ଆଣିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଧାର୍ମିକ ସମାବେଶରେ ଯୋଗ ଦେଇପାରନ୍ତି। ଦୂରସ୍ଥାନକୁ ଯାତ୍ରାଯୋଗ ଅଛି।

**କର୍କଟ:** ଦିନଟି ବ୍ୟସ୍ତତା ଭିତରେ କଟିବ। ଛାତ୍ରଛାତ୍ରୀ ପଢ଼ାରେ ମନୋନିବେଶ କରିବେ। ଉଚ୍ଚଶିକ୍ଷା ପାଇଁ ଅନୁକୂଳ ସମୟ। କଥାବାର୍ତ୍ତାରେ ମଧୁରତା ରଖିବେ। ଗୁରୁଜନଙ୍କ ସ୍ୱାସ୍ଥ୍ୟ ସମସ୍ୟା ଚିନ୍ତା ବୃଦ୍ଧି କରିପାରେ।

**ସିଂହ:** ପରିବାର ସହ ଯାତ୍ରା ଯୋଗ ରହିଛି। ଘରକୁ ଅତିଥି ଆଗମନ କରିବେ। ଦିନଟି ହସଖୁସିରେ ଅତିବାହିତ ହେବ। ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ଆୟବ୍ୟୟ ସମାନ ରହିବ। ସଙ୍ଗୀତ ପ୍ରତି ରୁଚି ବଢ଼ିବ।

**କନ୍ୟା:** ନିଜ ଲୋକ ଶତ୍ରୁ ସାଜିପାରନ୍ତି। ମାପିଚୁପି କଥା କୁହନ୍ତୁ। ବ୍ୟବସାୟକୁ ଆଗକୁ ବଢ଼ାଇବାରେ ସଫଳ ହେବେ। ରିୟଲ ଇଷ୍ଟେଟ୍ ବ୍ୟବସାୟରେ ଲାଭ ହେବ। ବନ୍ଧୁଙ୍କ ଦ୍ୱାରା ଧନପ୍ରାପ୍ତି ଯୋଗ ରହିଛି।

**ତୁଳା:** ବ୍ୟସ୍ତତା ଭିତରେ ପରିବାର ପାଇଁ ସମୟ ବାହାର କରିବେ। ଖର୍ଚ୍ଚ ବୃଦ୍ଧି ପାଇବ। ମନପସନ୍ଦର କୌଣସି କାର୍ଯ୍ୟ କରିବେ। ବିବାହକୁ ନେଇ ଶୁଭ ସମାଚାର ମିଳିପାରେ। ନୂତନ କାର୍ଯ୍ୟ ଆରମ୍ଭ କରିପାରନ୍ତି।

**ବିଛା:** ବରିଷ୍ଠ ଅଧିକାରୀଙ୍କ ସହ କଥାବାର୍ତ୍ତା ସମୟରେ ସଂଯମତା ରକ୍ଷା କରନ୍ତୁ। ପ୍ରଶାସନିକ କ୍ଷେତ୍ରରେ ସଫଳତା ପାଇବେ। ପରିବାରରେ ସୁଖଶାନ୍ତି ବଜାୟ ରହିବ। ଯୋଜନା ମୁତାବକ କାମ କରନ୍ତୁ।

**ଧନୁ:** ପ୍ରେମ ଜୀବନରେ ପ୍ରଗାଢ଼ତା ଆସିବ। ଯାନବାହନ ଓ ଜମି କିଣିବାର ଯୋଗ ଅଛି। ନିବେଶ ପାଇଁ ଭଲ ସମୟ। ଅଫିସ୍ କାମ ପାଇଁ ପ୍ରଶଂସିତ ହେବେ। ସରକାରି ଚାକିରିଆଙ୍କ ପାଇଁ ଦିନଟି ଭଲ।

**ମକର:** କ୍ୟାରିୟର ପାଇଁ ଭଲ ସମୟ ରହିବ। ନୂଆ ଲୋକଙ୍କୁ ଭେଟିବାର ସୁଯୋଗ ଜୁଟିବ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପ୍ରସ୍ତୁତି କରିବେ। ଅଟକି ରହିଥିବା କାର୍ଯ୍ୟ ପୂରଣ ହେବ। ଅଯଥା ଯୁକ୍ତିତର୍କ ହୋଇପାରେ।

**କୁମ୍ଭ:** ସଫଳତା ପାଇଁ ଅଧିକ ପରିଶ୍ରମ କରିବେ। ପରିବାରର ସହଯୋଗ ମିଳିବ। ଚାକରିରେ ପଦୋନ୍ନତି ସମ୍ଭାବନା ରହିଛି। ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତି ହେବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ମୀନ:** ବିବାହ ସ୍ଥିର ହେବ। କୌଣସି ନୂଆ ବିଷୟ ପ୍ରତି ଆଗ୍ରହ ବଢ଼ିବ। ଅଫିସ୍ କାର୍ଯ୍ୟ ପାଇଁ ବିଦେଶ ଯାତ୍ରା ଯୋଗ ରହିବ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ। ପଡ଼ୋଶୀଙ୍କ ସହ ସୁ-ସମ୍ପର୍କ ବଢ଼ିବ।

## ଆଜିର ଇତିହାସ

- ୧୯୪୬- ଦୀର୍ଘ ୩୮୧ ବର୍ଷର ଔପନିବେଶିକ ଶାସନ ପରେ ଫିଲିପାଇନ୍ସକୁ ଆମେରିକାର ପୂର୍ଣ୍ଣ ସ୍ୱାଧୀନତା ପ୍ରଦାନ।
- ୧୯୦୨- ସ୍ୱାମୀ ବିବେକାନନ୍ଦଙ୍କ ଦେହାନ୍ତ।
- ୧୯୪୬- ଫିଲିପାଇନ୍ସ ଆମେରିକା ଠାରୁ ସ୍ୱାଧୀନ ହେଲା।
- ୧୯୬୩- ଜାତୀୟ ପତାକାର ନିର୍ମାତା ତଥା ସ୍ୱାଧୀନତା ସଂଗ୍ରାମୀ ପିଙ୍ଗଳି ଭେଙ୍କୟାଙ୍କ ପରଲୋକ।
- ୧୯୯୭- ନାସାର ମହାକାଶ ଯାନ 'ପାଥ୍‌ଫାଇଣ୍ଡର' ମଙ୍ଗଳ ପୃଷ୍ଠରେ ଅବତରଣ।

## ଆଜି ବାହୁଡ଼ିଥିଲେ
# ସ୍ୱାମୀ ବିବେକାନନ୍ଦ



ସାରା ବିଶ୍ୱରେ ଯେଉଁ କେତେଜଣ ପ୍ରସିଦ୍ଧ ସନ୍ୟାସୀଙ୍କ କଥା ସଦା ସର୍ବଦା ଆଲୋଚିତ ହୋଇଥାଏ ସେହି ମନୀଷୀମାନଙ୍କ ମଧ୍ୟରେ ଭାରତୀୟ ସନ୍ୟାସୀ ସ୍ୱାମୀ ବିବେକାନନ୍ଦ ଥିଲେ ଅନ୍ୟତମ। ସେ ଥିଲେ ଏକାଧାରରେ ଜଣେ ଆଧ୍ୟାତ୍ମିକ ଗୁରୁ, ସଂସ୍କାରକ, ଦାର୍ଶନିକ ଓ ଶିକ୍ଷାବିତ୍। ସନାତନ ଧର୍ମକୁ ବିଶ୍ୱସ୍ତରରେ ପରିଚିତ କରାଇଥିବା ବିବେକାନନ୍ଦ ତ୍ୟାଗ, ତେଜ ଓ ନିର୍ଭୀକତାର ପ୍ରତୀକ ଥିଲେ। ଯୁବସମାଜ ମଧ୍ୟରେ ଆଧ୍ୟାତ୍ମିକ ଶକ୍ତି ସହ ଶାରୀରିକ ଶକ୍ତିର ବିକାଶକୁ ସେ ଗୁରୁତ୍ୱ ଦେଉଥିଲେ। ଆଧ୍ୟାତ୍ମିକ ଗୁରୁ ରାମକୃଷ୍ଣ ପରମହଂସଙ୍କ ଶିଷ୍ୟ ବିବେକାନନ୍ଦ ବେଦାନ୍ତ ଓ ଯୋଗ ଦର୍ଶନ ପାଇଁ ସମଗ୍ର ବିଶ୍ୱରେ ଲୋକପ୍ରିୟ ହୋଇଥିଲେ। ରାଷ୍ଟ୍ର ନିର୍ମାଣ ପ୍ରକ୍ରିୟାରେ ଯୁବକମାନଙ୍କ ଭୂମିକାକୁ ନେଇ ସେ ସ୍ୱର ଉତ୍ତୋଳନ କରିଥିଲେ। ତାଙ୍କ ମତରେ ଧର୍ମ କେବଳ ତତ୍ତ୍ୱ ନୁହେଁ ବରଂ ଜୀବନ ପ୍ରଣାଳୀ ପାଇଁ ଏକ ଦର୍ଶନ। ଏହା ମଣିଷକୁ ବର୍ବରତାରୁ ମନୁଷ୍ୟତାକୁ ନେଇଯାଇଥାଏ। ୧୮୬୩ ଜାନୁଆରୀ ୧୨ରେ ବିବେକାନନ୍ଦ କଲିକତାର ସିମିଳାପଲ୍ଲୀରେ ଏକ ରୂଢ଼ିବାଦୀ ହିନ୍ଦୁ ପରିବାରରେ ଜନ୍ମଗ୍ରହଣ କରିଥିଲେ। ବିବେକାନନ୍ଦଙ୍କ ପିତା ବିଶ୍ୱନାଥ ଦତ୍ତ କଲିକତା ହାଇକୋର୍ଟର ଓକିଲ ଥିଲେ।। ତାଙ୍କ ମା' ଭୁବନେଶ୍ୱରୀ ଦେବୀ ଆଧ୍ୟାତ୍ମିକତାରେ ରୁଚି ରଖୁଥିଲେ। ପିଲାବେଳେ ସେ ନରେନ୍ଦ୍ର ଦତ୍ତ ନାଁରେ ପରିଚିତ ଥିଲେ। ପିଲାଟି ବେଳୁ ତାଙ୍କର ଦର୍ଶନ, ଧର୍ମ, ସାହିତ୍ୟ, ସାମାଜିକ ବିଜ୍ଞାନ, କଳା ଆଦି ବିଷୟରେ ରୁଚି ଥିଲା। ତାଙ୍କର ସ୍ମୃତିଶକ୍ତି ଅତ୍ୟନ୍ତ ପ୍ରଖର ଥିଲା । ସେ ଗୋଟିଏ ଗୋଟିଏ ମୋଟା ବହିକୁ ଗୋଟିଏ ଦିନରେ ହିଁ ପଢ଼ି ଶେଷ କରିଦେଉଥିଲେ । ତାଙ୍କର ଧୀଶକ୍ତି ଏତେ ତୀକ୍ଷ୍ଣ ଥିଲା ଯେ, ସେ ବହିରେ ଥିବା ପ୍ରତ୍ୟେକ ପୃଷ୍ଠାର ପ୍ରତିଟି ଲାଇନ୍‌କୁ ମଧ୍ୟ ମନେ ରଖି ପାରୁଥିଲେ । ଗୁରୁ ରାମକୃଷ୍ଣ ପରମହଂସଙ୍କ ସଂସ୍ପର୍ଶରେ ଆସି ସେ ଆଧ୍ୟାତ୍ମିକ ଦିଗରେ ଅନୁପ୍ରାଣିତ ହୋଇଥିଲେ। ୧୮୯୩ ମସିହା ସେପ୍ଟେମ୍ବର ୧୧ ରେ ଆମେରିକାର ଚିକାଗୋ ସହରରେ ଆୟୋଜିତ ଧର୍ମମହାସଭାରେ ସଭାକୁ ସମ୍ବୋଧନ କରି ସେ "ପ୍ରିୟ ଆମେରିକାବାସୀ ଭାଇ ଓ ଭଉଣୀମାନେ" କହି ତାଙ୍କର ଓଜସ୍ୱିନୀ ବକ୍ତୃତାର ଆରମ୍ଭ କରିଥଲେ । ଏହି ସମ୍ବୋଧନ ଏବଂ ଭାରତୀୟ ସଂସ୍କୃତି ଉପରେ ତାଙ୍କର ପାଣ୍ଡିତ୍ୟପୂର୍ଣ୍ଣ ଭାଷଣ ତାଙ୍କୁ ଏକ ସ୍ୱତନ୍ତ୍ର ପରିଚୟ ଦେବାସହ ଭାରତୀୟ ମୂଲ୍ୟବୋଧକୁ ମଧ୍ୟ ବିଶ୍ୱ ଦରବାରରେ ପରିଚିତ କରାଇଲା । ଏହାପରେ ସେ ସ୍ୱାମୀ ବିବେକାନନ୍ଦ ଭାବରେ ପରିଚିତ ହେଲେ । ୧୮୯୭ ମସିହାରେ ସ୍ୱାମୀ ବିବେକାନନ୍ଦ ଧର୍ମ ସଂସଦରୁ ଫେରିବା ପରେ ତାଙ୍କ ଗୁରୁ ସନ୍ଥ ଶ୍ରୀ ରାମକୃଷ୍ଣ ପରମହଂସଙ୍କ ନାମରେ ସାମାଜିକ ସେବା ପାଇଁ ରାମକୃଷ୍ଣ ମିଶନ ପ୍ରତିଷ୍ଠା କରିଥିଲେ। ସ୍ୱାମୀ ବିବେକାନନ୍ଦ ହେଉଛନ୍ତି ଅଗଣିତ ଯୁବ ସମାଜର ମାର୍ଗ ପ୍ରବର୍ତ୍ତକ। ବିଶ୍ୱର ସମସ୍ତ ଅଧିବାସୀଙ୍କୁ ସେ ଏକ ପରିବାର ମନେ କରି ବିଶ୍ୱ ଭାତୃତ୍ୱର ବାର୍ତ୍ତା ପ୍ରଦାନ କରୁଥିଲେ। ଏହି ମନୀଷୀଙ୍କର ୧୯୦୨ ମସିହା ଆଜିର ଦିନରେ ମାତ୍ର ୩୯ ବର୍ଷ ବୟସରେ କଲିକତାର ବେଲୁର ମଠରେ ଦେହାବସାନ ଘଟିଥିଲା।

# ସୁପରହିରୋ ଭୂମିକାରେ ଜନ୍



ବଲିଉଡ୍ ଅଭିନେତା ଜନ୍ ଆବ୍ରାହମ୍, ଅଭିଷେକ ଶର୍ମାଙ୍କ ଫିଲ୍ମ 'ମଙ୍କିମ୍ୟାନ୍'ରେ ସୁପରହିରୋ ଭୂମିକାରେ ନଜର ଆସିବେ। ଏହାପୂର୍ବରୁ ଜନ୍ 'ପରମାଣୁ'ରେ ଅଭିଷେକଙ୍କ ସହ କାମ କରିଥିଲେ। ତେବେ ପୂର୍ବରୁ ବଲିଉଡ୍‌ରେ 'ମଙ୍କିମ୍ୟାନ୍' ଭଳି ଫିଲ୍ମ ନିର୍ମାଣ ହୋଇ ନ ଥିବାରୁ ଜନ୍ ଏହାକୁ ନେଇ ବେଶ୍ ଉତ୍ସାହିତ ଥିବା କୁହାଯାଉଛି। ଏହା ଏକ ବିଗ୍ ବଜେଟ୍‌ର ଫିଲ୍ମ ହେବ । ଏହାର କାହାଣୀ 'ମଙ୍କିମ୍ୟାନ୍' ପୁସ୍ତକ ଉପରେ ଆଧାରିତ। ଏହି ବହିକୁ ମଧ୍ୟ ଅଭିଷେକ ଶର୍ମା ଲେଖିଥିଲେ। ୨୦୦୧ରେ ଦିଲ୍ଲୀରେ ମଙ୍କିମ୍ୟାନ୍ ଆତଙ୍କ ଖେଳାଉଥିଲା ବୋଲି ଗୁଜବ ଉଠିଥିଲା ତାକୁ ନେଇ ଅଭିଷେକ ଏହି ବହି ଲେଖିଥିଲେ। ମହାବୀର ଜୈନ ଏହାର ପ୍ରଯୋଜନା ଦାୟିତ୍ୱରେ ଅଛନ୍ତି। ୨୦୨୬ ଆରମ୍ଭରେ ଏହା ରିଲିଜ୍ ହୋଇପାରେ। ଜନ୍‌ଙ୍କ କାମ କଥା କହିବାକୁ ଗଲେ ସେ ଏବେ ରୋହିତ୍ ସେଟ୍ଟିଙ୍କ ଏକ ବାୟୋପିକ୍ ଫିଲ୍ମରେ ରାକେଶ ମାରିଆ (ମୁମ୍ବାଇର ପୂର୍ବତନ ପୁଲିସ୍ କମିଶନର)ଙ୍କ ଭୂମିକାରେ ଅଭିନୟ କରୁଛନ୍ତି। ଏହା ସହ ସେ 'ଗରମ ମସଲା'ର ସିକ୍ୱେଲରେ ମଧ୍ୟ ନଜର ଆସିବେ। ଜନ୍ ଶେଷ ଥର ପାଇଁ 'ଦ ଡିପ୍ଲୋମାଟ୍' ଫିଲ୍ମରେ ନଜର ଆସିଥିଲେ।

# ୧୧ ଦିନ ଉଜାଗର ରହି ରେକର୍ଡ



୧୯୬୩ ମସିହାରେ ଆମେରିକାର ୧୭ ବର୍ଷୀୟ ର୍ୟାଣ୍ଡି ଗାର୍ଡନର ଏମିତି ଏକ କାରନାମା କରି ଦେଖାଇଥିଲେ ଯାହାକି ସେ ସମୟରେ ସମସ୍ତଙ୍କୁ ଆଶ୍ଚର୍ଯ୍ୟଚକିତ କରିଥିଲା। ସେ ୨୬୪ ଘଣ୍ଟା ଅର୍ଥାତ୍ ୧୧ ଦିନ ନ ଶୋଇ ରେକର୍ଡ କରିଥିଲେ। ତେବେ ସେ ତାଙ୍କର ଦୁଇ ସାଙ୍ଗ ବ୍ରୁସ୍ ମ୍ୟାକଏଲେଷ୍ଟର ଏବଂ ଜୋ ମାର୍କିୟାନୋ ଜୁନିୟରଙ୍କ ସହ ମିଶି ଏହି ରେକର୍ଡ କରିବା ନିଷ୍ପତ୍ତି ନେଇଥିଲେ। ପୂର୍ବରୁ ଏହି ରେକର୍ଡ ହୋନୋଲୁଲୁର ଡିଜେ ଟମ୍ ରାଉଣ୍ଡସ୍‌ଙ୍କ ନାମରେ ଥିଲା। ଟମ୍ ୨୬୦ ଘଣ୍ଟା ଅନିଦ୍ରା ରହି ଏହି ରେକର୍ଡ କରିଥିଲେ। ର୍ୟାଣ୍ଡିଙ୍କ ଦୁଇ ସାଙ୍ଗ ପ୍ରୟାସ କଲେ ତାଙ୍କୁ ଲଗାତାର ଜାଗ୍ରତ ରଖିବେ ଏବଂ ପ୍ରତି ଛଅ ଘଣ୍ଟାରେ ତାଙ୍କ ମାନସିକ ସ୍ଥିତିକୁ ପରୀକ୍ଷା କରିବେ। ସେହିପରି ଦିନ ଯେମିତି ଗଡ଼ିଲା, ର୍ୟାଣ୍ଡିଙ୍କ ମାନସିକ ସ୍ଥିତି ବିଗିଡ଼ିବାରେ ଲାଗିଲା। ତିନିଦିନ ବିତିବା ପରେ ର୍ୟାଣ୍ଡିଙ୍କର ଛୋଟ ଛୋଟ କଥା ମନେ ରହିଲା ନାହିଁ। ତେବେ ଚତୁର୍ଥ ଓ ପଞ୍ଚମ ଦିନରେ ଏହା ଅତ୍ୟନ୍ତ କଷ୍ଟକର କାମ ବୋଲି ସେ ଅନୁଭବ କଲେ। ସେହିପରି ଏହି ଖବର ଗଣମାଧ୍ୟମକୁ ଆସିଯିବାରୁ ସେ ଏଥିରୁ ଓହରିଲେ ନାହିଁ। ଅନ୍ୟପକ୍ଷରେ ଏହି ଘଟଣାର ଗମ୍ଭୀରତାକୁ ଦେଖି ଷ୍ଟେନଫର୍ଡ ୟୁନିଭର୍ସିଟିର ନିଦ ବିଶେଷଜ୍ଞ ଡା. ୱିଲିୟମ୍ ଡମେଣ୍ଟ ର୍ୟାଣ୍ଡିଙ୍କ ସହ ସାମିଲ ହେଲେ। ତାଙ୍କୁ ଉଜାଗର ରଖିବା ପାଇଁ ସେ ଅନେକ ଉପାୟ ଆପଣାଇଲେ। ତାଙ୍କ ସାମ୍ନାରେ ଜୋର୍ ଶବ୍ଦରେ ରେଡିଓ ବଜାଇବା, କାର୍‌ରେ ବୁଲିବା ଏବଂ ପିନ୍‌ବଲ ଖେଳିବା ଚ୍ୟାଲେଞ୍ଜ ରଖିଲେ। ର୍ୟାଣ୍ଡି ୧୦ ଦିନ ଯାଏଁ ନ ଶୋଇ ମଧ୍ୟ ପିନ୍‌ବଲ ଖେଳି ଜିତିଯାଇଥିଲେ। ୧୧ ଦିନ ପର୍ଯ୍ୟନ୍ତ ଶୋଇ ନ ଥିବାରୁ ର୍ୟାଣ୍ଡିଙ୍କ ଅବସ୍ଥା ବିଗିଡ଼ି ଯାଇଥିଲା। ତାଙ୍କଠାରେ ଏକାଗ୍ରତା ହ୍ରାସ ପାଇବା, ସ୍ମୃତିଶକ୍ତିରେ ସମସ୍ୟା, ଭୟ, ଭ୍ରମ ଏବଂ ପ୍ରତ୍ୟେକ ଜିନିଷରେ ଚିଡ଼ଚିଡ଼ାପଣ ସମସ୍ୟା ଦେଖାଯାଇଥିଲା। ରେକର୍ଡ ପରେ ତାଙ୍କୁ ଡାକ୍ତରୀ ଟିମ୍ ୧୫ ଘଣ୍ଟା ଶୋଇବାକୁ ଦେଇଥିଲେ। ଏହି ସମୟରେ ତାଙ୍କର ମସ୍ତିଷ୍କ, ହୃଦୟ, ରକ୍ତଚାପ ଆଦିର ମନିଟର କରାଯାଇଥିଲା। ଧୀରେ ଧୀରେ ସେ ସାଧାରଣ ନିଦ୍ରାଭ୍ୟାସକୁ ଫେରିଥିଲେ ବି ତାଙ୍କଠାରେ ଅନିଦ୍ରା ସମସ୍ୟା ଦେଖା ଦେଇଥିଲା। ଅନ୍ୟପକ୍ଷରେ ୧୯୯୭ରେ ଗିନିଜ୍ ବିଶ୍ୱ ରେକର୍ଡ ଏଭଳି ପ୍ରୟାସକୁ ସ୍ୱୀକାର କରିବା ବନ୍ଦ କରିଥିଲା। କାରଣ ଏଭଳି ପ୍ରୟାସ ସ୍ୱାସ୍ଥ୍ୟ ପାଇଁ ବିପଜ୍ଜନକ।




# ଅନିୟନ୍ତ୍ରିତ ପରିସ୍ରା



ଡାକ୍ତର ଜ୍ୟୋତି ମୋହନ ତୋଷ

ଅନିୟନ୍ତ୍ରିତ ପରିସ୍ରା ବା ପରିସ୍ରା ଅସଂଯମ (urine incontinence) ସମସ୍ୟା ସାଧାରଣତଃ ମହିଳାମାନଙ୍କଠାରେ ଦେଖାଦେଇଥାଏ। ବିଶେଷକରି ବୟସ୍ୟାଧିକ, ହରମୋନ୍ ଅସନ୍ତୁଳନ, ତଳିପେଟର ମାଂସପେଶୀ ଦୁର୍ବଳ ବା ଢିଲା ହୋଇଗଲେ, ପରିସ୍ରାନଳୀ ସଂକ୍ରମଣ ଏହି ରୋଗର କାରଣ। ସମଗ୍ର ଭାରତରେ ପ୍ରାୟ ୨୭.୧% ମହିଳା ୟୁଆଇ ସହିତ ଜୀବନଯାପନ କରୁଛନ୍ତି। ନିଃସନ୍ତାନ(ନଲିପାରୋସ) ମହିଳାମାନଙ୍କଠାରେ ଏହି ସମସ୍ୟା ଅଧିକ ଦେଖାଯାଏ। ସାଧାରଣ ଭାବେ ଏମାନେ ପରିସ୍ରାକୁ ନିଜ ଇଚ୍ଛା ଅନୁସାରେ ଚାପି ରଖି ପାରନ୍ତି ନାହିଁ।

କାଶିଲେ, ଛିଙ୍କଲେ, ହାଇ ମାରିଲେ, ଟିକେ ଜୋର୍ ଦଉଡ଼ି ଚାଲିଲେ କିମ୍ବା ବସି ପଡ଼ିଲେ, ଆପଣ ଛାଏଁ ପରିସ୍ରା ହୋଇଯାଏ। ଫଳଲେ ମହିଳାମାନେ ଏକ ଅସ୍ୱାଭାବିକ ପରିସ୍ଥିତିର ସାମନା କରନ୍ତି। ଗ୍ରାମାଞ୍ଚଳର ମହିଳା ଏହି ସମସ୍ୟାରେ ଅଧିକ ପୀଡ଼ିତ। କର୍ମଜୀବୀ ମହିଳାମାନେ ଏଥିପାଇଁ ଅନେକ ସମୟରେ ଅପଦସ୍ତ ହୋଇଥାନ୍ତି।

ଏଭଳି ବିଲକ୍ଷଣର ଶିକାର ହୋଇଥିବା ମହିଳାମାନେ ମୁହଁ ଖୋଲି ଏ କଥା କାହା ଆଗରେ କହି ପାରନ୍ତି ନାହିଁ। ଏଭଳିକି ନିଜ ପରିବାର ଲୋକଙ୍କୁ ମଧ୍ୟ ଲୁଚାଇ ଥାଆନ୍ତି। ଡାକ୍ତରଙ୍କ ପରାମର୍ଶ ନେବାକୁ ବି ସଙ୍କୋଚ ପ୍ରକାଶ କରନ୍ତି। ଏହା କେବଳ ସେମାନଙ୍କ ଶାରୀରିକ ସୁସ୍ଥତା ଉପରେ ନୁହେଁ; ସାମଗ୍ରିକ ଭାବେ ସାମାଜିକ ସୁସ୍ଥତା ଉପରେ ମଧ୍ୟ ପ୍ରଭାବ ପକାଇଥାଏ।



ଏହାକୁ ମହିଳାମାନେ ଅନାରୋଗ୍ୟ ବୋଲି ଧରି ନେଇଥାନ୍ତି। ଖୁସିର ଖବର ଏହା ଚିକିତ୍ସାଯୋଗ୍ୟ। ଓଡ଼ିଶାରେ ଡାକ୍ତରମାନେ ଏବେ ଏହି ସମସ୍ୟା ଦୂର କରିବା ପାଇଁ ଆଗେଇ ଆସିଛନ୍ତି। ଭାରତରେ ଏହାର ଚିକିତ୍ସା ପାଇଁ ଜଣଙ୍କୁ ୧୦ ରୁ ୨୦ ହଜାର ଟଙ୍କା ଖର୍ଚ୍ଚ କରିବାକୁ ପଡୁଛି। ବିଶେଷଜ୍ଞମାନେ ପ୍ରାଥମିକ ଚିକିତ୍ସା ସ୍କ୍ରିନିଂ ବଢ଼ାଇବା, ସମ୍ପ୍ରଦାୟ ମଧ୍ୟରେ ସ୍ୱାସ୍ଥ୍ୟ ଶିକ୍ଷା ବୃଦ୍ଧି କରିବା ଏବଂ ଆଶା ଓ ଏଏନ୍‌ଏମ୍ ମାନଙ୍କୁ ପ୍ରଶିକ୍ଷଣ ଦେଇ ଲକ୍ଷଣଗୁଡ଼ିକୁ ଶୀଘ୍ର ଚିହ୍ନଟ କରାଯାଉଛି। ବିଶିଷ୍ଟ ୟୁରୋଲୋଜିଷ୍ଟ ଡାକ୍ତର ଜ୍ୟୋତି ମୋହନ ତୋଷ କହନ୍ତି, ଏ ରୋଗ ଚିକିତ୍ସାଯୋଗ୍ୟ। ସରଳ ପେଲ୍‌ଭିକ ଫ୍ଲୋର ବ୍ୟାୟାମ, ଓଜନ ପରିଚାଳନା ତଥା ଜୀବନଶୈଳୀରେ ସକରାତ୍ମକ ପରିବର୍ତ୍ତନ କରି ଏହି ସମସ୍ୟାକୁ ଦୂର କରି ହେବ। ଏବେ ମହିଳାମାନେ ଏ ବିଷୟରେ ସଚେତନ ହୋଇ ଏହି ସମସ୍ୟା ଦୂର କରିବାକୁ ଡାକ୍ତରଙ୍କ ପରାମର୍ଶ ନେବା ପାଇଁ ଆଗେଇ ଆସିଲେଣି। ଆଗାମୀ ଏକ ବର୍ଷ ମଧ୍ୟରେ ଏହାର ପୂର୍ଣ୍ଣ ସମାଧାନ ଦିଗରେ ମଧ୍ୟ ଡାକ୍ତରୀ ପ୍ରୟାସ ଜାରି ରହିଛି। ଓଡ଼ିଶାର ବିଶେଷଜ୍ଞ କୁହନ୍ତି, ପରିସ୍ରା ଅସଂଯମ ମହିଳାଙ୍କ ଭାଗ୍ୟ ନୁହେଁ - ଏହା ଏକ ଚିକିତ୍ସା ଯୋଗ୍ୟ ଅବସ୍ଥା।

ପରାମର୍ଶଦାତା-
ୟୁରୋଲୋଜି ଆଣ୍ଡ ରେନାଲ ଟ୍ରାନ୍ସପ୍ଲାଣ୍ଟ କେୟାର,
ଭୁବନେଶ୍ୱର

## 'ସକାଳ'ର ସ୍ୱାସ୍ଥ୍ୟ
# ସାପକାମୁଡ଼ା ଓ ଚିକିତ୍ସା




ପ୍ରତିବର୍ଷ ଭାରତରେ ସାପ କାମୁଡ଼ାରେ ବହୁ ଜଣଙ୍କ ମୃତ୍ୟୁ ହୋଇଥାଏ। ଅନ୍ୟଋତୁ ତୁଳନାରେ ବର୍ଷାଦିନେ ସାପ କାମୁଡ଼ା ସଂଖ୍ୟା ବୃଦ୍ଧି ପାଏ। ତେବେ ପରିତାପର ବିଷୟ, ଆଜି ବି ଆମ ସମାଜରେ ସାପ କାମୁଡ଼ିଲେ ଅଧିକାଂଶ ବ୍ୟତିବ୍ୟସ୍ତ ହୋଇ ଝଡ଼ାଫୁଙ୍କା ପରି ଅନ୍ଧବିଶ୍ୱାସକୁ ଭରସା କରନ୍ତି। ଫଳରେ ଚିକିତ୍ସାରେ ବିଳମ୍ବ ଯୋଗୁଁ ଅକାଳରେ ଜୀବନ ଚାଲିଯାଇଥାଏ। ତେଣୁ ସାପ କାମୁଡ଼ିଲେ ପ୍ରାରମ୍ଭିକ ପର୍ଯ୍ୟାୟରେ ଏହାର ଲକ୍ଷଣକୁ ଜାଣି ଡାକ୍ତରଙ୍କ ପରାମର୍ଶରେ ଚିକିତ୍ସା କରିବା ଆବଶ୍ୟକ।

ସାପ କାମୁଡ଼ିବା ମାତ୍ରେ ଅଧିକାଂଶ ବ୍ୟତିବ୍ୟସ୍ତ ହୋଇ ଦୌଡ଼ା ଦୌଡ଼ି କରିଥାନ୍ତି। ହେଲେ ଏପରି କରିବା ଦ୍ୱାରା ରକ୍ତସଞ୍ଚାଳନରେ ସାପ ବିଷ ଶୀଘ୍ର ବ୍ୟାପି ଯାଇଥାଏ। ତେଣୁ ସାପ କାମୁଡ଼ିଲେ, ବ୍ୟସ୍ତ ନ ହୋଇ ସାପ କାମୁଡ଼ିଥିବା ବା ଆଘାତ ଦେଇଥିବା ସ୍ଥାନକୁ ପ୍ରଥମେ ଚିହ୍ନଟ କରନ୍ତୁ। ଏଥିରେ କୌଣସି ପ୍ରକାର ପ୍ରଲେପ ଲଗାଇବା ଅନୁଚିତ। ତୁରନ୍ତ ସାପ କାମୁଡ଼ିଥିବା ବ୍ୟକ୍ତିଙ୍କୁ ନିକଟସ୍ଥ ଡାକ୍ତରଖାନାକୁ ନେବା ଆବଶ୍ୟକ। କାରଣ କିଛିଟା ପରୀକ୍ଷା ମାଧ୍ୟମରେ ଡାକ୍ତର ବିଷଧର ସାପ କାମୁଡ଼ିଛି କି ନାହିଁ ତାହା ନିର୍ଣ୍ଣୟ କରନ୍ତି। ସାଧାରଣତଃ ଚିତି, ନାଗ ଆଦି ସାପ କାମୁଡ଼ିବା ଦ୍ୱାରା ସ୍ନାୟୁଗତ ଦୁର୍ବଳତା, ଆଖି ଦୁଇ ଦୁଇଟି ଦିଶିବା, ହାତଗୋଡ଼ ଅବସ ହୋଇଯିବା, ଛେପ ନ ଢୋକି ପାରିବା ଆଦି ଲକ୍ଷଣ ଦେଖାଯାଏ। ସେହିପରି ବୋଡ଼ାସାପ କାମୁଡିଲେ, ରକ୍ତସଞ୍ଚାଳନରେ ବ୍ୟାହାତ ହୁଏ, ବୃକକ ପ୍ରଭାବିତ ହେବା, ରକ୍ତସ୍ରାବ, କାମୁଡ଼ିଥିବା ସ୍ଥାନ ଫୁଲିଯିବା ଆଦି ଲକ୍ଷଣ ଦେଖାଯାଏ। ଉପରୋକ୍ତ ଲକ୍ଷଣ ସହିତ ମାଂସପେଶୀ ଦୁର୍ବଳ, ମୁଣ୍ଡବିନ୍ଧା, ନିଶ୍ୱାସପ୍ରଶ୍ୱାସ ନେବାରେ ସମସ୍ୟା ଆଦି ଲକ୍ଷଣ ପ୍ରକାଶ ପାଇଲେ, ସାପ ବିଷର ପ୍ରଭାବ ଅଛି ବୋଲି ଜଣାଯାଏ। ତେଣୁ ଯେ କୌଣସି ସାପକାମୁଡ଼ିଲେ ବି ଉକ୍ତ ମାମଲାରେ ପୂଜାର୍ଚ୍ଚନା କରିବା, କିମ୍ବା କୌଣସି ଚେରମୂଳି ଖାଇବା ପରି ଅନ୍ଧବିଶ୍ୱାସରେ ବଶୀଭୂତ ନ ହୋଇ ବ୍ୟକ୍ତିକୁ ହସ୍‌ପିଟାଲ ନେଇ ତାଙ୍କର ବ୍ଲଡ୍ କ୍ଲଟିଂ ଟେଷ୍ଟ କରିବାକୁ ହୁଏ। ଯଦି ଉକ୍ତ ପରୀକ୍ଷାରେ ଦୁଇ ମିନିଟ୍ ମଧ୍ୟରେ ରକ୍ତ ଜମାଟ ବାନ୍ଧୁଛି, ତେବେ ଏଥିରୁ ଶରୀରରେ ବିଷ ପ୍ରତିକ୍ରିୟା ହୋଇ ନ ଥିବା ସ୍ପଷ୍ଟ ହୋଇଥାଏ। ଯଦି ରକ୍ତ ୫ରୁ ୧୦ ମିନିଟ୍ ରକ୍ତ ଜମାଟ ନ ବାନ୍ଧି ମିଳାଇ ଯାଉଥାଏ ତେବେ ରକ୍ତରେ ବିଷ ବ୍ୟାପୁଥିବା ଜଣାପଡ଼େ। ଡାକ୍ତର ସାପର ପ୍ରଜାତି ଓ କାମୁଡ଼ିଥିବା ବ୍ୟକ୍ତିର ଶାରୀରିକ ଲକ୍ଷଣକୁ ଦେଖି ବିଷକୁ ପ୍ରତିହତ କରିବାକୁ ଆଣ୍ଟି ସ୍ନେକ୍ ଭେନମ୍ (ଏସ୍‌ଭି) ଦେଇଥାନ୍ତି। ଆଣ୍ଟି ଭେନମ୍ ସାପ କାମୁଡ଼ାର ପ୍ରାଥମିକ ଚିକିତ୍ସା। ରୋଗର ତୀବ୍ରତା ଅନୁଯାୟୀ ଆଣ୍ଟିଭେନମ ଡୋଜ୍ ଦିଆଯାଏ। ଆଣ୍ଟି ଭେନମ୍‌ରେ ବିଷ ବିଷାକ୍ତ ପଦାର୍ଥକୁ ନିଷ୍କ୍ରିୟ କରିଥାଏ। ଆଣ୍ଟିଭେନମ୍ ସିରମ ବିଷାକ୍ତ ପଦାର୍ଥକୁ ବାନ୍ଧି ଶରୀରକୁ ଅଧିକ କ୍ଷତ ପହଞ୍ଚାଇବାରୁ ରୋକିବାରେ କାମ କରିଥାଏ। ଏହା ବିଷର ପ୍ରଭାବକୁ ନିଷ୍କ୍ରିୟ କରିବା, ଲକ୍ଷଣର ତୀବ୍ରତା ହ୍ରାସ କରିବା ଏବଂ ଜଟିଳତାକୁ ରୋକିବାରେ ସାହାଯ୍ୟ କରେ। ସାଧାରଣତଃ ସମସ୍ତ ସରକାରୀ ହସ୍‌ପିଟାଲରେ ମାଗଣାରେ ଆଣ୍ଟି ଭେନମ ଉପଲବ୍ଧ ରହୁଥିବାରୁ ସାପ କାମୁଡିବା ମାତ୍ରେ ଚିକିତ୍ସା କରିବା ନିହାତି ଆବଶ୍ୟକ।

# ଏନର୍ଜି ଡ୍ରିଙ୍କ
## ରକ୍ତ କର୍କଟ ଆଶଙ୍କା ବଢ଼ାଏ

ଶରୀରକୁ ଫୁର୍ତ୍ତି ଓ ସତେଜ ରଖିବାକୁ ପ୍ରାୟତଃ ଏନର୍ଜି ଡ୍ରିଙ୍କ୍ସ, ପ୍ରୋଟିନ୍ ସେକ୍ ଏବଂ ସ୍ପୋର୍ଟସ ଡ୍ରିଙ୍କସ୍ ପିଇଥାନ୍ତି। ଏନର୍ଜି ଡ୍ରିଙ୍କସ ପାଟିକୁ ସ୍ୱାଦିଷ୍ଟ ଲାଗିଲେ ମଧ୍ୟ ଏହା ଶରୀର ପାଇଁ ଆଦୌ ହିତକର ନୁହେଁ। ଏପରିକି ଏହି ଏନର୍ଜି ଡ୍ରିଙ୍କ୍ସ ପିଇବା ଦ୍ୱାରା ରକ୍ତ କର୍କଟ ହେବାର ଆଶଙ୍କା ଅଧିକ ରହିଛି ବୋଲି ଆମେରିକା ବୈଜ୍ଞାନିକ ଏକ ଅଧ୍ୟୟନରେ କହିଛନ୍ତି। କେତେକ ନିର୍ଦ୍ଦିଷ୍ଟ ଏନର୍ଜି ଡ୍ରିଙ୍କସ୍‌ରେ ପ୍ରଚୁର ମାତ୍ରାର କେଫିନ୍, କୃତ୍ରିମ ଚିନି ଏବଂ ଆମିନୋଏସିଡ ଟରିନ୍




ଥାଏ। ତେବେ ଯେଉଁମାନଙ୍କର ଆଗରୁ ଶରୀରରେ ଲ୍ୟୁକେମିଆ ଥାଏ, ସେମାନେ ଏହି ଏନର୍ଜି ଡ୍ରିଙ୍କ୍ସ ନେବା ଦ୍ୱାରା ଏଥିରେ ମିଳୁଥିବା ଟରିନ୍ ଲ୍ୟୁକେମିଆକୁ ବଢ଼ାଇ କର୍କଟ ଆଶଙ୍କାକୁ ବଢ଼ାଇଥାଏ। ଗବେଷକଙ୍କ ମୁତାବକ, ଲ୍ୟୁକେମିଆ କୋଷ ଗ୍ଲାଇକୋଲାଇସିସ୍ ନାମକ ପ୍ରକ୍ରିୟା ମାଧ୍ୟମରେ ନିଜର ବୃଦ୍ଧି ପ୍ରକ୍ରିୟାକୁ ଇନ୍ଧନ ଦେବା ପାଇଁ ଟରିନ୍‌ର ଉପଯୋଗ କରିଥାଏ। ଏହି ପ୍ରକ୍ରିୟାରେ କୋଷଗୁଡକ ଶକ୍ତି ଉତ୍ପନ୍ନ କରିବାକୁ ଗ୍ଲୁକୋଜକୁ ଭାଙ୍ଗି କର୍କଟ କୋଷିକାକୁ ବୃଦ୍ଧି କରନ୍ତି। ଟରିନ୍ ମନୁଷ୍ୟ ଶରୀରରେ ପ୍ରାକୃତିକ ଉପାୟରେ ତିଆରି ହୋଇଥାଏ। ମାଂସ ଏବଂ ମାଛରେ ମଧ୍ୟ ଟରିନ୍ ମିଳିଥାଏ। ତେବେ ନିର୍ଦ୍ଦିଷ୍ଟ ଏନର୍ଜିଡ୍ରିଙ୍କ୍ସରେ ଟରିନ୍ ମିଶାଯାଉଥିବାରୁ ଶରୀରରେ ଟରିନ୍ ଲ୍ୟୁକେମିଆକୁ କିପରି ବଢ଼ାଇବାରେ ସାହାଯ୍ୟ କରୁଛି ତାହା ଜାଣିବାକୁ ଗବେଷକମାନେ ଏକ ସ୍ୱତନ୍ତ୍ର ଜିନ୍ ଏସ୍‌ଏଲ୍‌ସି୬ଏ୬ ସହିତ ମୂଷା ଉପରେ ଗବେଷଣା କରିଥିଲେ। ଉକ୍ତ ମୂଷାଙ୍କୁ ମନୁଷ୍ୟ ଲ୍ୟୁକେମିଆ କୋଷ ଦିଆଯାଇଥିଲା। ଏହି ଗବେଷଣାରୁ ମୂଷାଙ୍କ ଶରୀରର ଅସ୍ଥିମଜ୍ଜାର ସୁସ୍ଥ କୋଷଗୁଡିକ ଟରିନ୍ ଉତ୍ପାଦନ କରି ଏହାକୁ ଏସ୍‌ଏଲ୍‌ସି୬ଏ୬ ଜିନ୍ କର୍କଟ କୋଷ ଯାଏଁ ପହଞ୍ଚାଉଥିବା ଦେଖିବାକୁ ମିଳିଥିଲା। ଏହାଦ୍ୱାରା ହିଁ ରକ୍ତକର୍କଟ ହେବାର ଆଶଙ୍କା ବଢ଼ିଯାଏ। ତେଣୁ ଏନର୍ଜି ଡ୍ରିଙ୍କସର ମାତ୍ରାଧିକ ଟରିନ୍ ଲ୍ୟୁକେମିଆ ରୋଗୀଙ୍କ ପାଇଁ ଅଧିକ କ୍ଷତି ସାବ୍ୟସ୍ତ ହୋଇପାରେ ବୋଲି ଗବେଷକ କହିଛନ୍ତି। ଏନର୍ଜି ଡ୍ରିଙ୍କ୍ସ ବଦଳରେ ମିଲ୍‌ସେକ୍, ତରଭୁଜ ଜୁସ୍, ନଡ଼ିଆ ପାଣି ଆଦି ପିଇବା ସ୍ୱାସ୍ଥ୍ୟ ପକ୍ଷେ ଲାଭଦାୟକ।

# ଗିଲ୍‌ଙ୍କ ରେକର୍ଡ ଟେଷ୍ଟ ଦ୍ୱିଶତକ



ବର୍ମିଂହାମ, ୩।୭ (ଏଜେନ୍ସି): ଅଧିନାୟକ ଶୁବମନ ଗିଲ୍‌ଙ୍କ ଦମ୍‌ଦାର ଦ୍ୱିଶତକୀୟ ପାଳି ବଳରେ ସ୍ଥାନୀୟ ଏଜ୍‌ବାଷ୍ଟନ ଗ୍ରାଉଣ୍ଡରେ ଘରୋଇ ଇଂଲଣ୍ଡ ବିପକ୍ଷରେ ଚାଲିଥିବା ଦ୍ୱିତୀୟ ଟେଷ୍ଟର ପ୍ରଥମ ପାଳିରେ ଭାରତ ୫୮୭ ରନର ବିଶାଳ ସ୍କୋର ଠିଆ କରାଇଛି। ଗତକାଲି ୧୧୪ ରନ କରି ଅପରାଜିତ ରହିଥିବା ଗିଲ୍ ଗୁରୁବାର ଦ୍ୱିତୀୟ ଦିବସରେ ଏହି ସ୍କୋରକୁ ଆଗେଇ ନେଇ କ୍ୟାରିୟର ଶ୍ରେଷ୍ଠ ୨୬୯ ରନର ମାରାଥନ ପାଳି ଖେଳିଥିଲେ। ୩୮୭ ବଲ୍‌ର ଏହି ପାଳିରେ ସେ ୩୦ ଚୌକା ଓ ୩ ଛକା ମାରିଥିଲେ। ଜୋଶ୍ ଟଙ୍ଗ୍‌ଙ୍କୁ ପୁଲ୍ ମାରିବାକୁ ଯାଇ ଗିଲ୍ ସଟ୍ ଫାଇନ୍ ଲେଗ୍‌ରେ ଓଲି ପୋପ୍‌ଙ୍କ ହାତରେ ଧରାପଡ଼ି ତ୍ରିଶତକରୁ ବଞ୍ଚିତ ହୋଇଥିଲେ। ସେହିଭଳି ଅନ୍ୟମାନଙ୍କ ମଧ୍ୟରେ ଅଭିଜ୍ଞ ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜା ୮୯, ୱାଶିଂଟନ ସୁନ୍ଦର ୪୨, ଆକାଶଦୀପ୍ ୬, ମହମ୍ମଦ ସିରାଜ ୮ ଓ ପ୍ରସିଦ୍ଧ କ୍ରିଷ୍ଣା ଅପରାଜିତ ୫ ରନ କରିଥିଲେ। ଗିଲ୍ ଓ ଜାଡେଜାଙ୍କ ମଧ୍ୟରେ ୬ଷ୍ଠ ୱିକେଟ ଭାଗୀଦାରିରେ ୨୦୩ ରନ ସଂଗୃହିତ ହୋଇଥିଲା। ଯାହା ଭାରତକୁ ୫୦୦ ରନ ଅତିକ୍ରମ କରାଇବାରେ ସହାୟତା କରିଥିଲା। ଇଂଲଣ୍ଡ ପକ୍ଷରୁ ସଫଳ ବୋଲର ଭାବେ ସୋଏବ ବସିର ୩ ଏବଂ କ୍ରିସ୍ ୱକ୍ସ ଓ ଟଙ୍ଗ୍ ୨ଟି ଲେଖାଏ ୱିକେଟ୍ ନେଇଥିଲେ। ଜବାବରେ ପ୍ରଥମ ପାଳି ଆରମ୍ଭ କରିଥିବା ଘରୋଇ ଇଂଲଣ୍ଡ ବିପର୍ଯ୍ୟୟର ସମ୍ମୁଖୀନ ହୋଇ ଷ୍ଟମ୍ପ ସୁଦ୍ଧା ୨୦ ଓଭରରେ ୩ ୱିକେଟ୍ ହରାଇ ୭୭ ରନ ସଂଗ୍ରହ କରିଛି। ହ୍ୟାରି ବ୍ରୁକ୍ସ ୩୦ ଓ ଜୋ ରୁଟ୍ ୧୮ ରନ କରି ଅପରାଜିତ ରହିଛନ୍ତି। ଓପନର୍ ବେନ୍ ଡକେଟ୍ ଓ ଓଲି ପୋପ୍ ଖାତା ଖୋଲି ନ ପାରି ଆକାଶଦୀପଙ୍କ ବଲରେ ଆଉଟ୍ ହୋଇଥିଲେ। ଆକାଶ ଦୀପ କ୍ରମାଗତ ୨ଟି ବଲ୍‌ରେ ଉଭୟଙ୍କୁ ଆଉଟ୍ କରି ଇଂଲଣ୍ଡ ଶିବିରରେ ଆତଙ୍କ ଖେଳାଇ ଦେଇଥିଲେ। ସେହିଭଳି ଜ୍ୟାକ୍ କ୍ରାଲୀ ୧୯ ରନ କରି ସିରାଜଙ୍କ ଶିକାର ବନିଥିଲେ। ଇଂଲଣ୍ଡ ୭ ୱିକେଟ୍ ବଳକା ଥାଇ ପ୍ରଥମ ପାଳିରେ ଆହୁରି ୫୧୦ ରନ୍ ପଛରେ ରହିଛି।

ଏହି ଦ୍ୱିଶତକୀୟ ପାଳି ଅବସରରେ ଗିଲ୍ ଏକାଧିକ କୀର୍ତ୍ତିମାନ ସ୍ଥାପନ କରିଛନ୍ତି। ୬ଷ୍ଠ ଭାରତୀୟ ଅଧିନାୟକ ଭାବେ ସେ ଟେଷ୍ଟରେ ଦ୍ୱିଶତକୀୟ ପାଳି ଖେଳିଛନ୍ତି। ତାଙ୍କ ପୂର୍ବରୁ ଏମ୍ଏକେ ପୌଟଦୀ, ସୁନିଲ ଗାଭାସ୍କର, ସଚିନ ତେନ୍ଦୁଲକର, ମହେନ୍ଦ୍ର ସିଂ ଧୋନି ଓ ବିରାଟ କୋହଲି ଏହି ସଫଳତା ପାଇଥିଲେ। ସେମାନଙ୍କ ମଧ୍ୟରୁ ବିରାଟ ଅଧିନାୟକ ଭାବେ ସର୍ବାଧିକ ୭ଟି ଦ୍ୱିଶତକ ମାରିଛନ୍ତି। ସେହିଭଳି ଭାରତୀୟ ଅଧିନାୟକ ଭାବେ ମଧ୍ୟ ଏହା ଟେଷ୍ଟରେ ସର୍ବୋଚ୍ଚ ବ୍ୟକ୍ତିଗତ ସ୍କୋର ହୋଇଛି। ପୂର୍ବରୁ ୨୦୧୯ରେ କୋହଲି ଅଧିନାୟକ ଥିବାବେଳେ ଦକ୍ଷିଣ ଆଫ୍ରିକା ବିପକ୍ଷରେ ଅପରାଜିତ ୨୫୪ ରନର ପାଳି ଖେଳିଥିଲେ। ଇଂଲଣ୍ଡ ମାଟିରେ ଭାରତୀୟ ବ୍ୟାଟର୍ ଭାବେ ଗାଭାସ୍କରଙ୍କ ନାମରେ ଥିବା ସର୍ବୋଚ୍ଚ ସ୍କୋର (୨୨୧ ରନ୍)କୁ ଟପିଛନ୍ତି।

**ଭାରତୀୟ ଭାବେ ସର୍ବୋଚ୍ଚ ଟେଷ୍ଟ ସ୍କୋର**

| ବ୍ୟାଟର୍ | ରନ | ପ୍ରତିପକ୍ଷ | ବର୍ଷ |
|---|---|---|---|
| ବୀରେନ୍ଦ୍ର ସେହ୍ୱାଗ | ୩୧୯ | ଦ.ଆଫ୍ରିକା | ୨୦୦୮ |
| ବୀରେନ୍ଦ୍ର ସେହ୍ୱାଗ | ୩୦୯ | ପାକିସ୍ତାନ | ୨୦୦୪ |
| କରୁନ ନାୟାର | ୩୦୩ | ଇଂଲଣ୍ଡ | ୨୦୧୬ |
| ବୀରେନ୍ଦ୍ର ସେହ୍ୱାଗ | ୨୯୩ | ଶ୍ରୀଲଙ୍କା | ୨୦୦୯ |
| ଭିଭିଏସ୍ ଲକ୍ଷ୍ମଣ | ୨୮୧ | ଅଷ୍ଟ୍ରେଲିଆ | ୨୦୦୧ |
| ରାହୁଲ ଦ୍ରାବିଡ୍ | ୨୭୦ | ପାକିସ୍ତାନ | ୨୦୦୪ |
| ଶୁବମନ ଗିଲ୍ | ୨୬୯ | ଇଂଲଣ୍ଡ | ୨୦୨୫ |

**ସଂକ୍ଷିପ୍ତ ସ୍କୋର**

ଭାରତ ପ୍ରଥମ ଇନିଂସ : ୫୮୭/୧୦, ୧୫୧ ଓଭର (ଜୟସ୍ୱାଲ-୮୭, ଗିଲ-୨୬୯, ଜାଡେଜା- ୮୯, ସୁନ୍ଦର-୪୨, କ୍ରିସ ଓକ୍ସ-୨/୮୧, ଟଙ୍ଗ- ୨/୧୧୯, ବସିର- ୩/୧୬୭)।
ଇଂଲଣ୍ଡ ପ୍ରଥମ ଇନିଂସ : ୭୭/୩, ୨୦ ଓଭର (ରୁଟ୍ ବ୍ୟାଟିଂ -୧୮, ବ୍ରୁକ୍ ବ୍ୟାଟିଂ -୩୦, କ୍ରାଲୀ- ୧୯, ଆକାଶ ଦୀପ-୨/୩୬, ସିରାଜ-୧/୨୧)

# ତୃତୀୟ ରାଉଣ୍ଡରେ ଜୋକୋଭିଚ୍

ଲଣ୍ଡନ, ୩।୭ (ଏଜେନ୍ସି): ସର୍ବିଆ ତାରକା ନୋଭାକ ଜୋକୋଭିଚ୍ ବର୍ଷର ୩ୟ ଗ୍ରାଣ୍ଡସ୍ଲାମ ୱିମ୍ବଲଡନର ତୃତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଗୁରୁବାର ଅନୁଷ୍ଠିତ ପୁରୁଷ ସିଙ୍ଗଲ୍ସ ୨ୟ ରାଉଣ୍ଡ ମୁକାବିଲାରେ ୬ଷ୍ଠ ସିଡ୍ ଜୋକୋଭିଚ୍ ୬-୩, ୬-୨, ୬-୦ ସିଧାସଳଖ ସେଟ୍‌ରେ ଘରୋଇ ଖେଳାଳି ଡାନ୍ ଇଭାନ୍ସଙ୍କୁ ପରାସ୍ତ କରିଥିଲେ। ଏଥିସହ ୩୮ ବର୍ଷୀୟ ଜୋକୋଭିଚ୍ କ୍ୟାରିୟରରେ ୧୯ ଥର ଲାଗି ୱିମ୍ବଲଡନ ୩ୟ ରାଉଣ୍ଡରେ ସ୍ଥାନ ପକ୍କା କରିଛନ୍ତି। ଜୋକୋଭିଚ୍ ଯଦି ଏଠାରେ ଚାମ୍ପିଅନ ହୁଅନ୍ତି ତେବେ କ୍ୟାରିୟରର ୮ମ ୱିମ୍ବଲଡନ ଟ୍ରଫି ଓ ମୋଟ୍ ଉପରେ ବିଶ୍ୱରେକର୍ଡ ୨୫ତମ ଗ୍ରାଣ୍ଡସ୍ଲାମ ଟ୍ରଫି ଜିତିବେ। ଅପରପକ୍ଷରେ ମହିଳା ବିଭାଗରେ କାଜାଖସ୍ତାନର ଏଲିନା ରିବାକିନା, ରୁଷିଆର ଏକତେରିନା ଆଲେକ୍ସଜାଣ୍ଡ୍ରୋଭା ପ୍ରମୁଖ ୨ୟ ରାଉଣ୍ଡରେ ବିଜୟୀ ହୋଇଛନ୍ତି। ସେହିଭଳି ପୁରୁଷ ଡବଲ୍ସରେ ଭାରତର ଏନ୍ ଶ୍ରୀରାମ ବାଲାଜୀ ଦ୍ୱିତୀୟ ରାଉଣ୍ଡରେ ପହଞ୍ଚିଛନ୍ତି।

## ୫ ରନରେ ୭ଟି ୱିକେଟ୍ ହରାଇଲା ବାଂଲାଦେଶ

କଲମ୍ବୋ, ୩।୭ (ଏଜେନ୍ସି): ଅଧିନାୟକ ଚାରିଥ ଆସ୍‌ଲାଙ୍କା(୧୦୬)ଙ୍କ ଶତକ ବଳରେ ଏଠାରେ ବାଂଲାଦେଶ ବିପକ୍ଷରେ ଅନୁଷ୍ଠିତ ପ୍ରଥମ ଦିନିକିଆ ମ୍ୟାଚକୁ ଘରୋଇ ଶ୍ରୀଲଙ୍କା ୭୭ ରନରେ ଜିତିନେଇଛି। ପ୍ରଥମେ ବ୍ୟାଟିଂ କରିଥିବା ଶ୍ରୀଲଙ୍କା ୪୯.୨ ଓଭରରେ ୨୪୪ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଜବାବରେ ଭ୍ରମଣକାରୀ ବାଂଲାଦେଶ ୩୫.୫ ଓଭରରେ ୧୬୭ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ଏକଦା ୧୬.୨ ଓଭରରେ ୧୦୦ ରନରେ ଗୋଟିଏ ୱିକେଟ୍ ହରାଇ ଭଲ ସ୍ଥିତିରେ ରହିଥିବା ବାଂଲାଦେଶ ସାଂଘାତିକ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇ ୧୦୫ ରନରେ ୮ ୱିକେଟ୍ ହରାଇଥିଲା।

## ପୂର୍ବତନ ଫୁଟ୍‌ବଲର୍ ଶଙ୍କର ଦତ୍ତଙ୍କ ପରଲୋକ

ଭୁବନେଶ୍ୱର, ୩।୭ (ସମିସ): ଓଡ଼ିଶାର ପ୍ରାକ୍ତନ ଫୁଟ୍‌ବଲ ଖେଳାଳି ଶଙ୍କର ଦତ୍ତ ରାୟଙ୍କ ଗୁରୁବାର ୮୪ ବର୍ଷ ବୟସରେ ପରଲୋକ ଘଟିଛି। 'ଦାଦା' ଭାବେ ପରିଚିତ ଶଙ୍କର ଓଡ଼ିଶା ପକ୍ଷରୁ ସମ୍ମାନଜନକ ସନ୍ତୋଷ ଟ୍ରଫିରେ ଏକାଧିକଥର ପ୍ରତିନିଧିତ୍ୱ କରିଛନ୍ତି। ଅବସର ପରେ ସେ ରାଜ୍ୟ ଫୁଟ୍‌ବଲ ଦଳର ପ୍ରଶିକ୍ଷକ ଭାବେ ମଧ୍ୟ କିଛି ବର୍ଷ କାର୍ଯ୍ୟ ତୁଲାଇଥିଲେ। ତାଙ୍କର ଦୁଇ ଝିଅ ରହିଛନ୍ତି। ତାଙ୍କ ବିୟୋଗରେ ଫୁଟ୍‌ବଲ ଆସୋସିଏସନ୍ ଅଫ୍ ଓଡ଼ିଶା (ଫାଓ) ପକ୍ଷରୁ ସମ୍ପାଦକ ଆଶୀର୍ବାଦ ବେହେରା ଶୋକ ପ୍ରକାଶ କରିଛନ୍ତି।



## ରାଜ୍ୟ କନିଷ୍ଠ ବାସ୍କେଟବଲ୍ ଚାମ୍ପିଅନସିପ୍ ଉଦ୍‌ଯାପିତ | ଗଞ୍ଜାମ, ଏଣ୍ଟରଟେନର୍ କ୍ଲବ ଚାମ୍ପିଅନ

ଭୁବନେଶ୍ୱର, ୩।୭ (ସମିସ): ବ୍ରହ୍ମପୁର ନିଷ୍ଟ ବିଶ୍ୱବିଦ୍ୟାଳୟ ପରିସରରେ ୪ ଦିନ ଧରି ଚାଲିଥିବା ଓଡ଼ିଶା ରାଜ୍ୟ କନିଷ୍ଠ ବାସ୍କେଟବଲ୍ ଚାମ୍ପିଅନସିପ୍ ଉଦ୍‌ଯାପିତ ହୋଇଯାଇଛି। ଓଡ଼ିଶା ବାସ୍କେଟବଲ୍ ସଂଘ ଓ ରାଜ୍ୟ କ୍ରୀଡ଼ା ବିଭାଗର ମିଳିତ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାର ବାଳକ ବିଭାଗରେ ଗଞ୍ଜାମ ଚାମ୍ପିଅନ ହୋଇଥିବାବେଳେ କଟକର ସେଲଟିକ୍ସ କ୍ଲବ ରନର୍ସଅପ୍ ହୋଇଛି। ଫାଇନାଲରେ ଗଞ୍ଜାମ ୭୧-୬୭ ପଏଣ୍ଟରେ ବିଜୟୀ ହୋଇଥିଲା। ସେହିଭଳି କଡ଼ା ସଂଘର୍ଷପୂର୍ଣ୍ଣ ବାଳିକା ବିଭାଗ ଫାଇନାଲରେ କଟକର ଏଣ୍ଟରଟେନର କ୍ଲବ ୫୩-୫୦ ପଏଣ୍ଟରେ ପୁରୀକୁ ପରାସ୍ତ କରି ଟାଇଟଲ୍ ହାସଲ କରିଛି।



## ଜାତୀୟ ବରିଷ୍ଠ ମିନିଗଲ୍ଫରେ ଓଡ଼ିଶାକୁ ୮ ପଦକ

ଭୁବନେଶ୍ୱର, ୩।୭ (ସମିସ): ନାଗପୁରରେ ଅନୁଷ୍ଠିତ ଜାତୀୟ ବରିଷ୍ଠ ମିନିଗଲ୍ଫ ଚାମ୍ପିଅନସିପ୍‌ରେ ଓଡ଼ିଶା ମୋଟ୍ ୮ ପଦକ ବିଜୟୀ ହୋଇଛି। ଯେଉଁଥିରେ ୨ ସ୍ୱର୍ଣ୍ଣ ଏବଂ ୩ଟି ଲେଖାଏ ରୌପ୍ୟ ଓ କାଂସ୍ୟ ପଦକ ରହିଛି। ଦଳଗତ ଭାବେ ଓଡ଼ିଶା ମହିଳା ଦଳ ରନର୍ସଅପ୍ ଓ ପୁରୁଷ ଦଳ ତୃତୀୟ ସ୍ଥାନ ହାସଲ କରିଛି। ମିକ୍ସଡ ଡବଲ୍ସରେ ବିକାଶ ଚନ୍ଦ୍ର ପଟ୍ଟନାୟକ ଓ ଅଭିପ୍ସା ପଣ୍ଡା ଯୋଡ଼ି ସ୍ୱର୍ଣ୍ଣପଦକ ଜିତିଛନ୍ତି। ସେହିଭଳି ମହିଳା ବ୍ୟକ୍ତିଗତ ବିଭାଗରେ ଲତା ସମର୍ଥ ସ୍ୱର୍ଣ୍ଣ ଓ ଆନିକା ପଟ୍ଟନାୟକ କାଂସ୍ୟ ପଦକ ହାସଲ କରିଛନ୍ତି। ନକ୍‌ଆଉଟ୍ ଇଭେଣ୍ଟର ମହିଳା ଦଳଗତରେ ଓଡ଼ିଶା ଦଳ ରୌପ୍ୟ ବିଜୟୀ ହୋଇଛନ୍ତି। ପୁରୁଷ ଡବଲ୍ସରେ ଦେବଦତ୍ତ ଓ ଦେବଜିତ୍ ଯୋଡ଼ି ରୌପ୍ୟ ପଦକ ଜିତିଛନ୍ତି। କ୍ରୀଡ଼ା ବିଭାଗର ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, ସ୍ୱରୂପାନନ୍ଦ ସାହୁଙ୍କ ସମେତ ଓଡ଼ିଶା ମିନି ଗଲ୍ଫ ସଂଘର ସଭାପତି ଡ. ସତ୍ୟବ୍ରତ ମୀନକେତନ, ଉପସଭାପତି ପ୍ରସେନଜିତ ପତି, ଯୁଗ୍ମ ସଭାପତି ପ୍ରଦ୍ୟୁମ୍ନ ବେହେରା, ସ୍ମୃତିରେଖା ପଟ୍ଟନାୟକ ପ୍ରମୁଖ ଦଳକୁ ଅଭିନନ୍ଦନ ଜଣାଇଛନ୍ତି।












PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS